


◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ▪ JEYPORE ▪ SAMBALPUR ▪ PANIKOILI

♦VOLUME- 43 ♦ISSUE-140 ♦SUNDAY ♦16 NOVEMBER 2025 ♦PAGE-12 ♦₹ 6.00 | SAMBALPUR | ♦ବର୍ଷ-୪୩ ♦ସଂଖ୍ୟା-୧୪୦ ♦ରବିବାର ♦୧୬ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦ (ସିନ୍ଦୂରା ସହ)


ବିସ୍ଫୋରକ ଯାଞ୍ଚ ବେଳେ ବିସ୍ଫୋରଣ

# ଉଡ଼ିଗଲା ଥାନା; ୯ ମୃତ, ୩୨ ଆହତ

■ **ଶ୍ରୀନଗର, ୧୫ ।୧୧ (ଏଜେନ୍ସି):** ଜମ୍ମୁ-କଶ୍ମୀରର ଶ୍ରୀନଗରର ଏକ ପୁଲିସ ଥାନାରେ ଭୟଙ୍କର ବିସ୍ଫୋରଣ ଯୋଗୁଁ ୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ଏବଂ ଅନ୍ୟ ୩୨ ଜଣ ଆହତ ହୋଇଛନ୍ତି । ଗତକାଲି ରାତିରେ ହୋଇଥିବା ଏହି ବିସ୍ଫୋରଣ ଏତେ ଶକ୍ତିଶାଳୀ ଥିଲା ଯେ ସଂପୃକ୍ତ ଥାନା ସଂପୂର୍ଣ୍ଣ ରୂପେ ଧ୍ୱଂସ ହୋଇଯାଇଥିବା ବେଳେ ଏହାର ଆଖପାଖ ଅଞ୍ଚଳରେ ଥିବା ଗାଡ଼ିଗୁଡ଼ିକରେ ନିଆଁ ଲାଗିଯାଇଛି । ଏହି ବିସ୍ଫୋରଣର ଶବ୍ଦ ୧୫ କିଲୋମିଟର ଦୂରରେ ମଧ୍ୟ ଶୁଣାଯାଇଥିଲା । ଫରିଦାବାଦରେ ସନ୍ଦିଗ୍ଧ ଆତଙ୍କବାଦୀଙ୍କ ଠାରୁ ଜବତ ହୋଇଥିବା ବିସ୍ଫୋରକ ସାମଗ୍ରୀର ଥାନା ଭିତରେ ଯାଞ୍ଚ ଚାଲିଥିବା ବେଳେ ଏହି ବିସ୍ଫୋରଣ ହୋଇଛି । ଏହାକୁ ଦୁର୍ଘଟଣା ବୋଲି କହିଛନ୍ତି ପୁଲିସ ଡିଜି । ଏହପଛରେ ଅନ୍ୟ କୌଣସି କାରଣ ନାହିଁ ବୋଲି ସେ କହିଛନ୍ତି ।

ମିଳିଥିବା ସୂଚନା ଅନୁଯାୟୀ ଦିଲ୍ଲୀ ସମେତ ବିଭିନ୍ନ ଅଞ୍ଚଳରେ ଆତଙ୍କବାଦୀ ଆକ୍ରମଣ ପାଇଁ

## ଫରିଦାବାଦ୍‌ରୁ ଜବତ ବିସ୍ଫୋରକର ନମୁନା ସଂଗ୍ରହ ବେଳେ ଅଘଟଣ

ଯୋଜନା କରୁଥିବା ବେଳେ ୪ ଜଣ ଡାକ୍ତର ଧରାପଡ଼ିଥିଲେ । ସେମାନଙ୍କ ମଧ୍ୟରୁ ହରିଆଣାର ଫରିଦାବାଦରେ ଜଣେ ଡାକ୍ତରଙ୍କ କାରରୁ ବିପୁଳ ପରିମାଣର ବିସ୍ଫୋରକ ଜବତ ହୋଇଥିଲା । ଏହାକୁ ଶ୍ରୀନଗରର ନାଓଗାମ୍ ଥାନାକୁ ଆଣି ଗୋଦାମ ଘରେ



ରଖାଯାଇଥିଲା । ପୁଲିସ ସହିତ ଫରେନସିକ୍ ଟିମ୍ ଗତକାଲି ରାତିରେ ଥାନାରେ ପହଞ୍ଚି ବିସ୍ଫୋରକର ଯାଞ୍ଚ କରିବା ସହିତ ନମୁନା ସଂଗ୍ରହ କରୁଥିଲେ । ଏହି ସମୟରେ ଭୀଷଣ ବିସ୍ଫୋରଣ ହୋଇଥିଲା । ଏଥିରେ ଯେଉଁ ୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ସେମାନଙ୍କ ମଧ୍ୟରେ ଅଛନ୍ତି ଜଣେ ପୁଲିସ ଇନିସପେକ୍ଟର, ୩ ଜଣ ଫରେନସିକ୍ ଟିମ୍ ସଦସ୍ୟ, ୨ କ୍ରାଇମ୍ ବ୍ରାଞ୍ଚ୍ ଫଟୋଗ୍ରାଫର, ଜଣେ ତହସିଲଦାର ଓ ଦୁଇଜଣ ରାଜସ୍ୱ ଅଧିକାରୀ । ଆହତଙ୍କ ମଧ୍ୟରେ ଅଧିକାଂଶ ପୁଲିସ କର୍ମଚାରୀ ରହିଛନ୍ତି । ଆହତଙ୍କୁ ୯୨ ଆର୍ମି ବେସ୍ ଓ ଏସ୍‌କେଆଇଏମ୍‌ଏସ୍ ହସ୍ପିଟାଲରେ ଚିକିତ୍ସା ପାଇଁ ଭର୍ତ୍ତି କରାଯାଇଛି । ତେବେ ଏହି ବିସ୍ଫୋରଣରେ ଆଉ ଜଣେ ବ୍ୟକ୍ତିର ମଧ୍ୟ ମୃତ୍ୟୁ ▶ପୃଷ୍ଠା-୭

ଘାତକ ସାଜିଲା ଇଡେନ୍ ପିଚ୍

# ଦୁଇ ଦିନରେ ୨୬ ୱିକେଟ୍

■ **କୋଲକାତା, ୧୫ ।୧୧ (ଏଜେନ୍ସି):** ପ୍ରାୟ ୯୦ ବର୍ଷର ଟେଷ୍ଟ କ୍ରିକେଟ ଇତିହାସରେ କ୍ରୀଡ଼ାବିତ୍ ଓ ଦର୍ଶକଙ୍କ ପ୍ରଥମ ପସନ୍ଦ ଥିବା କୋଲକାତାର ଇଡେନ୍ ଗାର୍ଡେନ୍ସ ଷ୍ଟାଡିୟମ ବ୍ୟାଟ୍‌ସମ୍ୟାନ୍‌ଙ୍କ ପାଇଁ ଘାତକ ସାବ୍ୟସ୍ତ ହୋଇଛି । ଭାରତୀୟ କ୍ରିକେଟର ମକ୍କା କୁହାଯାଉଥିବା ଇଡେନ୍ କୌଣସି ଏକ ଟେଷ୍ଟରେ ଦୁଇ ଦିନରେ ୨୬ ଉଇକେଟ୍ ହରାଇ ନୂଆ ଇତିହାସ ଲେଖିଛି ।



ପ୍ରାୟତଃ ବ୍ୟାଟ୍‌ସମ୍ୟାନ୍‌ଙ୍କୁ ସୁହାଉଥିବା ଏହି ପିଚ୍‌ରେ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ଓ ଭାରତ ମଧ୍ୟରେ ଖେଳାଯାଉଥିବା ପ୍ରଥମ ଟେଷ୍ଟରେ ବୋଲର୍‌ଙ୍କ ରାଜୁତି ଜାରି ରହିଛି । ଗତକାଲି ମ୍ୟାଚ୍‌ର ପ୍ରଥମ ଦିନରେ ଭାରତୀୟ ଦଳର ଯଶପ୍ରୀତ୍ ବୁମ୍‌ରାଙ୍କ ସମେତ ପେସ୍ ବୋଲର୍‌ମାନେ ଘାତକ ସାଜିଥିଲେ । ପ୍ରଥମ ଦିନରେ ଦୁଇ ଦଳର ୧୧ଟି ଉଇକେଟ୍ ଯାଇଥିବାବେଳେ ଆଜି ଦ୍ୱିତୀୟ ଦିନରେ ଇଡେନ୍ ପିଚ୍‌ର ଆଶ୍ଚର୍ଯ୍ୟଜନକ ସ୍ୱଭାବ ପରିବର୍ତ୍ତନ ଦେଖିବାକୁ ମିଳିଥିଲା । ଆଜିର ପିଚ୍ ଅଚାନକ ସ୍ପିନର୍‌ମାନଙ୍କୁ ସୁହାଇଥିଲା । ଦ୍ୱିତୀୟ ଦିନରେ ଆଉଟ୍ ହୋଇଥିବା ୧୫ଜଣ ବ୍ୟାଟର୍‌ଙ୍କ ମଧ୍ୟରୁ ୧୨ଜଣ ସ୍ପିନର୍‌ଙ୍କ ଶିକାର ହୋଇଥିଲେ । ▶ପୃଷ୍ଠା-୭

# ଆଳୁ କେଜି ଲକ୍ଷେ



■ **ପ୍ୟାରିସ, ୧୫।୧୧ (ଏଜେନ୍ସି):** ଭାରତରେ ଆଳୁକୁ ପରିବା ମଧ୍ୟରେ ରାଜା କୁହାଯାଇଥାଏ । ପ୍ରାୟତଃ ସବୁ ବ୍ୟଞ୍ଜନରେ ଆଳୁ ବ୍ୟବହାର ହୋଇଥାଏ । ଆଉ ଏହି ପରିବା ଶସ୍ତାରେ ମଧ୍ୟ ଉପଲବ୍ଧ ହୋଇଥାଏ । କିନ୍ତୁ ବିଶ୍ୱରେ ଏଭଳି ଅନେକ ଦେଶ ରହିଛି, ଯେଉଁଠି ଆଳୁ ମୂଲ୍ୟ ଆକାଶଛୁଆଁ ରହିଛି । କୋରିଆରେ ଆଳୁ କେଜି ୪.୨୮ ଡଲାର ଅର୍ଥାତ ୩୮୦ ଟଙ୍କା ଥିବାବେଳେ ଫ୍ରାନ୍ସରେ ଏହାର ମୂଲ୍ୟ କଳନାଠାରୁ ବାହାରେ ରହିଛି । ଏହା ବିଶ୍ୱର ସବୁଠୁ ମହଙ୍ଗା ଆଳୁ ଭାବେ ମଧ୍ୟ ପ୍ରସିଦ୍ଧି ଅର୍ଜନ କରିଛି । 'ଲେ ବୋନୋଟେ' କିସମର ଏହି ଆଳୁର ମୂଲ୍ୟ କେଜି ପିଛା ଲକ୍ଷେ ଟଙ୍କା ରହିଛି । ଏତେ ମହଙ୍ଗା ହେବା ସତ୍ତ୍ୱେ ଲୋକେ ଧାଡ଼ିରେ ଆସି ଏହି ଆଳୁ କିଣି ନେଉଛନ୍ତି । ତେବେ ଏହି ଆଳୁର ଉତ୍ପାଦନ ବହୁତ କମ୍ ରହିଛି । ସେଥିପାଇଁ ଏହା ମହଙ୍ଗା ହେବାରେ ଲାଗିଛି । ▶ପୃଷ୍ଠା-୭

# ପୁଲିସକୁ ପଥର ଛେଚି ହତ୍ୟା

## ୪ ଦିନ ପରେ ଅଳିଆଗଦାରୁ କନେଷ୍ଟବଲଙ୍କ ଶବ ଉଦ୍ଧାର

■ **ପୁରୁଣା କଟକ/ହରଭଙ୍ଗା, ୧୫।୧୧ (ସମିସ):** ଜଣେ ପୁଲିସ କର୍ମଚାରୀଙ୍କୁ ପଥରରେ ଛେଚି ହତ୍ୟା କରିବା ସହ ତାଙ୍କ ଶବକୁ ଅଳିଆ ଗଦାରେ ପୋତିଦେବା ଭଳି ଘଟଣା



ବୌଦ୍ଧ ଜିଲ୍ଲାରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି । ପୂର୍ବଶତ୍ରୁତାକୁ କେନ୍ଦ୍ର କରି ପୁରୁଣା କଟକ ଥାନା ଅନ୍ତର୍ଗତ ବାଲିସାଇ ଗ୍ରାମରେ ଏହି ଜଘନ୍ୟ ହତ୍ୟାକାଣ୍ଡ ଘଟିଛି । ମୃତ ପୁଲିସ କର୍ମଚାରୀ ହେଲେ, ବାଲିସାଇ ଗ୍ରାମର ଉଦୟ ରଞ୍ଜନ ପଟ୍ଟନାୟକ । ବାଲିଗୁଡ଼ା ଥାନାରେ ସେ କନେଷ୍ଟବଲ ଭାବେ କାର୍ଯ୍ୟରତ ଥିଲେ । ୪ ଦିନ ତଳେ ତାଙ୍କୁ ହତ୍ୟା କରାଯାଇଥିବା ବେଳେ ପୁଲିସ ଆଜି ତାଙ୍କ ଗଳିତ ଶବକୁ ଅଳିଆ ଗଦାରୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି । ଏହାସହ ଏକ ହତ୍ୟା ମାମଲା ରୁଜୁ କରି ଜଣେ ଅଭିଯୁକ୍ତକୁ ଗିରଫ କରିଛି । ସେ ହେଲା, ସଞ୍ଜୀୟ ନାଏକ ।

ସୂଚନାନୁଯାୟୀ, ଉଦୟ ଓ ସଞ୍ଜୀୟ ଦୁଇ ପଡ଼ୋଶୀ । ୪ ଦିନ ତଳେ କୌଣସି କଥାକୁ ନେଇ ଦୁହିଁଙ୍କ ମଧ୍ୟରେ ବଚସା ହେବାରୁ ଏଥିରେ ସଂଜୟ ଉତ୍କ୍ଷିପ୍ତ ହୋଇ ଉଦୟଙ୍କ ମୁଣ୍ଡରେ ପଥର ଛେଚି ହତ୍ୟା କରିଥିଲା । ପରେ ପ୍ରମାଣ ଲୁଚାଇବା ପାଇଁ ତାଙ୍କ ଶବକୁ ଘର ପଛ ପାଖରେ ଥିବା ଏକ ଅଳିଆ ଗଦାରେ ପୋତି ଦେଇଥିଲା । ତେବେ ଉଦୟଙ୍କ ପୁଅ ଏ ସଂପର୍କରେ ଜାଣିବାରୁ ସଞ୍ଜୀୟ ତାକୁ ବି ହତ୍ୟା ଧମକ ଦେଇଥିଲା । ତେବେ ଆଜି ଉକ୍ତ ସ୍ଥାନରୁ ▶ପୃଷ୍ଠା-୭


ଆସନ୍ତା ବଜେଟରେ ମଲ୍ଟି ଇୟର ସିଲିଂ ବ୍ୟବସ୍ଥା

# ପ୍ରସ୍ତୁତ ହେବ ୩ ବର୍ଷୀୟା ଖସଡ଼ା

■ **ଭୁବନେଶ୍ୱର, ୧୫।୧୧ (ସମିସ):** ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆସନ୍ତା ଫେବୃଆରୀ ତୃତୀୟ ସପ୍ତାହରେ ୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ ଆଗତ କରିବେ । ବଜେଟ ପାଇଁ ଅର୍ଥ ବିଭାଗ ପକ୍ଷରୁ ପ୍ରସ୍ତୁତି ଆରମ୍ଭ ହୋଇଥିବା ବେଳେ ଆସନ୍ତା ଡିସେମ୍ବର ୨୫ ତାରିଖ ସୁଦ୍ଧା ବିଭାଗଗୁଡ଼ିକ ନିଜ ନିଜର ପ୍ରସ୍ତାବ ଦାଖଲ କରିବାକୁ ଅର୍ଥ ବିଭାଗ ପକ୍ଷରୁ କୁହାଯାଇଛି । ତେବେ ଏଥର ବଜେଟ ଖସଡ଼ା ପ୍ରସ୍ତୁତିରେ ସରକାର ଟିକେ ଭିନ୍ନତା ଆଣିବାକୁ ଯାଉଛନ୍ତି । ଆସନ୍ତା ବଜେଟରେ ବିଭାଗଗୁଡ଼ିକୁ ୨୦୨୬-୨୭ ଆର୍ଥିକ ବର୍ଷ ସହ ଏହାର ପରବର୍ତ୍ତୀ ଦୁଇ ବର୍ଷ ପାଇଁ ଯୋଜନା ପ୍ରସ୍ତୁତି ଏବଂ ଏଥିପାଇଁ ଖର୍ଚ୍ଚ କରିବାକୁ ଅନୁମତି ମିଳିବ । ଏହାଦ୍ୱାରା ଆର୍ଥିକ ଶୃଙ୍ଖଳା ଆସିବା ସହ ବିଭାଗଗୁଡ଼ିକର କାର୍ଯ୍ୟଦକ୍ଷତା ଏବଂ ଉତ୍ତରଦାୟିତ୍ୱ ବୃଦ୍ଧି ପାଇବ ବୋଲି ସରକାର ଆଶା ରଖିଛନ୍ତି ।

**ଆଗୁଆ ଯୋଜନା ପ୍ରସ୍ତୁତି ସହ ବିଭାଗ ଦାଖଲ କରିବେ ବ୍ୟୟ ଅଟକଳ**

୨୦୩୬ ଆର୍ଥିକ ବର୍ଷ ସୁଦ୍ଧା ଓଡ଼ିଶାକୁ ୫୦୦ ବିଲିୟନ ଡଲାର ଅର୍ଥନୀତିରେ ପରିଣତ କରିବା ଲକ୍ଷ୍ୟରେ ସରକାର ଭିଜନ ଡକ୍ୟୁମେଣ୍ଟ ୨୦୩୬ ପ୍ରସ୍ତୁତ କରିଛନ୍ତି । ଏହି ଲକ୍ଷ୍ୟକୁ ସାକାର କରିବା ପାଇଁ ବଜେଟ ପ୍ରସ୍ତୁତି ବେଳେ ମଲ୍ଟି ଇୟର ସିଲିଂ ବ୍ୟବସ୍ଥା ଆପଣେଇବାକୁ ଅର୍ଥ ବିଭାଗ ପକ୍ଷରୁ ସମସ୍ତ ▶ପୃଷ୍ଠା-୭



# ଲାଲୁଙ୍କ ପରିବାରକୁ ନିର୍ବାଚନ ଝଟ୍‌କା

## ଝିଅ ରୋହିଣୀ ଛାଡ଼ିଲେ ରାଜନୀତି, ପରିବାର ସହ ସମ୍ପର୍କ ବି ତୁଟାଇଲେ

ପାଟନା, ୧୫ ।୧୧(ଏଜେନ୍ସି): ବିହାର ନିର୍ବାଚନରେ ଆରଜେଡିର ଶୋଚନୀୟ ପରାଜୟ ପରେ ସୁପ୍ରିମୋ ଲାଲୁ ପ୍ରସାଦ ଯାଦବଙ୍କ ପରିବାରକୁ ଲାଗିଛି ବଡ଼ ଧରଣର ଝଟକା । ପରାଜୟକୁ ନେଇ ଲାଲୁ ପରିବାର ଚିନ୍ତାରେ ବୁଡ଼ି ରହିଥିବା ବେଳେ ଝିଅ ରୋହିଣୀ ଆଚାର୍ଯ୍ୟ ଆଜି ହଠାତ୍ ଆଉ ଏକ ଝଟକା ଦେଇଛନ୍ତି । ପିତା ଲାଲୁଙ୍କୁ କିଡନୀ ଦାନ କରି ଚର୍ଚ୍ଚାରେ ଥିବା ରୋହିଣୀ ଆଜି ରାଜନୀତିରୁ ସନ୍ୟାସ ଘୋଷଣା କରିବା ସହିତ ପରିବାର ସହିତ ସଂପର୍କ ତୁଟାଇବାକୁ ମଧ୍ୟ ଘୋଷଣା କରିଛନ୍ତି । ତାଙ୍କର ଏଭଳି ନିଷ୍ପତ୍ତି କେବଳ ଲାଲୁ ପରିବାର ନୁହେଁ, ରାଷ୍ଟ୍ରୀୟ ଜନତା ଦଳ ବା ଆରଜେଡିରେ ମଧ୍ୟ କମ୍ପନ ସୃଷ୍ଟି କରିଛି । ସେ ଅଚାନକ ଏଭଳି ନିଷ୍ପତ୍ତି କାହିଁକି ନେଲେ, ତାହା ଜଣାପଡ଼ି ନାହିଁ । ତେବେ ସଂଜୟ ଯାଦବ ଏବଂ ରମିଜଙ୍କ ପରାମର୍ଶ କ୍ରମେ ସେ ଏହି ନିଷ୍ପତ୍ତି ନେଇଥିବା ସୂଚାଇଛନ୍ତି । ସୋସିଆଲ ମିଡିଆ 'ଏକ୍ସ'ରେ ଏହି ଘୋଷଣା କରିଛନ୍ତି ରୋହିଣୀ । ସଞ୍ଜୟ ଯାଦବ ଓ ରମିଜଙ୍କ ପରାମର୍ଶ କ୍ରମେ ଏହି ନିଷ୍ପତ୍ତି ନେଇଛି ବୋଲି ସେ କହିଛନ୍ତି । ସବୁ ଦୋଷ ନିଜ ମୁଣ୍ଡ ଉପରକୁ ନେଉଛି ବୋଲି ମଧ୍ୟ ସେ ଉଲ୍ଲେଖ କରିଛନ୍ତି । ତେବେ ସେ କେଉଁ ଦୋଷ କଥା କହିଛନ୍ତି, ତାହା ସ୍ପଷ୍ଟ କରି ନାହାନ୍ତି । ପରିବାରରେ ଚାଲିଥିବା ଅଶାନ୍ତି ନା ନିର୍ବାଚନରେ ଦଳର ପରାଜୟ? ନିର୍ବାଚନ ପୂର୍ବରୁ ଲାଲୁ ତାଙ୍କ ବଡ଼ ପୁଅ ତେଜ ପ୍ରତାପଙ୍କୁ ପରବିାରରୁ ବାହାର କରିଦେଇଥିଲେ । ପରିବାରର ଏହି ନିଷ୍ପତ୍ତିକୁ ନେଇ ରୋହିଣୀ ଅସନ୍ତୁଷ୍ଟ ଥିଲେ । ତେଜ ପ୍ରତାପ ଗତ ନିର୍ବାଚନରେ ପିତାଙ୍କ ପ୍ରାର୍ଥୀ ବିରୋଧରେ ପ୍ରାର୍ଥୀ ଦେଇଥିଲେ ।

ତେବେ ରୋହିଣୀ ତାଙ୍କର ନୋଟ୍‌ରେ ଯେଉଁ ସଞ୍ଜୟ ଓ ରମିଜଙ୍କ କଥା କହିଛନ୍ତି, ସେମାନେ କିଏ? ଏହାକୁ ନେଇ ଆଲୋଚନା ଆରମ୍ଭ ହୋଇଯାଇଛି । ସଞ୍ଜୟ ଆରଜେଡିର ରାଜ୍ୟସଭା ସାଂସଦ ଅଛନ୍ତି । ସେ ହେଉଛନ୍ତି ତେଜସ୍ୱୀଙ୍କ ରାଜନୈତିକ ପରାମର୍ଶଦାତା । ସେହିପରି ଉତ୍ତର ପ୍ରଦୋର ବଳରାମପୁରରେ ରହୁଥବା ରମିଜ ମଧ୍ୟ ତେଜସ୍ୱୀଙ୍କ ପୁରୁଣା ଓ ଘନିଷ୍ଠ ବନ୍ଧୁ ବୋଲି କହାଯାଉଛି । ସେ ହେଉଛନ୍ତି ଜେଲ୍‌ରେ ଥିବା ପୂର୍ବ ସାଂସଦ ରିଜୱାନ ଜାହିରଙ୍କ ଜ୍ୱାଇଁ । ସେ ଆରଜେଡିର ସୋସିଆଲ ମିଡିଆ ଓ ନିର୍ବାଚନ କାର୍ଯ୍ୟକ୍ରମ ଦାୟିତ୍ୱରେ ରହିଛନ୍ତି । ରମିଜଙ୍କ ପତ୍ନୀ ମଧ୍ୟ ନିର୍ବାଚନ ଲଢ଼ିଛନ୍ତି । ଉଲ୍ଲେଖଥାଉ କି ଗତ ମେ ୨୫ରେ ଲାଲୁ ତାଙ୍କର ବଡ଼ ପୁଅ ତେଜପ୍ରତାପ ଯାଦବଙ୍କୁ ପାର୍ଟି ଓ ପରିବାରରୁ ବହିଷ୍କାର କରିଥିଲେ । ଏଥିପାଇଁ ତେଜପ୍ରତାପ ସଞ୍ଜୟଙ୍କୁ ଦାୟୀ କରିଥିଲେ । ନିର୍ବାଚନରେ ତେଜପ୍ରତାପ ପରାସ୍ତ ହୋଇଥିବା ବେଳେ ତେଜସ୍ୱୀ ଯାଦବ ବିଜୟୀ ହୋଇଛନ୍ତି ।

## ନିଲମ୍ବନ ପରେ ବିଜେପି ଛାଡ଼ିଲେ ଆରକେ ସିଂହ

ପାଟଣା, ୧୫ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପରେ ବିଜେପି ପୂର୍ବତନ କେନ୍ଦ୍ରମନ୍ତ୍ରୀ ରାଜକୁମାର (ଆରକେ) ସିଂଙ୍କୁ ୬ ବର୍ଷ ପାଇଁ ଦଳରୁ ନିଲମ୍ବିତ କରିଛି । ଦଳ ବିରୋଧୀ କାର୍ଯ୍ୟକଳାପ ପାଇଁ ତାଙ୍କୁ ସସପେଣ୍ଡ କରାଯାଇଥିବା ଦଳ ପକ୍ଷରୁ କୁହାଯାଇଛି । ଏ ସଂପର୍କରେ ତାଙ୍କୁ ନୋଟିସ ଦିଆଯାଇଛି ଏବଂ



୭ ଦିନ ମଧ୍ୟରେ ଜବାବ ଦେବାକୁ ନିର୍ଦ୍ଦେଶ ଦିଆଯାଇଛି । ଏହି ନୋଟିସ ପାଇବା ପରେ ଶ୍ରୀ ସିଂହ ବିଜେପିରୁ ଇସ୍ତଫା ଦେଇଛନ୍ତି । ନିର୍ବାଚନ ପୂର୍ବରୁ ସେ ଏନ୍‌ଡିଏ ପ୍ରାର୍ଥୀଙ୍କୁ ନେଇ ବିଭିନ୍ନ ପ୍ରଶ୍ନ ଉଠାଇଥିଲେ । ବିହାରରେ ୬୦ ହଜାର କୋଟି ଟଙ୍କାର ବିଜୁଳୀ ଦୁର୍ନୀତିରେ ନୀତୀଶ କୁମାର ସରକାର ବିରୋଧରେ ସେ ଗୁରୁତର ଅଭିଯୋଗ ଆଣିଥିଲେ । ସେ ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ, ଜେଡିୟୁ ପ୍ରାର୍ଥୀ ଆନନ୍ଦ ସିଂ, ଆରଜେଡିର ସୂରଜଭାନ ସିଂଙ୍କୁ ହତ୍ୟା ଅଭିଯୁକ୍ତ ବୋଲି କହିଥିଲେ । ଆରକେ ସିଂ ୧୯୭୫ ବ୍ୟାଚ୍‌ର ବିହାର କ୍ୟାଡରର ଆଇପିଏସ୍ ଅଧିକାରୀ ଥିଲେ ।

## ବିହାର ନିର୍ବାଚନ
# କାରଣ ଖୋଜୁଛନ୍ତି ବିରୋଧୀ ଦଳ

ନୂଆଦିଲ୍ଲୀ, ୧୫ ।୧୧(ଏଜେନ୍ସି): ବିହାର ନିର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏର ବିପୁଳ ବିଜୟ ନେଇ ରାଷ୍ଟ୍ରବାଦୀ କଂଗ୍ରେସ ପାର୍ଟି (ଏନ୍‌ସିପି) ସୁପ୍ରିମୋ ଶରଦ ପାୱାର ପ୍ରଶ୍ନ ଉଠାଇଛନ୍ତି । ନିର୍ବାଚନର କିଛିଦିନ ପୂର୍ବରୁ ବିହାରରେ ମହିଳାମାନଙ୍କ ବ୍ୟାଙ୍କ ଖାତାକୁ ୧୦-୧୦ ହଜାର ଲେଖାଏ ପଠାଯାଇଥିଲା । ଏହିକାରଣରୁ ଏନ୍‌ଡିଏ ବିପୁଳ ବିଜୟ ହାସଲ କରିଛି ବୋଲି ସେ କହିଛନ୍ତି । ନିର୍ବାଚନ ପୂର୍ବରୁ ଏହି ଟଙ୍କା ଖାତାକୁ ପଠାଯିବା ପ୍ରକ୍ରିୟା ଏକ ପ୍ରକାର ଦୁର୍ନୀତି । ରାଜ୍ୟ ସରକାର ଖୋଲାଖୋଲି ଭାବେ ଏହି କାର୍ଯ୍ୟ କରିବା ନିନ୍ଦନୀୟ ଓ ଚିନ୍ତାଜନକ ବୋଲି ସେ କହିଛନ୍ତି । ମହାରାଷ୍ଟ୍ର ନିର୍ବାଚନ ପୂର୍ବରୁ ମଧ୍ୟ ବିଜେପି ନେତୃତ୍ୱାଧୀନ ସରକାର ଏପରି କରିଥିଲା । 'ଲଡକି ବହନ ଯୋଜନା' ମାଧ୍ୟମରେ ମହିଳା ଓ ବାଳିକାମାନଙ୍କୁ ଟଙ୍କା ପ୍ରଦାନ କରାଯାଇଥିଲା । ସେହିପରି ନିର୍ବାଚନରେ ଅନିୟମିତତା ତଥା ଅସଙ୍ଗତି ହୋଇଥିବା କଥା କଂଗ୍ରେସ ନେତା ଅଜୟ ମାକେନ କହିଛନ୍ତି । ମହାମେଣ୍ଟର ନେତା ମାନେ ନିର୍ବାଚନ ଫଳକୁ ଅପ୍ରତ୍ୟାଶିତ ଓ ଏହାର ଯାଞ୍ଚ ହେବା ଉଚିତ ବୋଲି ମାକେନ କହିଛନ୍ତି । ଅନ୍ୟପଟେ ପ୍ରଶାନ୍ତ କିଶୋରଙ୍କ ଜନ ସୂରାଜ ପାର୍ଟି ମଧ୍ୟ ନିର୍ବାଚନ ଫଳାଫଳ ନେଇ ପ୍ରତିକ୍ରିୟା ଦେଇଛି । ପାର୍ଟିର ରାଜ୍ୟମୁଖ୍ୟ ମନୋଜ ଭାରତୀ କହିଛନ୍ତି ଯେ, ନିର୍ବାଚନରେ ବ୍ୟାପକ ଅନିୟମିତତା ହୋଇଛି । ଫଳାଫଳ ଆମ କଳ୍ପନା ବାହାରେ ଥିଲା । ମହିଳାଙ୍କ ଏକାଉଣ୍ଟକୁ ୧୦-୧୦ ହଜାର ଟଙ୍କା ପଠାଯିବା ଫଳାଫଳକୁ ପ୍ରଭାବିତ କରିଥିଲା ବୋଲି ସେ କହିଛନ୍ତି । ତେବେ ଏହି ସବୁ ଅଭିଯୋଗକୁ ବିଜେପି ପ୍ରତ୍ୟାଖାନ କରିଛି । ପରାଜୟ ପରେ



- **ଖାତାକୁ ୧୦-୧୦ ହଜାର ଟଙ୍କା ଟ୍ରାନ୍ସଫର ଜିତାଇଲା: ଶରଦ**
- **ଜାଲିଆତି ହୋଇଛି; ୨ ସପ୍ତାହରେ ପ୍ରମାଣ ଦେବୁ: କଂଗ୍ରେସ**

ଏହାକୁ ସ୍ୱୀକାର କରିବା ଆବଶ୍ୟକ । ନିଜ ତ୍ରୁଟି ଓ ଦୋଷ ସ୍ୱୀକାର କରାଯିବା ଉଚିତ । କିନ୍ତୁ ବିରୋଧୀ ଏପରି ନ କରି ଅଯଥା ଆକ୍ଷେପ କରୁଛନ୍ତି ବୋଲି ମହାରାଷ୍ଟ୍ର ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭିସ ପାୱାରଙ୍କୁ ଜବାବ୍ ଦେଇ କହିଛନ୍ତି ।

ବିହାର ନିର୍ବାଚନରେ ପରାଜୟକୁ କଂଗ୍ରେସ ସହଜରେ ଗ୍ରହଣ କରିପାରୁନାହିଁ । ଏବେ ଦଳ ପରାଜୟର କାରଣ ଜାଣିବା ପାଇଁ ମାନସମନ୍ଥନ ଆରମ୍ଭ କରିଦେଇଛି । ଏହି କ୍ରମରେ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେଙ୍କ ଦିଲ୍ଲୀ ସ୍ଥିତ ବାସଭବନରେ ଦଳର ପ୍ରଥମ ସମୀକ୍ଷା ବୈଠକ ବସିଛି । ଏଥିରେ ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ, କେସି ବେଣୁଗୋପାଳ ଏବଂ ଅଜୟ ମାକନ ପ୍ରମୁଖ ଉପସ୍ଥିତ ରହିଥିଲେ । । କଂଗ୍ରେସ ନେତା ବେଣୁଗୋପାଳ କହିଲେ ଯେ ଦଳ ଏହି ଜାଲିଆତିର ପ୍ରମାଣ ସଂଗ୍ରହ କରୁଛି । ୨ ସପ୍ତାହ ମଧ୍ୟରେ ଦେଶ ସାମ୍ନାରେ ଏହାର ରଖାଯିବ । ବିହାର ନିର୍ବାଚନ ଫଳାଫଳ କେବଳ କଂଗ୍ରେସ ନୁହେଁ, ବରଂ ଜନତା ଏବଂ ମେଣ୍ଟ ସହଯୋଗୀଙ୍କୁ ମଧ୍ୟ ତାଜୁବ କରିଦେଇଛି । ଲୋକେ ଏହା ଉପରେ ଭରସା କରିପାରୁନାହାନ୍ତି । ଆମେ ସବୁ ତଥ୍ୟ ସଂଗ୍ରହ କରୁଛୁ । ଗମ୍ଭୀରତାର ସହ ଏହାକ ବିଶ୍ଳେଷଣ କରାଯିବ । ସପ୍ତାହେରୁ ଦୁଇ ସପ୍ତାହେ ଭିତରେ ଠୋସ୍ ପ୍ରମାଣ ସଂଗ୍ରହ କରି ସର୍ବସମ୍ମୁଖକୁ ଅଣାଯିବ । ସେହିପରି କଂଗ୍ରେସ ଅଧ୍ୟକ୍ଷଙ୍କୁ ଭେଟିବା ପରେ ଦଳର ବରିଷ୍ଠ ନେତାମାନେ ବିହାର ନିର୍ବାଚନ ଫଳାଫଳ ଉପରେ ଗମ୍ଭୀର ପ୍ରଶ୍ନ ଉଠାଇଛନ୍ତି । ଅଜୟ ମାକନ କହିଛନ୍ତି ଯେ ପ୍ରାରମ୍ଭରୁ ନିର୍ବାଚନ ପ୍ରକ୍ରିୟା ଉପରେ ପ୍ରଶ୍ନ ଉଠୁଛି । ଏଭଳି ଫଳାଫଳ ଚକିତ କରିଦେଇଛି । ୧୯୮୪ରେ ବି କଂଗ୍ରେସକୁ ଏଭଳି ଷ୍ଟ୍ରାଇକ ରେଟ୍ ମିଳି ନ ଥିଲା । ବିଜେପିକୁ ଯେଉଁ ଭଳି ଆସନ ମିଳିଛି ତାହା ସନ୍ଦେହ ସୃଷ୍ଟି କରୁଛି । କିଛି ତ ଜାଲିଆତି ହୋଇଛି । ଅନେକ ସ୍ଥାନରେ ଜାଲିଆତି ହୋଇଥିବା କଂଗ୍ରେସ କର୍ମୀ କହିଛନ୍ତି । ମହାମେଣ୍ଟର ସବୁ ଦଳ ଫଳାଫଳକୁ ଅପ୍ରତ୍ୟାଶିତ କହିଛନ୍ତି ।

## ଅର୍ଦ୍ଧାଧିକଙ୍କ ବିରୋଧରେ ଆପରାଧିକ ମାମଲା

ପାଟନା, ୧୫ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନର ଫଳାଫଳ ବାହାରିବା ପରେ ନୂଆ ତଥ୍ୟ ସାମ୍ନାକୁ ଆସିଛି । ଅର୍ଦ୍ଧାଧିକ ଅର୍ଥାତ ୫୩ ପ୍ରତିଶତ ନବ- ନିର୍ବାଚିତ ବିଧାୟକଙ୍କ ବିରୋଧରେ ଆପରାଧିକ ମାମଲା ରହିଛି ବୋଲି ଆସୋସିଏସନ ଫର ଡେମୋକ୍ରାଟିକ ରିଫର୍ମ୍ସ (ଏଡିଆର) ଦ୍ୱାରା ପ୍ରକାଶିତ ନୂଆ ରିପୋର୍ଟରେ ଉଲ୍ଲେଖ କରାଯାଇଛି । ନିର୍ବାଚିତ ୨୪୩ ବିଧାୟକଙ୍କ ମଧ୍ୟରୁ ୧୩୦ ଜଣଙ୍କ ଆପରାଧିକ ମାମଲା ଥିବା କଥା ନିଜ ସତ୍ୟପାଠରେ ଉଲ୍ଲେଖ କରିଛନ୍ତି । ତେବେ ଏହି ସଂଖ୍ୟ ଗତ ନିର୍ବାଚନ ତୁଳନାରେ ଅପେକ୍ଷାକୃତ କମ୍ ବୋଲି କୁହାଯାଇଛି । ଗତ ୨୦୨୦ ନିର୍ବାଚନରେ ୨୪୧ ଜଣ ବିଧାୟକଙ୍କ ମଧ୍ୟରୁ ୧୬୩ ଜଣ ଅର୍ଥାତ ୬୮ ପ୍ରତିଶତ ସଦସ୍ୟଙ୍କ ବିରୋଧରେ ଆପରାଧିକ ମାମଲା ଥିଲା । ଏଥର ୧୦୨ ଅର୍ଥାତ ୪୨ ପ୍ରତିଶତ ବିଧାୟକଙ୍କ ବିରୋଧରେ ଗୁରୁତର ମାମଲା ରହିଛି ।୨୦୨୦ରେ ଏହା ୫୧ ପ୍ରତିଶତ ଥିଲା ।ଏଥର ବିଜେପିର ୮୯ ବିଧାୟକଙ୍କ ମଧ୍ୟରୁ ୪୩ ଜଣ (୪୮%), ଜେଡିୟୁର ୮୫ରୁ ୨୩ ଜଣ (୨୭%), ଆରଜେଡିର ୨୫ରୁ ୧୪ ଜଣ (୫୬%), ଏଲ୍‌ଜେପିର ୧୯ରୁ ୧୦ ଜଣ (୫୩%), କଂଗ୍ରେସର ୬ରୁ ୩ ଜଣ (୫୦%), ଏଆଇଏମ୍‌ଆଇଏମ୍‌ର ୫ରୁ ୪ ଜଣ (୮୦ %)ଙ୍କ ବିରୋଧରେ ଆପରାଧିକ ମାମଲା ରହିଛି ।

# ଖେଳ ବିଗାଡ଼ିଲା କିଏ? ବିହାର ରାଜନୀତିରେ ତନାଘନା

ପାଟନା, ୧୫।୧୧ (ଏଜେନ୍ସି): ବିହାର ନିର୍ବାଚନ ଫଳାଫଳ ମହାମେଣ୍ଟ ପାଇଁ ବଡ଼ ଝଟ୍‌କା ହୋଇଥିବାବେଳେ କ୍ଷମତାସୀନ ଏନ୍‌ଡିଏ ପାଇଁ ଡବଲ୍ ଖୁସି ଆଣି ଦେଇଛି । ଉଭୟ ମେଣ୍ଟ ପାଇଁ ଏହି ଫଳାଫଳ ଅପ୍ରତ୍ୟାଶିତ ରହିଛି । ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ୨୦୨ ଆସନ ପାଇଥିବାବେଳେ ମହାମେଣ୍ଟ ୩୫ ଆସନରେ ସୀମିତ ରହିଛି । ତେବେ ଏହି ନିର୍ବାଚନରେ କ୍ଷୁଦ୍ର ଦଳଗୁଡ଼ିକ ଚର୍ଚ୍ଚାରେ ଅଛନ୍ତି । କ୍ଷୁଦ୍ର ହୋଇଥିଲେ ମଧ୍ୟ ନିର୍ବାଚନରେ ବଡ଼ ପ୍ରଭାବ ପକାଇଛନ୍ତି । ଏହି ଦଳଗୁଡ଼ିକ ପାଇଁ ଏନ୍‌ଡିଏ ବିଜୟୀ ହୋଇଥିବାବେଳେ ମହାମେଣ୍ଟ ଇଣ୍ଡିଆ ପରାଜୟର ସମ୍ମୁଖୀନ ହେଲା ବୋଲି କୁହାଯାଉଛି । ଏହି ଦଳ ମଧ୍ୟରେ ପ୍ରଶାନ୍ତ କିଶୋରଙ୍କ ଜନସୁରାଜ ପାର୍ଟି, ଅସଦୁଦ୍ଦିନ ଓୱେସୀଙ୍କ

### ଛୋଟ ଦଳ, ପ୍ରଭାବ ବଡ଼

ଏଆଇଏମଆଇଏମ ଏବଂ ମାୟାବତୀଙ୍କ ବିଏସପି ରହିଛି । ଗତ ନିର୍ବାଚନରେ ଚିରାଗ ପାଶ୍ୱାନଙ୍କ ଏଲଜେପିଆର ପାଇଁ ନୀତୀଶଙ୍କ ଦଳ ଜେଡିୟୁର କ୍ଷତି ହୋଇଥିଲା । ମାତ୍ର ଚଳିତ ଥର ଜନସୁରାଜ, ଏଆଇଏମଆଇଏମ ଏବଂ ବିଏସପି ଲାଗି ମହାମେଣ୍ଟର ଅପୂରଣୀୟ କ୍ଷତି ହୋଇଛି ।

ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟିଥିବା ପ୍ରଶାନ୍ତଙ୍କ ଦଳ ପ୍ରଥମ ଥର ପାଇଁ ବିହାରର ୨୩୮ ଆସନରେ ନିର୍ବାଚନ ଲଢ଼ି ଗୋଟିଏ ହେଲେ ବି ଆସନରେ ଜିତିପାରି ନାହିଁ । ତେବେ ଏହି ଦଳ ୩.୪ ପ୍ରତିଶତ ଭୋଟ ହାତେଇଛି । ଏହା ବଡ଼ ବିଭାଜନକାରୀ ଭାବେ ଉଭା ହୋଇଛି । ଖାତା ଖୋଲି ନ ଥିବା ଏହି ଦଳ ଉଭୟ ମେଣ୍ଟର ଭୋଟ ହ୍ରାସ କରିଛି । ଜନସୁରାଜ ଗୋଟିଏ ଆସନରେ ଦ୍ୱିତୀୟ, ୧୨୯ଟିରେ ତୃତୀୟ, ୭୩ଟିରେ ଚତୁର୍ଥ, ୨୪ଟିରେ ୫ମ ଏବଂ ୧୨ଟିରେ ୬ରୁ ୯ତମ ସ୍ଥାନରେ ରହିଥିଲା । ୩୩ ବିଧାନସଭା କ୍ଷେତ୍ରରେ ଜନସୁରାଜ ପାଇଥିବା ଭୋଟ ବିଜୟ ବ୍ୟବଧାନଠାରୁ ଅଧିକ ଥିଲା । ଏଥିରୁ ୧୮ଟିରେ ଏନ୍‌ଡିଏ ଏବଂ ୧୩ଟିରେ ମହାମେଣ୍ଟ ଜିତିଥିଲା । ନିର୍ବାଚନ ପ୍ରଚାର ସମୟରେ ଦଳ ଉଭୟ ମେଣ୍ଟର ଭୋଟ ନେବ ବୋଲି ପ୍ରଶାନ୍ତ କହିଥିଲେ । ଏହାର ଝଲକ ଫଳାଫଳରେ ଦେଖିବାକୁ ମିଳିଛି ।



୧୮୧ ସିଟ୍‌ରେ ପ୍ରତିଦ୍ୱନ୍ଦ୍ୱିତା କରିଥିବା ମାୟାବତୀଙ୍କ ବିଏସ୍‌ପି ଗୋଟିଏ ଆସନରେ ଜିତିଥିବାବେଳେ ଆଉ ଗୋଟିଏର ଦ୍ୱିତୀୟ ସ୍ଥାନରେ ରହିଥିଲା । ଦୀର୍ଘ ବର୍ଷ ହେଲା ବିରୋଧୀ ଦଳଗୁଡିକ ବିଏସ୍‌ପିକୁ ବିଜେପିର ବି-ଟିମ୍ କହି ଆସୁଥିଲେ । ଉତ୍ତର ପ୍ରଦେଶ ଲୋକସଭା ଏବଂ ବିଧାନସଭା ନିର୍ବାଚନ ପରେ ଏହି ଅଭିଯୋଗ ଲାଗିଥିଲା । ଏହି ନିର୍ବାଚନରେ ବିଏସ୍‌ପି ମହାମେଣ୍ଟର ଅଶେଷ କ୍ଷତି କରିଛି । ୨୦ ଆସନରେ ବିଏସ୍‌ପି ପାଇଥିବା ଭୋଟ ବିଜୟ ବ୍ୟବଧାନଠୁ ଅଧିକ ରହିଛି । ଏଥିରୁ ଏନ୍‌ଡିଏ ୧୮ଟି ଏବଂ ମହାମେଣ୍ଟ ୨ଟି ଆସନ ଜିତିଥିଲା । ୯୦ ପ୍ରତିଶତ ଲାଭ ଏନ୍‌ଡିଏକୁ ମିଳିଥିଲା । ସେହିପରି ଏଆଇଏମଆଇଏମ ୫ଟି ଆସନରେ ଜିତିଥିଲେ ମଧ୍ୟ ୯ଟିରେ ବିଜୟ ବ୍ୟବଧାନଠୁ ଅଧିକ ଭୋଟ ପାଇଥିଲା । ଏଥିରୁ ୬୭ ପ୍ରତିଶତ ଆସନ ଏନ୍‌ଡିଏ ଜିତିଥିବାବେଳେ ୩୩ ପ୍ରତିଶତ ମହାମେଣ୍ଟ ଖାତାକୁ ଯାଇଥିଲା ।

ସାମଗ୍ରିକ ଭାବେ ଦେଖିଲେ ଏହି ତିନି ପାଖିଆ ଲଢ଼େଇ ଏନ୍‌ଡିଏକୁ ଲାଭ ଦେଇଥିଲା । ୨୩.୪ ପ୍ରତିଶତ ଭୋଟ ପାଇଥିଲେ ବି ଆରଜେଡି ୨୫ଟିରେ ସୀମିତ ରହିଥିଲା । କିନ୍ତୁ ୨୦.୪ ପ୍ରତିଶତ ଭୋଟ ପାଇଁ ବିଜେପି ଏବଂ ୧୯.୬ ପ୍ରତିଶତର ସହ ଜେଡିୟୁ ତିନି ଗୁଣ ଅଧିକ ଆସନ ହାତେଇ ଥିଲା । ଏନ୍‌ଡିଏ ନିଜ ଭୋଟକୁ ମଝବୁତ କରି ରଖିଥିବାବେଳେ ମହାମେଣ୍ଟର ଭାଗ ଭାଗ ହୋଇ ଯାଇଥିଲା ।୨୪୩ରୁ ୬୩ଟିରେ ଜନ ସୁରାଜ, ବିଏସପି ଏବଂ ଏଆଇଏମଆଇଏମର ପ୍ରତ୍ୟକ୍ଷ ପ୍ରଭାବ ପଡ଼ିଥିଲା । ଏଥିରୁ ୪୪ଟି (୭୦%) ଏନ୍‌ଡିଏ ଏବଂ ମହାମେଣ୍ଟ ୧୯ଟି ଜିତିଥିଲା । ମୁଖ୍ୟତଃ ଏନ୍‌ଡିଏ ବିରୋଧୀ ଭୋଟ ଉପରେ ମହାମେଣ୍ଟ ନିର୍ଭରଶୀଳ । କିନ୍ତୁ ଚଳିତ ଥର ନିର୍ବାଚନ ତିନିପାଖିଆ ହୋଇଥିଲା । ବିଏସ୍‌ପି ଦଳିତ ଭୋଟ, ଏଆଇଏମଆଇଏମ ମୁସଲିମ ଭୋଟ ଏବଂ ଜନସୁରାଜ ଯୁବଗୋଷ୍ଠୀ ଓ ବିକାଶ ଚାହୁଁଥିବା ଲୋକଙ୍କ ଭୋଟ ହାତେଇ ନେଇଥିଲା । ଏହା ଫଳରେ କଡ଼ା ପ୍ରତିଦ୍ୱନ୍ଦ୍ୱିତା ବଦଳରେ ଏନ୍‌ଡିଏ ବୃହତ ବିଜୟ ହାସଲ କରିଥିଲା ।

# ଦିଲ୍ଲୀ ବିସ୍ଫୋରଣ: ଆଉ ୫ ଡାକ୍ତର ଗିରଫ, ୨୨ ଡାକ୍ତର ଫେରାର

ନୂଆଦିଲ୍ଲୀ, ୧୫।୧୧ (ଏଜେନ୍ସି): ଦିଲ୍ଲୀର ଲାଲକିଲ୍ଲା ନିକଟରେ ହୋଇଥିବା ବିସ୍ଫୋରଣକୁ ନେଇ ନୂଆ ନୂଆ ତଥ୍ୟ ସାମ୍ନାକୁ ଆସିବାରେ ଲାଗିଛି । ଆତଙ୍କବାଦୀଙ୍କ କାରଖାନା ପାଲଟିଥିବା ଫରିଦାବାଦର ଧୌଜ ଗ୍ରାମ ସ୍ଥିତ ଅଲ-ଫଲାହ ବିଶ୍ୱବିଦ୍ୟାଳୟ ଚର୍ଚ୍ଚାର କେନ୍ଦ୍ରରେ ରହିଛି । ଜୀବନ ବଞ୍ଚାଇବାକୁ ଡାକ୍ତର ଗଢୁଥିବା ଏହି ବିଶ୍ୱବିଦ୍ୟାଳୟରେ ନିରୀହଙ୍କ ଜୀବନ ନେବା ପାଇଁ କେମିତି ଆତଙ୍କୀ ଗଢ଼ା ଯାଉଥିଲା ତାହାର ଗୁମର ଫିଟିବାରେ ଲାଗିଛି । ଏହି ବିଶ୍ୱବିଦ୍ୟାଳୟର ୪ ଡାକ୍ତରଙ୍କୁ ପୂର୍ବରୁ ଗିରଫ କରାଯାଇଛି । ଆଜି ଦିଲ୍ଲୀ ପୁଲିସର କ୍ରାଇମବ୍ରାଞ୍ଚ ଏହି ଅଲ-ଫଲାହ ବିଶ୍ୱବିଦ୍ୟାଳୟ ବିରୋଧରେ ଦୁଇଟି ଏତଲା ରୁଜୁ କରିଛି । ଜାଲିଆତି ଏବଂ ଠକେଇ ମାମଲାକୁ ନେଇ ଏହି ପଦକ୍ଷେପ ଗ୍ରହଣ କରାଯାଇଛି । ଅନିୟମିତତାକୁ ନେଇ ୟୁଜିସି ଏବଂ ନାକ୍‌ର ଅଭିଯୋଗ କ୍ରମେ ଦିଲ୍ଲୀ ପୁଲିସ ନୋଟିସ ଜାରି କରିଛି ଓ ନିର୍ଦ୍ଦିଷ୍ଟ ପ୍ରମାଣପତ୍ର ମାଗି ତଦନ୍ତ ଆରମ୍ଭ କରିଛି । ଏହା ମଧ୍ୟରେ ଆତଙ୍କବାଦୀ ଲିଙ୍କ୍‌କୁ ନେଇ ଆଜି ୫ ଡାକ୍ତରଙ୍କୁ ଗିରଫ କରାଯାଇଛି । ସେମାନଙ୍କ ମଧ୍ୟରେ ହରିୟାଣା ନୁହର ୩ ଜଣ, ପଶ୍ଚିମବଙ୍ଗ ଏବଂ ପଞ୍ଜାବରୁ ଜଣେ ଲେଖାଏଁ ଡାକ୍ତର ସାମିଲ ଅଛନ୍ତି ।

ଅନ୍ୟପଟେ ଏନ୍‌ଆଇଏ, ଦିଲ୍ଲୀ, ଜମ୍ମୁ-କଶ୍ମୀର, ହରିୟାଣା, ୟୁପି ପୁଲିସ ଅଲ-ଫଲାହରେ ଶନିବାର ପହଞ୍ଚି ଯାଞ୍ଚ କରିଛି । ଅନେକ ଘଣ୍ଟା ପର୍ଯ୍ୟନ୍ତ ଏହି ଯାଞ୍ଚ ଜାରି ରହିଥିଲା । ଇମାମଙ୍କୁ ପଚରାଉଚୁରା ମଧ୍ୟ କରାଯାଇଥିଲା । ଏଠାରେ

- **ୟୁଜିସି ଓ ନାକ ପକ୍ଷରୁ ଅନିୟମିତତା ଅଭିଯୋଗ**
- **ଅଲ-ଫଲାହରେ ଚଢ଼ଉ, ଦିଲ୍ଲୀ ପୁଲିସର ଏତଲା ରୁଜୁ**
- **'ଡେଡ୍ ଡ୍ରପ' ଇମେଲରେ କଥା ହେଉଥିଲେ ଆତଙ୍କବାଦୀ**

ରହୁଥିବା କଶ୍ମୀର ନାଗରିକଙ୍କ ତାଲିକା ପ୍ରସ୍ତୁତ କରି ଘର ଯାଞ୍ଚ କରାଯାଇଥିଲା । ଆତଙ୍କବାଦୀ ଲିଙ୍କ୍ ସାମ୍ନାକୁ ଆସିବା ପରେ ଏହି ବିଶ୍ୱବିଦ୍ୟାଳୟର ୨୨ ଡାକ୍ତର ଫେରାର ଅଛନ୍ତି । ସେମାନଙ୍କ ମୋବାଇଲ ଫୋନ୍ ସ୍ୱିଚଅଫ୍ ରହିଛି । ବିସ୍ଫୋରଣ ମାମଲାରେ ଗିରଫ ଡ. ମୁଜାମିଲ ସହ ଏହି ଡାକ୍ତରଙ୍କ ସମ୍ପର୍କ ଥିଲା । ସେହିପରି ଏହି ବିଶ୍ୱବିଦ୍ୟାଳୟରେ ପଢୁଥିବା ୪୦ ପ୍ରତିଶତ ଡାକ୍ତର କଶ୍ମୀର ବାସିନ୍ଦା ବୋଲି ଜଣାପଡ଼ିଛି । ୨୦୨୧ ମହିଳା ଆତଙ୍କବାଦୀ ଡ. ସାହିନ ପ୍ରାଧ୍ୟାପିକା ଭାବେ ଏଠାରେ ଯୋଗ ଦେଇଥିଲେ । ତାକୁ କଲେଜର ୬ ସଦସ୍ୟ ବିଶିଷ୍ଟ ଫାର୍ମାକୋ ଭିଜିଲାନ୍ସ କମିଟିରେ ଗୁରୁତ୍ୱପୂର୍ଣ୍ଣ ପଦ ଦିଆଯାଇଥିଲା । ସେ ହିଁ ୨୦୨୨ରେ ପୁଲୱାମା ଡ. ମଜାମିଲ ଗନି, ଡ. ଉମର ନବି, ଡ.ସଜାଦ ଅହମ୍ମଦକୁ ଚାକିରି ଦେଇଥିଲା । ଅଲ-ଫଲାହରେ ସାହିନ ଏବଂ ସଜାଦର ବହୁତ ପ୍ରଭାବ ଥିଲା । ସେହିପରି ଅଭିଯୁକ୍ତ ମୁଜାମିଲ ଏବଂ ଉମର ସହ ସମ୍ପର୍କ ରଖିଥିବା ଡ. ମୁସ୍ତକିମକୁ ଧରିବା ପାଇଁ ତଲାସୀ ଅଭିଯାନ ଜାରି ରହିଛି ।

ଦିଲ୍ଲୀ ବିସ୍ଫୋରଣରେ ସାମିଲ ଏହି ଆତଙ୍କବାଦୀ ପରସ୍ପର ମଧ୍ୟରେ କଥା ହେବାକୁ ଏବଂ ଷଡ଼ଯନ୍ତ୍ର ପାଇଁ 'ଡେଡ୍ ଡ୍ରପ୍' ଇ-ମେଲ ବ୍ୟବହାର କରୁଥିଲେ । ଏଥିରେ ଇମେଲର ଡ୍ରାଫ୍ଟ ଫୋଲ୍ଡରକୁ ସେଭ କରିଦିଆଯାଇଥାଏ । ପରେ ଏହାକୁ ପଢିବା ପାଇଁ ଅନ୍ୟ ଜଣେ ଲଗ୍ ଇନ କରିଥାଏ । ଏହାର ଡିଜିଟାଲ ଫୁଟପ୍ରିଣ୍ଟର ସନ୍ଧାନ କରିବା ଅତ୍ୟନ୍ତ କଷ୍ଟସାଧ । ତଦନ୍ତରୁ ଜଣାପଡ଼ିଛି ଯେ ଟେରର ମଡ୍ୟୁଲୋରେ ସାମିଲ ଡାକ୍ତର ପରସ୍ପରକୁ ଇ-ମେଲ ପଠାଉ ନ ଥିଲେ । ଅନ୍ୟପକ୍ଷରେ ମହିଳା ଆତଙ୍କବାଦୀ ଡ. ସାହିନ ବିସ୍ଫୋରଣ ପରେ ଦେଶ ଛାଡ଼ି ପଳାଇବାକୁ ଯୋଜନା କରିଥିଲା । ସେ ଦିଲ୍ଲୀ ବିସ୍ଫୋରଣର ସାତ ଦିନ ପୂର୍ବରୁ ପାସ୍‌ପୋର୍ଟ ଯାଞ୍ଚ କରାଇ ଥିଲା । ସାହିନର କୋଡନେମ 'ମ୍ୟାଡାମ ସର୍ଜନ' ଥିଲା ।

## ଶିଶୁକୁ ହତ୍ୟା କଲେ ୪ ଜଣ ମାଉସୀ

ଯୋଧପୁର, ୧୫ ।୧୧(ଏଜେନ୍ସି): ରାଜସ୍ଥାନର ଯୋଧପୁରରେ ଏକ ୧୭ ଦିନର ନୀରିହ ଶିଶୁକୁ ନିର୍ମମ ଭାବେ ହତ୍ୟା କରାଯାଇଛି । ଶିଶୁର ୪ ଜଣ ମାଉସୀ ହତ୍ୟା କରିଛନ୍ତି ବୋଲି ଅଭିଯୋଗ ହୋଇଛି । ୪ ଜଣଙ୍କୁ ଗିରଫ କରାଯାଇ ପଚରା ଉଚରା କରାଯାଉଛି । ପ୍ରଥମେ ହାତଗୋଡ ଭାଙ୍ଗିବା ପରେ ଶିଶୁର ତଣ୍ଟି ଚିପି ହତ୍ୟା କରାଯାଉଛି ବୋଲି ତା'ର ପିତା ଅଭିଯୋଗ କରିଛନ୍ତି । ଶିଶୁଟିର ତୁଟି ମଧ୍ୟ ଟଣା ଯାଇଥିଲା । ଗୁଣିଗାରେଡ଼ି କାରଣରୁ ଶିଶୁକୁ ହତ୍ୟା କରାଯାଇଛି ବୋଲି ପୁଲିସ ସନ୍ଦେହ କରୁଛି । ନେହରୁ ନଗର କଲୋନୀରେ ଏହି ଘଟଣା ଘଟିଛି । ପତି ପୁନାରାମ ଓ ପତ୍ନୀ ସୁମନ ୧୭ଦିନ ତଳେ ପିତାମାତା ହେବାର ସୌଭାଗ୍ୟ ଲାଭ କରିଥିଲେ । ଶୁକ୍ରବାର ରାତିରେ ସୁମନ ଗାଧୁଆଘର ଯାଇଥିବା ବେଳେ ତାଙ୍କର ୪ ଭଉଣୀ ପୁଅ ପ୍ରତ୍ୟୁକ୍ଷକୁ ହତ୍ୟା କରିଥିଲେ । ମୋର ଶ୍ୱଶୁର ଘର ଲୋକେ ଅନ୍ଧବିଶ୍ୱାସି ରହିଆସିଛନ୍ତି । ଏହି କାରଣରୁ ୪ ଜଣ ମାଉସୀ ସାଥି ହୋଇ ପୁଅକୁ ହତ୍ୟା କରିଛନ୍ତି ବୋଲି ପୁନାରାମ ଅଭିଯୋଗ କରିଛନ୍ତି । ପୁନାରାମଙ୍କ ଶ୍ୱଶୁର ତଥା ସୁମନଙ୍କ ପିତା ଦିଲ୍ଲୀରେ ବାୟୁସେନାରେ କାର୍ଯ୍ୟକରନ୍ତି । ତାଙ୍କ ୭ ଝିଅ ଓ ଗୋଟିଏ ପୁଅ ରହିଛନ୍ତି । ସୁମନ ତାଙ୍କର ଦ୍ୱିତୀୟ ଝିଅ । ଶିଶୁର ୪ ମାଉସୀଙ୍କ ବିରୋଧରେ ପୁଲିସ ମାମଲା ରୁଜୁ କରିଛି । ନ୍ୟାସନାଲ ଫ୍ୟାମିଲ ହେଲଥ ସର୍ଭେ ଅନୁସାରେ ୨୦୨୨ରେ ଶିଶୁ ମୃତ୍ୟୁହାର ୩୯ ପ୍ରତିଶତ ରହିଛି । କିନ୍ତୁ ୨୦୨୩ରେ ଏଥିରେ ସୁଧାର ହୋଇଛି ଓ ହାର ୨୯ ପ୍ରତିଶତ ରହିଛି ।

# ଗାଜା ଦୁଇ ଭାଗ କରିବାକୁ ଆମେରିକାର ଯୋଜନା

ୱାଶିଂଟନ, ୧୫ ।୧୧(ଏଜେନ୍ସି): ଆମେରିକା ଗାଜାକୁ ଦୁଇ ଭାଗରେ ବିଭକ୍ତ କରିବାକୁ ପ୍ରସ୍ତୁତି କରୁଛି । ଏଥିପାଇଁ ଏକ ଦୀର୍ଘକାଳୀନ ଯୋଜନା ପ୍ରସ୍ତୁତ କରାଯାଉଛି । ଗୋଟିଏ ଭାଗ ଇଣ୍ଟରନ୍ୟାସନାଲ ଫୋର୍ସ (ଆଇଏସ୍‌ଏଫ୍) ଓ ଇସ୍ରାଏଲ ସେନାର ନିୟନ୍ତ୍ରଣରେ ରହିବ ଓ ଏହାକୁ ଗ୍ରୀନ୍ ଜୋନ କୁହାଯିବ । ଅନ୍ୟପଟେ ପାଲେଷ୍ଟାଇନ ନାଗରିକ ରହୁଥିବା ଅଞ୍ଚଳକୁ ଭଗ୍ନାବଶେଷ ସ୍ଥଳି ଭାବେ ରହିବାକୁ ଦିଆଯିବ ଓ ଏହାକୁ ରେଡ୍ ଜୋନ ବୋଲି କୁହାଯିବ । ପାଖାପାଖି ସବୁ ପାଲେଷ୍ଟାଇନ ନାଗରିକ ରେଡ୍ ଜୋନକୁ ବିସ୍ଥାପିତ ହୋଇଛନ୍ତି । ବ୍ରିଟେନ ଜଣାଶୁଣା ଖବର କାଗଜ 'ଦି ଗାର୍ଡିଆନ୍' ଦ୍ୱାରା ପ୍ରକାଶିତ ଏକ ରିପୋର୍ଟରେ ଏହା ଉଲ୍ଲେଖ କରାଯାଇଛି । ଆମେରିକୀୟ ସେନାର ଗୁଇନ୍ଦା କାଗଜପତ୍ର ଓ ଅଧିକାରୀମାନଙ୍କ ବ୍ୟକ୍ତିଗତ ମନ୍ତବ୍ୟକୁ ଆଧାର କରି ଏହି ରିପୋର୍ଟ ପ୍ରସ୍ତୁତ କରାଯାଇଛି । ରିପୋର୍ଟ ଅନୁସାରେ ଏହି ଯୋଜନାକୁ ଲାଗୁ କରିବାର ପ୍ରକ୍ରିୟା ଆରମ୍ଭ ହୋଇସାରିଛି ବୋଲି କୁହାଯାଇଛି ।



- **ଗ୍ରୀନ ଜୋନ୍‌ରେ ଇସ୍ରାଏଲ୍‌ର ନିୟନ୍ତ୍ରଣ**
- **ପାଲେଷ୍ଟାଇନ୍ ନାଗରିକଙ୍କୁ ରେଡ୍ ଜୋନ୍**

ଗାଜାର ପୂର୍ବ ଅଂଶକୁ ଗ୍ରୀନ୍ ଓ ପଶ୍ଚିମ ପଟକୁ ରେଡ୍ ଜୋନ୍‌ରେ ବିଭକ୍ତ କରାଯିବ । ଗ୍ରୀନ୍ ଜୋନରେ ଇସ୍ରାଏଲ ସମେତ ବିଦେଶୀ ସୈନିକ ମଧ୍ୟ ନିୟୋଜିତ ହେବେ । ପ୍ରଥମେ କେତେଶହ ସୈନିକଙ୍କୁ ଓ ପରେ ଏହି ସଂଖ୍ୟାକୁ ୨୦ ହଜାରକୁ ବୃଦ୍ଧି କରାଯିବ । କୌଣସି ବିଦେଶୀ ସୈନିକଙ୍କୁ ଗ୍ରୀନ୍ ଜୋନ ବାହରକୁ ଯିବା ପାଇଁ ଅନୁମତି ଦିଆଯିବ ନାହିଁ । ଅନ୍ୟପଟେ ରେଡ୍ ଜୋନ୍ ଯୁଦ୍ଧ ଯୋଗୁଁ ବହୁତ କ୍ଷତିଗ୍ରସ୍ତ ହୋଇ ଧ୍ୱଂସସ୍ତୁପରେ ପରିଣତ ହୋଇଛି । ଏଠାରେ କୌଣସି ପୁନଃନିର୍ମାଣ କାର୍ଯ୍ୟ କରାଯିବ ନାହିଁ । ଏହି ଜୋନରେ ୨୦ ଲକ୍ଷ ପାଲେଷ୍ଟାଇନ୍ ନାଗରିକ ଫସି ରହିଛନ୍ତି । ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱାରା ହୋଇଥିବା ଅସ୍ତ୍ରବିରତି ଚୁକ୍ତିକୁ ନେଇ ଏହି ଯୋଜନା ପ୍ରଶ୍ନବାଚୀ ସୃଷ୍ଟି କରିଛି । ତେବେ ଗାଜାକୁ ଏକାଠି କରି ପାଲେଷ୍ଟାଇନ୍ ଶାସନ ଲାଗୁ କରାଯିବ ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଛି ।

## ଜିଅନ୍ତା ଜଳିଗଲେ ପରିବାରର ୫ ସଭ୍ୟ

ମୁଜାଫରପୁର, ୧୫ ।୧୧(ଏଜେନ୍ସି): ବିହାରର ମୁଜାଫରପୁରରେ ଗୋଟିଏ ପରିବାରର ୫ ସଦସ୍ୟ ଜିଅନ୍ତା ଜଳିଯିବା ସହ ମୃତ୍ୟୁବରଣ କରିଛନ୍ତି । ମୃତକଙ୍କ ମଧ୍ୟରେ ସ୍ୱାମୀ-ସ୍ତ୍ରୀ, ସେମାନଙ୍କ ଦୁଇ ପିଲା ଓ ମା ସାମିଲ ରହିଛନ୍ତି । ଏହି ଘଟଣାରେ ଅନ୍ୟ ୫ ଜଣ ମଧ୍ୟ ଜଳିଯାଇଛନ୍ତି । ଏମାନଙ୍କ ମଧ୍ୟରୁ ୪ ଜଣଙ୍କ ଅବସ୍ଥା ଗୁରୁତର ରହିଛି ଓ ଏମାନଙ୍କୁ ଚିକିତ୍ସା ପାଇଁ ଶ୍ରୀ କ୍ରିଷ୍ଣା ମେଡିକାଲ କଲେଜ (ଏସ୍‌କେଏମ୍‌ସି)ରେ ଭର୍ତ୍ତି କରାଯାଇଛି । ଆହତଙ୍କ ଶରୀରର ୯୮ ପ୍ରତିଶତ ଜଳିଯାଇଛି । ସେହିପରି ଜଣେ ଯୁବକ ମାମୁଲି ଭାବେ ଆହତ ହୋଇଛନ୍ତି ଓ ମୋତିପୁର ପିଏଚ୍‌ସିରେ ତାଙ୍କୁ ଚିକିତ୍ସା କରାଯାଉଛି । ମୋତିପୁରର ୧୩ ନଂ ୱାର୍ଡରେ ଶୁକ୍ରବାର ବିଳମ୍ବିତ ରାତିରେ ଏକ ଘରେ ନିଆଁ ଲାଗିଥିଲା । ସେତେବେଳେ ପରିବାର ଲୋକେ ଶୋଇ ରହିଥିଲେ । ଫଳରେ ସେମାନେ ନିଜକୁ ରକ୍ଷା କରିବାର ସୁଯୋଗ ପାଇ ନଥିଲେ । ତୃତୀୟ ମହଲାରେ ନିଆଁ ଲାଗିଥିଲା । ଏଥିରେ ୫ ଜଣ ମୃତ୍ୟୁବରଣ କରିଥିବା ବେଳେ ୫ ଜଣ ଆହତ ହୋଇଛନ୍ତି ବୋଲି ସ୍ଥାନୀୟ ଡିଏସ୍‌ପି ସୁଚିତ୍ରା କୁମାରୀ କହିଛନ୍ତି । ଏହି ଘଟଣା ଯାଞ୍ଚ କରାଯାଉଛି । ସର୍ଟ ସର୍କିଟ କାରଣରୁ ଏହି ନିଆଁ ଲାଗିଥିଲା ବୋଲି ଆଶଙ୍କା କରାଯାଉଛି ।

## ରାଜ୍ୟରେ ଚିନ୍ତାଜନକ ସ୍ଥିତିରେ ଦୁର୍ଘଟଣା

# ଦିନକୁ ଗଡୁଛି ୧୬ ମୁଣ୍ଡ

ଭୁବନେଶ୍ୱର,୧୫ ।୧୧(ସମିସ): ରାଜ୍ୟରେ ସଡ଼କ ଦୁର୍ଘଟଣା ଏବେ ସମସ୍ତଙ୍କ ପାଇଁ ମୁଣ୍ଡବିନ୍ଧାର କାରଣ ପାଲଟିଛି । ପରିବହନ ବିଭାଗଠାରୁ ଆରମ୍ଭ କରି ଟ୍ରାଫିକ୍ ପୁଲିସ ପର୍ଯ୍ୟନ୍ତ, ସବୁ ସ୍ତରରେ କଡ଼ାକଡ଼ି ଯାଞ୍ଚ ହେଉଥିଲେ ବି ଦୁର୍ଘଟଣା ଓ ଦୁର୍ଘଟଣାଜନିତ ମୃତ୍ୟୁ ହାରରେ ରୋକ୍

- ଗତବର୍ଷ ତୁଳନାରେ ବଢ଼ିଛି ୬.୭୫ ପ୍ରତିଶତ
- ୧୦ ବର୍ଷରେ ମଲେଣି ୪୮ ହଜାର
- ଫାଶ ବସାଇଛି ପର୍ଯ୍ୟଟନ ଋତୁ
- ରାଜ୍ୟରେ ୧୯୫ ବ୍ଲାକସ୍ପଟ୍ ଚିହ୍ନଟ

ଲାଗିପାରୁନି । ଯେତିକି ମରୁଛନ୍ତି, ତା'ଠାରୁ ଢେର୍ ଅଧିକ ସବୁଦିନ ପାଇଁ ପଙ୍ଗୁ ହୋଇଯାଉଛନ୍ତି । ସରକାରୀ ତଥ୍ୟ ମୁତାବକ, ପ୍ରତିବର୍ଷ ଦେଶରେ ଦେଢ଼ଲକ୍ଷ ଲକ୍ଷ ଦୁର୍ଘଟଣାରେ ପ୍ରାଣ ହରାଉଛନ୍ତି । ଏ ଅଲୋଡ଼ା ରେକର୍ଡରେ ଓଡ଼ିଶାର ଭାଗ ଅଧିକ । ଦୁର୍ଘଟଣା ରାଜ୍ୟରେ ପ୍ରତିବର୍ଷ ୫ ହଜାର ଜୀବନ ନେଉଛି । ଗତ ୧୦ ବର୍ଷର ତଥ୍ୟ ଉପରେ ଆଖି ପକାଇଲେ, ରାଜ୍ୟରେ ଏହା(ଦୁର୍ଘଟଣା) ମହାମାରୀଠାରୁ ବି ଭୟଙ୍କର ବୋଲି ଜଣାଯାଇଛି । ଏହି ଅବଧି ମଧ୍ୟରେ ଓଡ଼ିଶାରେ ୪୮ ହଜାରରୁ ଅଧିକ ଲୋକଙ୍କ ଜୀବନ ନେଇଛି ଦୁର୍ଘଟଣା । ଖାଲି ସେତିକି ନୁହେଁ, ଏକ ଲକ୍ଷରୁ ଅଧିକ ଲୋକେ ଗୁରୁତର ଆହତ ହୋଇଛନ୍ତି । ଏହି ଆଧାରରେ ଦେଖିବାକୁ ଗଲେ, ଦୁର୍ଘଟଣାରେ ରାଜ୍ୟରେ ଦିନକୁ ହାରାହାରି ୧୬ ଜଣଙ୍କ ମୁଣ୍ଡ ଗଡୁଛି ।

୨୦୨୩ ମସିହାରେ ରାଜ୍ୟରେ ମୋଟ ୧୧ହଜାର




୯୯୨ଟି ସଡ଼କ ଦୁର୍ଘଟଣା ଘଟିଥିବା ବେଳେ ଏଥିରେ ୫ହଜାର ୭୩୯ଟି ଅମୂଲ୍ୟ ଜୀବନ ଯାଇଛି । ସେହିପରି ଗତବର୍ଷ ରାଜ୍ୟରେ ୧୨ ହଜାର ୩୭୫ଟି ସଡ଼କ ଦୁର୍ଘଟଣା ଘଟିଥିବା ବେଳେ ୬ ହଜାର ୧୪୨ଜଣ ପ୍ରାଣ ହରାଇଛନ୍ତି । ଚଳିତବର୍ଷ ଅର୍ଥାତ୍ ୨୦୨୫ ଜୁଲାଇ ମଧ୍ୟରେ ୭୫୩୬ଟି ସଡ଼କ ଦୁର୍ଘଟଣାରେ ୩ ହଜାର ୮୯୧ ଲୋକ ମୃତ୍ୟୁବରଣ କରିଛନ୍ତି । ୨୦୨୪ ଓ ୨୦୨୫ର ଜାନୁୟାରୀରୁ ଜୁଲାଇ ମାସ ମଧ୍ୟରେ ହୋଇଥିବା ଦୁର୍ଘଟଣା ତଥ୍ୟ ତୁଳନା କରିବା ପରେ ସାଙ୍ଘାତିକ କଥା ପଦାକୁ ଆସିଛି । ଗତବର୍ଷ ତୁଳନାରେ ଚଳିତବର୍ଷ ରାଜ୍ୟରେ ଦୁର୍ଘଟଣା ହାର ୬.୭୫ ପ୍ରତିଶତ ବୃଦ୍ଧି ପାଇଛି । ଦୁର୍ଘଟଣା ହାର ବୃଦ୍ଧି ପାଇବା ରାଜ୍ୟରେ ସଡ଼କ ଦୁର୍ଘଟଣାର ଚିନ୍ତାଜନକ ସ୍ଥିତି ସାମ୍ନାକୁ ଆସିଛି ।

ସେପଟେ ୨୦୨୩ ମସିହା ତଥ୍ୟକୁ ଦେଖିଲେ, ସମୁଦାୟ ଦୁର୍ଘଟଣାର ୩୭ ପ୍ରତିଶତ ଦୁର୍ଘଟଣା ଜାତୀୟ ରାଜପଥରେ ଘଟିଛି । ଆଉ ୩୭ ପ୍ରତିଶତ ବା ପ୍ରାୟ ୨୧୦୦ ଜଣ ଜାତୀୟ ରାଜପଥରେ ହିଁ ପ୍ରାଣ ହରାଇଛନ୍ତି । ସେହିବର୍ଷ ଅକ୍ଟୋବରରୁ ଫେବୃୟାରୀ ମଧ୍ୟରେ ସର୍ବାଧିକ ଦୁର୍ଘଟଣା ଓ ତଦ୍‌ଜନିତ ମୃତ୍ୟୁ ହୋଇଥିବା ତଥ୍ୟରୁ ଜଣାପଡ଼ିଛି । ଏଭଳି ହେବାର କାରଣ ମଧ୍ୟ ଆଶ୍ଚର୍ଯ୍ୟଜନକ । ଅକ୍ଟୋବରରୁ ଫେବୃୟାରୀ ମଧ୍ୟରେ ପର୍ଯ୍ୟଟନ ଋତୁ ହୋଇଥିବାରୁ ଜାତୀୟ ରାଜପଥରେ ଅଧିକ ଗାଡ଼ି ଚଳାଚଳ କରୁଛି । ଲୋକମାନେ ବଣଭୋଜି ଓ ତୀର୍ଥସ୍ଥଳୀ ସ୍ଥଳକୁ ଯାଉଥିବା ବେଳେ କୁହୁଡ଼ି ଯୋଗୁଁ ରାସ୍ତା ଠିକ୍‌ରେ ଦୃଶ୍ୟମାନ ହେଉନାହିଁ । ଫଳରେ ଦୁର୍ଘଟଣା ଘଟି ଧନଜୀବନ ହାନି ହେଉଛି । ସେହିପରି ରାଜପଥରେ ବେଆଇନ ପାର୍କିଂ ଓ ମଦ୍ୟପାନ ଜନିତ ଗାଡ଼ି ଚାଳନା ଏହାର ଅନ୍ୟତମ କାରଣ । ରାଜ୍ୟରେ ୧୯୫ଟି ବ୍ଲାକସ୍ପଟ୍ ଚିହ୍ନଟ ହୋଇଥିବା ବେଳେ ସେଠାରେ ଯେପରି ଭାବେ ସତର୍କତା ଅବଲମ୍ବନ କରିବା କଥା, ତାହା କରାନଯିବା ମଧ୍ୟ ଆଉ ଏକ କାରଣ ବୋଲି କୁହାଯାଉଛି ।

### ଆଜିଠୁ ଶୂନ୍ୟ ମୃତାହତ ପକ୍ଷ

ଭୁବନେଶ୍ୱର, ୧୫ ।୧୧(ସମିସ): ଆସନ୍ତା ୧୬ରୁ ୩୦ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ଶୂନ୍ୟ ମୃତାହତ ପକ୍ଷ ପାଳନ ହେବ । ବାଣିଜ୍ୟ ଓ ପରିବହନ ବିଭାଗ ପକ୍ଷରୁ ଏନେଇ ସାରା ରାଜ୍ୟରେ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଏହି ସମୟରେ, ୪ଟି 'ଇ' ଯଥା- ଏନଫୋର୍ସମେଣ୍ଟ, ଇଂଜିନିୟରିଂ, ଏଜୁକେସନ୍ ଓ ଏମର୍ଜେନ୍ସି କେୟାର୍‌କୁ ପ୍ରାଧାନ୍ୟ ଦିଆଯିବ । ବିଭାଗୀୟ ମନ୍ତ୍ରୀ ବିଭୂତି ଭୂଷଣ ଜେନା ଆଜି ଏହି ସୂଚନା ଦେଇଛନ୍ତି । ଆଜି ଏ ସମ୍ପର୍କରେ ଅନୁଷ୍ଠିତ ଏକ ବୈଠକରେ ମନ୍ତ୍ରୀ ଶ୍ରୀ ଜେନା ବିଭାଗୀୟ ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ ଏବଂ ପରିବହନ କମିଶନର ଅମିତାଭ ଠାକୁରଙ୍କ ସହ ଆଲୋଚନା କରିଛନ୍ତି । ଶୂନ୍ୟ ମୃତାହତ ପକ୍ଷ ପାଳନକୁ ସଫଳ କରିବା ନେଇ ମନ୍ତ୍ରୀ ଶ୍ରୀ ଜେନା ବିଭିନ୍ନ ପରାମର୍ଶ ଦେଇଛନ୍ତି । ସୂଚନାନୁଯାୟୀ, ଏହି ଅବଧି ମଧ୍ୟରେ ସଡ଼କ ନିୟମ ଉଲ୍ଲଙ୍ଘନକାରୀଙ୍କ ବିରୋଧରେ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରାଯିବ । ସାରା ରାଜ୍ୟରେ ଯାଞ୍ଚ ପ୍ରକ୍ରିୟାକୁ କଡ଼ାକଡ଼ି କରାଯିବ । ଏଥିପାଇଁ ସମସ୍ତ ଜିଲ୍ଲା ପ୍ରଶାସନକୁ ବିଭାଗ ପକ୍ଷରୁ ଏକ ମାର୍ଗଦର୍ଶିକା ପ୍ରଦାନ କରାଯାଇଛି ।

## ଯୁବକଙ୍କ ଯୌନାଙ୍ଗ କାଟି ମାରିଦେଲେ

ବୀରମହାରାଜପୁର, ୧୫।୧୧ (ସମିସ): ଯୁବକଙ୍କ ଯୌନାଙ୍ଗ କାଟି ହତ୍ୟା । ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଥାନା ଅଞ୍ଚଳରେ ଆଜି ଏପରି ଏକ ଘଟଣା ଘଟିଛି । ମୃତକ ହେଲେ, ଭଜବଲପୁର ଗାଁର ରାକେଶ ବରିହା (୨୫) । ରଥପୁର ଛକ ନିକଟସ୍ଥ ରୁଗୁଡ଼ିମୁଣ୍ଡା ବନ୍ଧହିଡ଼ରୁ ତାଙ୍କ ମୃତଦେହ ଉଦ୍ଧାର ହୋଇଛି । ସୂଚନାନୁଯାୟୀ, ସକାଳୁ ବନ୍ଧହିଡରେ ରାକେଶଙ୍କ ମୃତଦେହ ପଡ଼ିଥିବା ରାସ୍ତାରେ ଯାଉଥିବା କିଛି ଲୋକ ଦେଖି ପୁଲିସକୁ ଖବର ଦେଇଥିଲେ । ବୀରମହାରାଜପୁର ପୁଲିସ ଘଟଣାସ୍ଥଳରେ ପହଞ୍ଚି ତନାଘନା କରିଥିଲା । ରାକେଶଙ୍କ ମୁଣ୍ଡ ଓ ବାମ ଆଖିରେ ଆଘାତ ଲାଗିଥିବା ବେଳେ ତାଙ୍କ ଯୌନାଙ୍ଗକୁ କାଟି ଦିଆଯାଇଥିଲା । ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି । ବ୍ୟବଚ୍ଛେଦ ପରେ ଅପରାହ୍ଣରେ ରାକେଶଙ୍କ ଶବକୁ ତାଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି । ପୁଲିସ ଏହି ହତ୍ୟାକାଣ୍ଡର ସବୁ ଦିଗକୁ ନେଇ ତଦନ୍ତ ଚଳାଇଛି । କିଛି ସ୍ଥାନୀୟ ଲୋକଙ୍କ କହିବାନୁଯାୟୀ, ସକାଳ ସାଢ଼େ ୪ଟାରେ ମର୍ଣ୍ଣିଂୱାକ୍‌ରେ ଗଲା ବେଳେ ସେମାନେ ବନ୍ଧ ପାଖରେ ଏକ ବଲୋରୋ ଗାଡ଼ି ଛିଡ଼ା ହୋଇଥିବା ଦେଖିବାକୁ ପାଇଥିଲେ । ଦୁର୍ବୃତ୍ତମାନେ ରାକେଶଙ୍କୁ ଅନ୍ୟତ୍ର ହତ୍ୟା କରିବା ପରେ ଉକ୍ତ ଗାଡ଼ିରେ ଏଠାରେ ଫିଙ୍ଗି ଦେଇଥିବା ପୁଲିସ ସନ୍ଦେହ କରୁଛି । ତେଣୁ ପୁଲିସ ଉକ୍ତ ଗାଡ଼ିକୁ ଠାବ କରିବା ପାଇଁ ଚେଷ୍ଟା ଚଳାଇଛି । ସେହିପରି ରାକେଶଙ୍କ ସହ କାହାର ଶତ୍ରୁତା ଥିଲା, ସେନେଇ ତାଙ୍କ ପରିବାରଲୋକଙ୍କୁ ମଧ୍ୟ ପୁଲିସ ପଚରାଉଚରା କରିଛି । ଘଟଣାର ଅଧିକ ତଦନ୍ତ ଜାରି ରହିଛି ଏବଂ ଖୁବ୍‌ଶୀଘ୍ର ଅଭିଯୁକ୍ତମାନେ ଧରାପଡ଼ିବେ ବୋଲି ବୀରମହାରାଜପୁର ଥାନା ଅଧିକାରୀ କହିଛନ୍ତି ।

## ସୃଷ୍ଟି ହେଲା ୪୪୩୩ଟି ନର୍ସିଂ ଅଫିସର ପଦ

ଭୁବନେଶ୍ୱର,୧୫।୧୧(ସମିସ): ରାଜ୍ୟ ସରକାର ସ୍ୱାସ୍ଥ୍ୟ ସେବାକୁ ଅଧିକ ଶୃଙ୍ଖଳିତ ଏବଂ ଲୋକାଭିମୁଖୀ କରିବା ପାଇଁ ୪୪୩୩ ଟି ନୂତନ 'ନର୍ସିଂ ଅଫିସର' ପଦ ସୃଷ୍ଟି କରିଛନ୍ତି । ସ୍ୱାସ୍ଥ୍ୟ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗଙ୍କ ଅନୁମୋଦନ ପରେ ଓଡ଼ିଶା ନର୍ସିଂ ସେବା କ୍ୟାଡର୍‌ର ଏହି ପଦଗୁଡ଼ିକ ସୃଷ୍ଟି କରାଯାଇଛି । ଏହି ପଦାଧିକାରୀମାନେ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ସବ୍ ହେଲ୍‌ଥ ସେଣ୍ଟରଗୁଡ଼ିକରେ ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଭାବେ କାର୍ଯ୍ୟ କରିବେ । ଏହି ନୂଆ ପଦବୀ ସୃଷ୍ଟିକୁ ଅର୍ଥ ବିଭାଗର ସହମତି ମିଳିଥିବାବେଳେ ଖୁବ୍‌ଶୀଘ୍ର ପରୀକ୍ଷା, ପ୍ରଶିକ୍ଷଣ ଓ ନିଯୁକ୍ତି ନେଇ ବିଭାଗ ପକ୍ଷରୁ ନିୟମାବଳୀ ପ୍ରକାଶ କରାଯିବ ।

### ରାଜ୍ୟସ୍ତରୀୟ ଜନଜାତୀୟ ଗୌରବ ଦିବସ

## ସ୍ୱାଧୀନତା ସଂଗ୍ରାମରେ ବିର୍ସା ମୁଣ୍ଡା ଏକ ସ୍ୱତନ୍ତ୍ର ଫର୍ଦ୍ଦ ଯୋଡ଼ିଥିଲେ: ମୁଖ୍ୟମନ୍ତ୍ରୀ

ରାଉରକେଲା, ୧୫ ।୧୧ (ସମିସ): ଜଣେ ଦେଶପ୍ରେମୀ ସଂଗ୍ରାମୀ ଭାବେ ବିର୍ସା ମୁଣ୍ଡା ଭାରତ ଇତିହାସରେ ସବୁଦିନ ପାଇଁ ଅମର ହୋଇ ରହିଛନ୍ତି । ବ୍ରିଟିଶ୍ ସରକାରର ଅନ୍ୟାୟ, ଅତ୍ୟାଚାରକୁ ସେ ଦୃଢ଼ ବିରୋଧ କରୁଥିଲେ । ବିହାର, ଝାଡ଼ଖଣ୍ଡ ଅଞ୍ଚଳର ସଂଗ୍ରାମୀମାନଙ୍କୁ ନେଇ ଏକ ବଡ଼ଧରଣର ବିପ୍ଲବ କରି ସେ ଦେଶର ସ୍ୱାଧୀନତା ସଂଗ୍ରାମ ଇତିହାସରେ ଏକ ସ୍ୱତନ୍ତ୍ର ଫର୍ଦ୍ଦ ଯୋଡ଼ିଥିଲେ । ସହିଦ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜୟନ୍ତୀ ଅବସରରେ ରାଉରକେଲାଠାରେ ଆୟୋଜିତ ରାଜ୍ୟସ୍ତରୀୟ 'ଜନଜାତୀୟ ଗୌରବ ଦିବସ'ରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଏହା କହିଛନ୍ତି ।



- ୧୩୪୫ କୋଟିର ପ୍ରକଳ୍ପ ଉଦ୍‌ଘାଟନ
- ହନୁମାନ ବାଟିକା-ପାୱାର ହାଉସ୍ ରାସ୍ତା ଭଗବାନ ବିର୍ସା ମୁଣ୍ଡାଙ୍କ ନାମରେ ନାମିତ

ଭଗବାନ ବିର୍ସା ମୁଣ୍ଡାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜଣାଇ ମୁଖ୍ୟମନ୍ତ୍ରୀ ଆହୁରି କହିଥିଲେ ଯେ କିଶୋର ବୟସରୁ ବିର୍ସା ଉପନିବେଶବାଦୀ ଶୋଷଣ ବିରୋଧୀ ଜନପ୍ରତିରୋଧର ନେତୃତ୍ୱ ନେଇଥିଲେ । ବ୍ରିଟିଶ୍ ଶାସନ ଓ ସ୍ଥାନୀୟ ଜମିଦାରଙ୍କ ଶୋଷଣ ଓ ଅତ୍ୟାଚାରରେ ନିଷ୍ପେସିତମାନଙ୍କ ସାମାଜିକ ଓ ଆର୍ଥିକ ଅଧିକାର ପାଇଁ ଲଢ଼େଇ ଜାରି ରଖିଥିଲେ । ବିର୍ସାଙ୍କ ବିଦ୍ରୋହ ଝାଡ଼ଖଣ୍ଡ, ଓଡ଼ିଶା, ବିହାର, ପଶ୍ଚିମବଙ୍ଗ ଏବଂ ମଧ୍ୟପ୍ରଦେଶ ପର୍ଯ୍ୟନ୍ତ ବ୍ୟାପ୍ତ ଥିଲା । ଇଂରେଜ ସରକାର ବିରୋଧରେ ତାହା ଏକ ବିରାଟ ଆଦିବାସୀ ଆନ୍ଦୋଳନର ରୂପ ନେଇଥିଲା ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ସୁନ୍ଦରଗଡ଼ ଜିଲ୍ଲା ପାଇଁ ୧୩୪୫ କୋଟି ଟଙ୍କା ମୂଲ୍ୟର ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଉଦ୍‌ଘାଟନ କରିବା ସହ ୬୦୯ କୋଟି ଟଙ୍କା ମୂଲ୍ୟର ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହାସହ ରାଉରକେଲା ସହରର ହନୁମାନ ବାଟିକା ଛକରୁ ପାୱାର ହାଉସ୍ ଛକ ପର୍ଯ୍ୟନ୍ତ ରାସ୍ତାକୁ ଭଗବାନ ବିର୍ସା ମୁଣ୍ଡା ରାସ୍ତା ଭାବେ ନାମିତ କରିଛନ୍ତି ।

କାର୍ଯ୍ୟକ୍ରମରେ ଓଡ଼ିଶା ବିଧାନସଭାର ଉପବାଚସ୍ପତି ଭବାନୀ ଶଙ୍କର ଭୋଇ, ରାଉରକେଲା ବିଧାୟକ ସାରଦା ପ୍ରସାଦ ନାୟକ, ରଘୁନାଥପାଲି ବିଧାୟକ ଦୁର୍ଗାଚରଣ ତନ୍ତୀ ପ୍ରମୁଖ ଉପସ୍ଥିତ ଥିଲେ । ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗର କମିଶନର ତଥା ଶାସନ ସଚିବ ବି. ପରମେଶ୍ୱରନ୍ ସ୍ୱାଗତ ଭାଷଣ ଦେଇଥିଲେ । ସୁନ୍ଦରଗଡ଼ ଜିଲ୍ଲାପାଳ ଡ. ଶୁଭଙ୍କର ମହାପାତ୍ର ଉପସ୍ଥିତ ଥିଲେ ।

ସୂଚନାଯୋଗ୍ୟ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗୁଜରାଟରୁ ସହିଦ ବିର୍ସା ମୁଣ୍ଡାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରି ଦେଶବାସୀଙ୍କୁ ଉଦ୍‌ବୋଧନ ଦେଇଛନ୍ତି ।

### ଏସ୍‌ଆଇ ଚାକିରି ବିକ୍ରି ଘଟଣା

## ତୁରନ୍ତ ପରୀକ୍ଷା ଦାବିରେ ଆଶାୟୀଙ୍କ ଆନ୍ଦୋଳନ

ଭୁବନେଶ୍ୱର,୧୫ ।୧୧(ସମିସ): ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ରାକେଟ୍ ଧରା ପଡ଼ିଲା; କ୍ରାଇମ୍‌ବ୍ରାଞ୍ଚ ଠାରୁ ତଦନ୍ତ ଭାର ସିବିଆଇ ନେଲା । ହେଲେ ପରୀକ୍ଷା କେବେ ହେବ ଏବଂ କିଏ ପରୀକ୍ଷା ପରିଚାଳନା କରିବ ସେ ସମ୍ପର୍କରେ କେହି ପଦୁଟିଏ କହୁନାହାନ୍ତି । ବାରମ୍ବାର ଦାବି ସତ୍ତ୍ୱେ ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ (ଓପିଆର୍‌ବି) ପକ୍ଷରୁ କୌଣସି ଉତ୍ତର ନ ପାଇବା ପରେ ଆଶାୟୀମାନେ ଆନ୍ଦୋଳନକୁ ଓହ୍ଲାଇଛନ୍ତି । ଭୁବନେଶ୍ୱରରେ ଥିବା ଓପିଆର୍‌ବି କାର୍ଯ୍ୟାଳୟ ସମ୍ମୁଖରେ ବିଳମ୍ବିତ ରାତି ପର୍ଯ୍ୟନ୍ତ ଆନ୍ଦୋଳନ କରୁଥିବା ଆଶାୟୀମାନେ ପରୀକ୍ଷା କେବେ ହେବ, ସେନେଇ ସ୍ପଷ୍ଟୀକରଣ ଦେବାକୁ ଦାବି କରିଛନ୍ତି ।

ଆଶାୟୀଙ୍କ କହିବା କଥା, ଚାକିରି ବିକ୍ରି ଘଟଣାରେ ସିବିଆଇ ତଦନ୍ତ ଆରମ୍ଭ କରିଛି । ରାକେଟ୍‌ର ମୂଳ ପର୍ଯ୍ୟନ୍ତ ତଦନ୍ତକାରୀ ସଂସ୍ଥା କେବେ ପହଞ୍ଚିବ ଓ କେବେ ତଦନ୍ତ ସରିବ, ସେନେଇ କୌଣସି ସ୍ପଷ୍ଟତା ନାହିଁ । ୨୦୨୪ ଡିସେମ୍ବରରେ ୯୩୩ଟି ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ



- ଆଶାୟୀଙ୍କ ସହ ଆଲୋଚନା କଲେନି ଓପିଆର୍‌ବି ଅଧ୍ୟକ୍ଷ
- ଅଧ୍ୟକ୍ଷଙ୍କୁ ପଦଚ୍ୟୁତ କରି ପ୍ରକ୍ରିୟା ତ୍ୱରାନ୍ୱିତ କରିବାକୁ ଦାବି

ପାଇବାକୁ ପ୍ରାୟ ବର୍ଷେ ପୂରିବ । ଏହାରି ମଧ୍ୟରେ ଦୁଇ ଥର ପରୀକ୍ଷା ବାତିଲ୍ ହେଲାଣି । ଅନିଶ୍ଚିତତା ମଧ୍ୟରେ ଥିବା ଏହି ପରୀକ୍ଷା ପାଇଁ ପଢ଼ିବା ସହ ଶାରିରୀକ ପ୍ରସ୍ତୁତି ଜାରି ରଖିବା ପିଲାଙ୍କ ମାନସିକ ସ୍ଥିତିକୁ ଦୁର୍ବଳ କରୁଛି । ଗୋଟିଏ ପଟେ ତଦନ୍ତ ଚାଲୁଥିବାବେଳେ ସମାନ୍ତରାଳ ଭାବେ ପୁନଃ ପରୀକ୍ଷା ପାଇଁ କୌଣସି ପଦକ୍ଷେପ ନିଆଯାଉନି । ଏଣୁ ତ୍ୱରିତ ପରୀକ୍ଷା ପାଇଁ ପଦକ୍ଷେପ ନେବା ସହ ପରୀକ୍ଷା କେବେ ହେବ ସେନେଇ ଲିଖିତ ଭାବେ ଜଣାଇବାକୁ ଆଶାୟୀମାନେ ଦାବି କରିଛନ୍ତି । ସକାଳୁ ଆନ୍ଦୋଳନରେ ବସିଥିବା ଆଶାୟୀଙ୍କ ସହ ବିଳମ୍ବିତ ରାତି ଅର୍ଥାତ୍ ଖବର ଲେଖା ହେବା ପର୍ଯ୍ୟନ୍ତ ଓପିଆର୍‌ବି ଅଧ୍ୟକ୍ଷ ଆଲୋଚନା ନ କରିବାକୁ ନେଇ ଆଶାୟୀମାନେ ଅସନ୍ତୋଷ ଝାଡ଼ିଛନ୍ତି । ବ୍ୟାପକ କେଳେଙ୍କାରୀରେ ସମ୍ପୃକ୍ତ ଓପିଆର୍‌ବି ଅଧ୍ୟକ୍ଷଙ୍କୁ ପଦଚ୍ୟୁତ କରି ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ସେମାନେ ଦାବି କରିଛନ୍ତି ।

ସରକାର ଗଠନ ଠାରୁ ଦୁଇ ବର୍ଷ ମଧ୍ୟରେ ୬୫ ହଜାର ନିଯୁକ୍ତି ଦେବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ । ହେଲେ ଦୀର୍ଘ ବର୍ଷେ ହେବ କୌଣସି ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇନାହିଁ । ରାଜ୍ୟର ମେଧାବୀ ଛାତ୍ରଛାତ୍ରୀଙ୍କ ଜୀବନ ସହ ଖେଳିବାର ଅଧିକାର କାହାର ନାହିଁ; ସରକାର ମଧ୍ୟ ସେମାନଙ୍କ ଜୀବନ ସହ ଖେଳିବାକୁ ପ୍ରୟାସ ନ କରନ୍ତୁ ବୋଲି ଆଶାୟୀମାନେ ଚେତାବନୀ ଦେଇଛନ୍ତି ।

### ବିଲରେ ଜମିଛି ପାଣି

## ଗଜା ଧାନରେ ନିଆଁ ଲଗାଇଦେଲେ ଚାଷୀ

ଧରାକୋଟ,୧୫ ।୧୧(ସମିସ): ଚଳିତ ବର୍ଷ ଆବଶ୍ୟକତାଠାରୁ ଅଧିକ ବର୍ଷା ହେବାରୁ ଚାଷୀର ମେରୁଦଣ୍ଡ ଦୋହଲିଯାଇଛି । ଯଦିଓ ଧାନ ଫସଲ ଭଲ ହୋଇଛି ଏବଂ ଠିକ ସମୟରେ ଲଘୁଚାପ ଟଳି ଯିବାରୁ ଅମଳ ପାଇଁ ପାଗ ଅନୁକୂଳ ହେବନି, ତେଣୁ ନିଆଁ ଲଗାଇଦେଲୁ... ଜମି ଶୁଖିଲେ ବିରି, ମୁଗ ବୁଣି କିଛି ରୋଜଗାର ହେବ ବୋଲି ନିଆଁ ଲଗାଇଥିବା ଚାଷୀମାନେ କହିଛନ୍ତି । ଅନ୍ୟପକ୍ଷରେ କିଛି ଚାଷୀ ନିଜ ଜମିର ପାଣି ନିଷ୍କାସନ ପାଇଁ ନାଳ ବାହାର କରି ଅପେକ୍ଷାରେ ଅଛନ୍ତି ।



ଧରାକୋଟ ବ୍ଲକର ୧୮ଟି ପଞ୍ଚାୟତର ଧରାକୋଟ, ମୁଣ୍ଡମରାଇ, ଶରଧାପୁର, ବାହାରପୁର, ମାଣିକପୁର, ମଛାକୋଟ, ଡଉଗାଁ ଆଦି ପଞ୍ଚାୟତରେ ଥିବା କେନାଲ ପାର୍ଶ୍ୱ ଜମି, ଗହୀର ମଥାରେ ଥିବା ଚାଷ ଜମି ବର୍ତ୍ତମାନ ସୁଦ୍ଧା ପାଣି ଘେରରେ ରହିଛି । ଧାନ ପାଣିରେ ଲୋଟି ରହିଛି, ପାଣି ଛାଡ଼ିନଥିବାରୁ ମେସିନ ସାହାଯ୍ୟରେ କିମ୍ବା ଲୋକଙ୍କ ଦ୍ୱାରା ଚାଷୀ ଧାନ ରହିଛି, ହେଲେ ଗହୀରିଆ ଜମିରୁ ପାଣି ଏପର୍ଯ୍ୟନ୍ତ ଛାଡ଼ି ନାହିଁ । ଅନ୍ୟପକ୍ଷରେ ଧାନ ଗଛ ସବୁ ଦୀର୍ଘଦିନ ଧରି ଭୂମିରେ ଲୋଟି ରହିଛି । ଏଣୁ ଅଧିକାଂଶ ଗଛ ଗଜା ହେଲାଣି । ଏଣୁ ଚାଷୀ ବର୍ଷକର ଫସଲ ଆଖି ଆଗରେ ଉଜୁଡ଼ି ଯାଇଥିବାରୁ ଏଥିରେ ବ୍ୟତିବ୍ୟସ୍ତ ହୋଇ ନିଜ ହାତରେ କରିଥିବା ଫସଲରେ ନିଆଁ ଲଗାଇ ଦେଉଥିବା ଦେଖିବାକୁ ମିଳିଛି । ଧାନ ତ ଆଉ ଅମଳ କାଟିପାରୁନାହିଁ । ଫଳରେ ଦିନକୁ ଦିନ ଅଧିକ ପରିମାଣରେ ଧାନ ଗଜା ହେବାରେ ଲାଗିଛି । ଅନ୍ୟପଟରେ ପ୍ରଶାସନ ତରଫରୁ ଚଳିତ ବର୍ଷ କ୍ଷୟକ୍ଷତି ଆକଳନ ପାଇଁ ଏପର୍ଯ୍ୟନ୍ତ ତତ୍ପରତା ପ୍ରକାଶ ପାଇନାହିଁ । ଏଣୁ ଚାଷୀ ହତୋତ୍ସାହିତ ହୋଇ ନିଜ ଆଖି ଆଗରେ ନଷ୍ଟ ହୋଇଯାଇଥିବା ଫସଲରେ ନିଆଁ ଲଗାଇ ଦେଉଥିବା ଦେଖିବାକୁ ମିଳିଛି ।

## ସ୍ୱତନ୍ତ୍ର ଓଟିଇଟିରେ ୪୮୧୫୩ କୃତକାର୍ଯ୍ୟ

କଟକ,୧୫ ।୧୧(ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ) ଦ୍ୱାରା ପରିଚାଳିତ ସ୍ୱତନ୍ତ୍ର ଓଡ଼ିଶା ଟିଚର୍ ଏଲିଜିବିଲିଟି ଟେଷ୍ଟ(ଓଟିଇଟି)-୨୦୨୫ର ଫଳ ଆଜି ପ୍ରକାଶ ପାଇଛି । ବୋର୍ଡ ୱେବ୍‌ସାଇଟ୍‌ରେ ଏହି ଫଳ ଉପଲବ୍ଧ କରାଯାଇଛି । ଏହି ପରୀକ୍ଷାର ଦୁଇଟି ପେପର୍‌ରେ ମୋଟ୍ ପାସ୍ ହାର ୬୬.୫୦ ପ୍ରତିଶତ ହୋଇଛି ଓ ମୋଟ ୪୮ ହଜାର୧୫୩ଜଣ ପରୀକ୍ଷାର୍ଥୀ କୃତକାର୍ଯ୍ୟ ହୋଇଛନ୍ତି । ଗତ ୨୦୨୫ ସେପ୍ଟେମ୍ବର ୨୭ତାରିଖରେ ଅନୁଷ୍ଠିତ ହୋଇଥିବା ଏହି ପରୀକ୍ଷା ଦେବା ପାଇଁ ମୋଟ ୭୫୪୦୩ ଜଣ ପଞ୍ଜୀକରଣ କରିଥିଲେ । ସେମାନଙ୍କ ମଧ୍ୟରେ ୭୨ ହଜାର ୪୧୩ ଜଣ ପରୀକ୍ଷାରେ ଅବତୀର୍ଣ୍ଣ ହୋଇଥିଲେ । ପେପର୍-୧ ପାଇଁ ମୋଟ ୨୯ ହଜାର ୪ଜଣ ଫର୍ମ ଦାଖଲ କରିଥିଲା ବେଳେ ୨୭ ହଜାର ୫୩୩ଜଣ ପରୀକ୍ଷା ଦେଇଥିଲେ । ସେମାନଙ୍କ ମଧ୍ୟରୁ ୧୨ ହଜାର ୯୮୮ ଜଣ ଉତ୍ତୀର୍ଣ୍ଣ ହୋଇଛନ୍ତି । ପେପର୍-୧ରେ ପାସ୍ ହାର ୪୭.୧୭ ପ୍ରତିଶତ ରହିଛି । ସେହିଭଳି ପେପର୍-୨ ପାଇଁ ୪୬ ହଜାର ୩୯୯ଜଣ ଫର୍ମ ପୂରଣ କରିଥିବା ବେଳେ ୪୪ ହଜାର ୮୮୦ଜଣ ପରୀକ୍ଷାରେ ଅବତୀର୍ଣ୍ଣ ହୋଇଥିଲେ । ଏମାନଙ୍କ ମଧ୍ୟରୁ ୩୫ ହଜାର ୧୬୫ଜଣ ପାସ୍ କରିଛନ୍ତି । ଏଥିରେ ପାସ୍ ହାର ୭୮.୩୫ ପ୍ରତିଶତ ରହିଛି । ଯୋଗ୍ୟ ପ୍ରାର୍ଥୀମାନେ ସେମାନଙ୍କ ଡିଜିଟାଲ ପ୍ରମାଣପତ୍ରକୁ ବୋର୍ଡ ୱେବ୍‌ସାଇଟ୍‌ରୁ ଆଜିଠାରୁ ୨୦୨୬ ଜାନୁଆରୀ୧୫ ପର୍ଯ୍ୟନ୍ତ ଡାଉନ୍‌ଲୋଡ୍ କରିପାରିବେ ବୋଲି ବୋର୍ଡ ପକ୍ଷରୁ କୁହାଯାଇଛି । ସେହିଭଳି ଯେଉଁ ପ୍ରାର୍ଥୀମାନେ ଅକୃତକାର୍ଯ୍ୟ ହୋଇଛନ୍ତି, ସେମାନେ ଚାହିଁଲେ ବୋର୍ଡ ୱେବସାଇଟ୍‌ରୁ ଆଜିଠାରୁ ଆସନ୍ତା ନଭେମ୍ବର ୨୨ ତାରିଖ ପର୍ଯ୍ୟନ୍ତ ସେମାନଙ୍କର ଓଏମ୍‌ଆର୍ ଉତ୍ତରଖାତାକୁ ଡାଉନଲୋଡ୍ କରିପାରିବେ ।

## ପୁଣି ହାତୀଛୁଆର ମୃତଦେହ ଠାବ

ବାରିପଦା, ୧୫।୧୧ (ସମିସ): ବାରିପଦା ରେଞ୍ଜ ଅଧୀନ ହଳଦୀବଣି ଜଙ୍ଗଲରୁ ଏକ ନବଜାତ ହାତୀ ଶାବକର ମୃତଦେହ ଠାବ ହୋଇଛି । ଖବର ପାଇ ବନ ବିଭାଗ ଘଟଣାସ୍ଥଳରେ ପହଞ୍ଚି



ଶାବକର ଶବ ବ୍ୟବଚ୍ଛେଦ କରାଇବା ସହ ନମୁନା ସଂଗ୍ରହ କରିଛି । ୧୫ ଦିନ ବ୍ୟବଧାନରେ ଦୁଇ ଦୁଇଟି ହାତୀ ଶାବକର ମୃତ୍ୟୁ ଘଟିଥିବାରୁ ଏହି ବୃହତ୍‌କାୟ ପ୍ରାଣୀଙ୍କ ସୁରକ୍ଷାକୁ ନେଇ ପରିବେଶବିତ୍‌ଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇଛି । ସୂଚନାଯୋଗ୍ୟ, ପାଚିଲା ଧାନ ଖାଇବାକୁ ଶିମିଳିପାଳ ଅଭୟାରଣ୍ୟରୁ ଆସିଥିବା ୧୩ ଟିକିଆ ଏକ ହାତୀପଲ ବିଭିନ୍ନ ସଂରକ୍ଷିତ ଜଙ୍ଗଲରେ ଚଳପ୍ରଚଳ କରୁଛନ୍ତି । ଏହି ପଲରେ ଥିବା ଏକ ନବଜାତ ହାତୀ ଶାବକର କୌଣସି କାରଣରୁ ମୃତ୍ୟୁ ଘଟିଛି । ହଳଦୀବଣି ଜଙ୍ଗଲରେ ମରିପଡ଼ିଥିବା ଖବର ପାଇ ବନ ବିଭାଗ ପକ୍ଷରୁ ତଦନ୍ତ ଆରମ୍ଭ ହୋଇଛି ।

ଗତ ଅକ୍ଟୋବର ୩୦ ତାରିଖରେ ବାଙ୍ଗିରିପୋଷି ଅଞ୍ଚଳରେ ସେହି ପଲରୁ ଏକ ହାତୀ ଶାବକର ମୃତ୍ୟୁ ଘଟିଥିଲା । ସେତେବେଳେ ପଲରେ ଥିବା ଅନ୍ୟ ଗର୍ଭବତୀ ହାତୀ ପରେ ଜନ୍ମ ଦେଇଥିବା କୁହାଯାଉଛି । ତେବେ ଘଞ୍ଚ ଜଙ୍ଗଲ ପରିବର୍ତ୍ତେ ଏହି ହାତୀପଲ ବିଭିନ୍ନ ଧାନକ୍ଷେତ ଓ ଗାଁଗଣ୍ଡା ବୁଲୁଥିବାରୁ ଗୋଟିଏ ପରେ ଗୋଟିଏ ଶାବକ ପ୍ରାଣ ହରାଉଛନ୍ତି । ହାତୀ ମୃତ୍ୟୁର କାରଣ ଓ ସୁରକ୍ଷା ଦିଗରେ ବନବିଭାଗ ପକ୍ଷରୁ ପ୍ରୟାସ ଜରୁରୀ ବୋଲି ପୂର୍ବତନ ଅବୈତନିକ ବନ୍ୟପ୍ରାଣୀ ତତ୍ତ୍ୱାବଧାରକ ତଥା ରାଜ୍ୟ ବନ ଉନ୍ନୟନ ନିର୍ଦ୍ଦେଶକ ଭାନୁମିତ୍ର ଆଚାର୍ଯ୍ୟ କହିଛନ୍ତି ।

# ଶିମିଳିପାଳରେ ବାଘ ଗଣନା ଆରମ୍ଭ

ବାରିପଦା, ୧୫।୧୧ (ସମିସ): ଜାତୀୟ ଉଦ୍ୟାନ ଶିମିଳିପାଳର ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ଆଜିଠାରୁ ବାଘ ଗଣନା ଆରମ୍ଭ ହୋଇଛି । ଜାତୀୟ ବ୍ୟାଘ୍ର ସଂରକ୍ଷଣ ପ୍ରାଧିକରଣ (ଏନଟିସିଏ)ର ଗାଇଡଲାଇନ୍ ଅନୁଯାୟୀ ଶିମିଳିପାଳର ଦକ୍ଷିଣ ଓ ଉତ୍ତର ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ଦୁଇଟି ପର୍ଯ୍ୟାୟରେ ବାଘ ଗଣନା ହେବ । ପର୍ଯ୍ୟାୟ-୧ ଓ ୩ ଅନୁଯାୟୀ ବାଘ ଗଣନା

- ୨୦୨୬ ମସିହା ମାର୍ଚ୍ଚରେ ଶେଷ ହେବ
- ୧୫ଶହ ଟ୍ରାପ୍ କ୍ୟାମେରା ଜରିଆରେ ଗଣନା

କରାଯିବ ବୋଲି ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର କ୍ଷେତ୍ର ନିର୍ଦ୍ଦେଶକ ଡ. ପ୍ରକାଶ ଚାନ୍ଦ ଗୋଗିନେନୀ ଜଣାଇଛନ୍ତି ।

ରୟାଲ ବେଙ୍ଗଲ ଟାଇଗର୍ ସମେତ କଳାବାଘକୁ ନେଇ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ବିଶ୍ୱରେ ପରିଚିତ । ପ୍ରତି ୪ବର୍ଷରେ ମହାବଳ ବାଘ ଗଣନା ହେଉଥିବାରୁ ବନବିଭାଗ ତଥା ପ୍ରକଳ୍ପର ଅଧିକାରୀମାନେ ଏନଟସିଏର ନିୟମ ଅନୁଯାୟୀ ଗଣନା ଆରମ୍ଭ କରିଛନ୍ତି । ପର୍ଯ୍ୟାୟ-୧ରେ ମାଂସାସୀ ଓ ଶାକାହାରୀ ପ୍ରାଣୀମାନଙ୍କ ସାଇନ ସର୍ଭେ ୩ ଦିନ ଧରି ଅନୁଷ୍ଠିତ ହେବାକୁ ଥିବା ବେଳେ ୪ ଦିନ ଧରି ଲାଇନ ଟ୍ରାନେକ୍ସ (ନମୁନା ସଂଗ୍ରହ), ଗୋଟିଏ ଦିନ ଶାଗୁଣା ଓ ଅନ୍ୟାନ୍ୟ ପକ୍ଷୀ ପ୍ରଜାତିର ଗଣନା କରାଯିବ । ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର ଶିମିଳିପାଳ ଉତ୍ତର, ଦକ୍ଷିଣ, ବାରିପଦା, ରାଇରଙ୍ଗପୁର, କରଞ୍ଜିଆ, ଆନନ୍ଦପୁର ଓ କୁଲଡିହା ଆଦି ୭ଟି ବନଖଣ୍ଡର ୧୬ଟି ରେଞ୍ଜରେ ଥିବା ୧୦୩ଟି ବିଟ୍ ଅଞ୍ଚଳରେ ଏହି ଗଣନା କରାଯିବ । ଏଥିପାଇଁ ପ୍ରଶିକ୍ଷିତ ସର୍ଭେ ଦଳ ନିୟୋଜିତ ହୋଇଛନ୍ତି । ଏହି ପର୍ଯ୍ୟାୟ ନଭେମ୍ବର ୨୨ ପର୍ଯ୍ୟନ୍ତ ଚାଲିବ ।

ପର୍ଯ୍ୟାୟ-୧ ଶେଷ ହେବା ପରେ ଡିସେମ୍ବରରୁ ପର୍ଯ୍ୟାୟ-୩ ଆରମ୍ଭ ହେବ । ଏଥିରେ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ପ୍ରତି ୨ବର୍ଗ କିମି ଗ୍ରିଡ୍‌ରେ ମୋଟ ୧୩୨୧ଟି ଗ୍ରୀଡ୍ ଟ୍ରାକିଂ କ୍ୟାମେରାର ଅଭ୍ୟାସ କରାଯିବା ସହ ପ୍ରତି ୨୫ ଦିନରେ ୨ଟି ଚକ୍ରରେ ୧୫ଶହ ଟ୍ରାପ କ୍ୟାମେରା ଜରିଆରେ ଗଣନା କରାଯିବ । ଏହି



ଗଣନା ବାଘ ସଂରକ୍ଷଣ ପାଇଁ ଗୁରୁତ୍ୱପୂର୍ଣ୍ଣ ହୋଇଥିବା ବେଳେ ଶିମିଳିପାଳର ଜୈବ ବିବିଧତା ସମ୍ପର୍କରେ ନୂଆ ତଥ୍ୟ ପ୍ରଦାନ କରିବ ବୋଲି ଅଧିକାରୀମାନେ ଆଶା ପ୍ରକଟ କରିଛନ୍ତି ।

ବାଘ ଗଣନାର ପ୍ରାରମ୍ଭିକ ପର୍ଯ୍ୟାୟ କାର୍ଯ୍ୟ ଆରମ୍ଭ ହୋଇ ୨୦୨୬ ମାର୍ଚ୍ଚରେ ଶେଷ ହେବ । ସମସ୍ତ ତଥ୍ୟ ଏନଟିସିଏକୁ ପଠାଇବା ପରେ ୨୦୨୭ରେ ବାଘ ଗଣନା ରିପୋର୍ଟ ପ୍ରକାଶ ପାଇବ । ପୂର୍ବ ଗଣନା ଅନୁଯାୟୀ, ଅଦ୍ୟାବଧି ଶିମିଳିପାଳରେ ୩୯ଟି ମହାବଳ ବାଘ ରହିଥିବା ବେଳେ ରିପୋର୍ଟ ପ୍ରକାଶ ପାଇବା ବେଳକୁ ଏହା ୬୦ ପାର୍ କରିବ ବୋଲି ବିଭାଗ ପକ୍ଷରୁ ଅନୁମାନ କରାଯାଇଛି । ଗତ ୨୦୨୨ର ସର୍ବଭାରତୀୟ (ପାନ-ଇଣ୍ଡିଆ) ବାଘ ଗଣନା ଅନୁଯାୟୀ, ମୟୂରଭଞ୍ଜ ଜିଲ୍ଲାର ଶିମିଳିପାଳ ଅଭୟାରଣ୍ୟରେ ୧୦ଟି କଳା ବାଘ ରହିଥିଲେ । ୨୦୦୭ ମସିହାରେ ଜଙ୍ଗଲ ମଧ୍ୟରେ ବିଭିନ୍ନ ସ୍ଥାନରେ ୨୫୦ରୁ ଟ୍ରାପ୍ କ୍ୟାମେରା ଲଗାଯାଇଥିଲା । ଉକ୍ତ କ୍ୟାମେରାରେ ଉକ୍ତ କଳା ମହାବଳ ବାଘର ଫଟୋ ସାମ୍ନାକୁ ଆସିଥିଲା । ତେବେ, ଅଲ୍ ଓଡ଼ିଶା ଟାଇଗର୍ ଏଷ୍ଟିମେଣ୍ଟ ଅନୁଯାୟୀ ରାଜ୍ୟରେ ମହାବଳ ବାଘ ସଂଖ୍ୟା ଶିମିଳିପାଳ ଅଭୟାରଣ୍ୟରେ ସର୍ବାଧିକ । ରାଜ୍ୟରେ ଥିବା ମହାବଳ ବାଘ ମଧ୍ୟରୁ ସର୍ବାଧିକ ୩୯ଟି ଶିମିଳିପାଳ ଅଭୟାରଣ୍ୟରେ ରହିଛନ୍ତି ।

### ବିଦ୍ୟାଳୟରେ ରହୁନାହାନ୍ତି ଶିକ୍ଷକ, ୫ ଧରା ପଡ଼ିଲେ

# ଦିନକର ଦରମା ବନ୍ଦ ପାଇଁ ନିର୍ଦ୍ଦେଶ

**ନୂଆପଡ଼ା, ୧୫ ।୧୧(ସମିସ)**

ଗୋଟିଏ ପଟେ ଜିଲ୍ଲାସ୍ତରୀୟ ଅଧିକାରୀମାନେ ଉପନିର୍ବାଚନ ପରିଚାଳନାରେ ବ୍ୟସ୍ତ ଥିବା ବେଳେ ଏହାର ସୁଯୋଗ ନେଇ ବିଦ୍ୟାଳୟ ଗୁଡ଼ିକରେ ଶିକ୍ଷକମାନେ ଜାଣି ଶୁଣି ବିଭିନ୍ନ ବାହାନା କରି ଅନୁପସ୍ଥିତ ରହୁଛନ୍ତି। ଏଭଳି ସ୍ଥିତିରେ ଜିଲ୍ଲାପାଳ ମଧୁସୂଦନ ଦାଶଙ୍କ ନିର୍ଦ୍ଦେଶକ୍ରମେ ଅତିରିକ୍ତ ଜିଲ୍ଲାଶିକ୍ଷାଧିକାରୀଙ୍କ ଅଚାନକ ବିଦ୍ୟାଳୟ ପରିଦର୍ଶନ ବେଳେ ଗୋଟିଏ ବିଦ୍ୟାଳୟର ୫ଜଣ ଶିକ୍ଷକ ଧରା ପଡ଼ିଛନ୍ତି। ଏମାନଙ୍କ ଦିନକର ଦରମା ବନ୍ଦ କରିବାକୁ ନିର୍ଦ୍ଦେଶ କରାଯାଇଛି। ପ୍ରକାଶ ଯେ ଶନିବାର ଜିଲ୍ଲାର ବିଭିନ୍ନ ବ୍ଲକରେ ପୂର୍ବାହ୍ନ ୧୦ଟାରୁ କ୍ଲାସ ଆରମ୍ଭ ହୋଇଥିଲା। ତେବେ ଅତିରିକ୍ତ ଜିଲ୍ଲାଶିକ୍ଷାଧିକାରୀ ଡ.ରେଶମଲାଲ ନାଏକ ବିଦ୍ୟାଳୟ ପରିଦର୍ଶନରେ ବାହାରିଥିଲେ। ତାଙ୍କର ଗସ୍ତ ସମୟରେ



ଖଡିଆଳ ବ୍ଲକର ରାନୀମୁଣ୍ଡା, ବଡଦୋହେଲ ବିଦ୍ୟାଳୟ ବୁଲିଥିବା ବେଳେ ଶେଷରେ ଅପରାହ୍ନରେ ବାଦୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଛୁଟି ହେବା ପୂର୍ବରୁ ପହଞ୍ଚିଥିଲେ। ସେଠାରେ ପହଞ୍ଚି ମୋଟ ୬ଜଣ ଶିକ୍ଷକଙ୍କ ମଧ୍ୟରୁ ୫ଜଣ ଶିକ୍ଷକ ବିନା ଦରଖାସ୍ତ ମଞ୍ଜୁରୀରେ (ଅନଧିକୃତ)ଅନୁପସ୍ଥିତ ରହିଥିବା ଜାଣିବାକୁ ପାଇଥିଲେ। ଅନୁପସ୍ଥିତ ଥିବା ଶିକ୍ଷକମାନଙ୍କ ଦିନକ ପାଇଁ ଦରମା ବନ୍ଦ କରିବାକୁ ସମ୍ପୃକ୍ତ ଖଡିଆଳ ବ୍ଲକ ଶିକ୍ଷାଧିକାରୀଙ୍କୁ ନିର୍ଦ୍ଦେଶ କରିଥିବା ଜଣାପଡ଼ିଛି। ଏହି ଶିକ୍ଷକମାନେ ହେଲେ ସହକାରୀ ଶିକ୍ଷକ ଜଜ୍ଞେସ ଚନ୍ଦ୍ର ଦଣ୍ଡସେନା, ବିଦ୍ୟୁତଲତା ବିଶ୍ୱାଳ, ପଙ୍କଜିନୀ ଟେଣ୍ଡକାର, ଇଶ୍ୱର ଚନ୍ଦ୍ର ଷଣ୍ଢ, ଲକ୍ଷ୍ମୀ ବାଗ। ସୂଚନା ଯୋଗ୍ୟ ଶିଶୁ ଦିବସରେ କୋମନା ବ୍ଲକ ଧରମସାଗର ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକ ନଥିବା ବେଳେ ବିଦ୍ୟାଳୟ କ୍ୟାମ୍ପସରେ ଖେଳୁଥିବା ସମୟରେ ଜଣେ ଶିଶୁଙ୍କ ମୃତ୍ୟୁ ଘଟିଥିଲା। ଏହା ସାରା ରାଜ୍ୟରେ ଚର୍ଚ୍ଚାର ବିଷୟ ହୋଇଥିଲା। ଏଭଳି ଯଦି ବିଦ୍ୟାଳୟ ଗୁଡିକରେ ଅବସ୍ଥାପିତ ଶିକ୍ଷକଶିକ୍ଷୟିତ୍ରୀମାନେ କର୍ତ୍ତୃପକ୍ଷଙ୍କୁ ନମାନି ଅନୁପସ୍ଥିତ ରହିବେ ତାହେଲେ କୌଣସି ପ୍ରକାର ଅଘଟଣକୁ ଏଡାଇ ଦିଆଯାଇନପାରେ। ଅତିରିକ୍ତ ଜିଲ୍ଲାଶିକ୍ଷାଧିକାରୀ ଡ.ନାଏକଙ୍କୁ ପଚାରିବାରୁ ଏହିଭଳି ପ୍ରତିଦିନ ସକାଳ ବେଳା ଆମେ ଜିଲ୍ଲାବ୍ୟାପି ବିଦ୍ୟାଳୟ ଗୁଡିକୁ ପରିଦର୍ଶନ କରିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ କରିଛନ୍ତି।

### ■ ପାଜିଖମନରେ ହାତୀ ଘର ଭାଙ୍ଗିବା ଘଟଣା

# ୩ ଅନାଥ ଶିଶୁଙ୍କୁ ଶିକ୍ଷା ସାମଗ୍ରୀ ପ୍ରଦାନ



**ଲାଞ୍ଜିଗଡ଼, ୧୫ ।୧୧ (ସମିସ):** ଲାଞ୍ଜିଗଡ଼ ବ୍ଲକ କାନକୁଟ୍ରୁ ପଞ୍ଚାୟତ ପାଜିଖମନ ଗାଁରେ ରହୁଛନ୍ତି ୩ ଅନାଥ ଶିଶୁ କ୍ରିଷ୍ଣା ମାଝୀ (୧୭), ରମା ମାଝୀ (୭), କିରଣ ମାଝୀ (୫)। ବାପା ନାର୍ଣ୍ଣ ମାଝୀ ୨୦୧୭ରେ କୌଣସି କାରଣରୁ ମୃତ୍ୟୁ ହୋଇଥିବା ବେଳେ ମା' ତେଲ ମାଝୀ ଏବର୍ଷ ଇହଧାମ ତ୍ୟାଗ କରିଛନ୍ତି। ତିନିଜଣ ଶିଶୁ ଭାଗ୍ୟକୁ ଆଦରି ଝାଟିମାଟି କୁଡ଼ିଆରେ ରହୁଥିଲେ। ହେଲେ ଗତ କିଛିଦିନ ତଳେ ହାତୀପଲ ଘରକୁ ସମ୍ପୂର୍ଣ୍ଣ ଛାରଖାର କରିଦେଇଛି। ସେମାନେ ତାଙ୍କର କାକା ପିତାମ୍ବର ମାଝୀଙ୍କ ଘରେ ଆଶ୍ରୟ ନେଉଛନ୍ତି। ଏ ସମ୍ପର୍କରେ ବିଭିନ୍ନ ଗଣମାଧମରେ ଖବର ପ୍ରକାଶ ପରେ ଖବର ପାଇଁ ଖୁସି ଚାରିଟେବୁଲ ଟ୍ରଷ୍ଟର ସଭାପତି ଯଶୋବନ୍ଧ ରଣା, କୋଷାଧକ୍ଷ ଧୀରେନ୍ଦ୍ର ସୁନାନୀ ଓ ନବୀନ ମାଝୀ ପାଜୀଖମାନ ଗାଁକୁ ଯାଇ ଶିଶୁମାନଙ୍କୁ ଭେଟି ସମସ୍ୟା ବିଷୟରେ ଅବଗତ ହୋଇ ଶିକ୍ଷା ପାଇଁ ସ୍କୁଲ ବ୍ୟାଗ, ଖାତା, ପେନସିଲ, କଲମ ପ୍ରଭୃତି ଶିକ୍ଷଣ ସାମଗ୍ରୀ ପ୍ରଦାନ କରିଛନ୍ତି।ଖୁବଶୀଘ୍ର ଜିଲ୍ଲା ଶିଶୁ ମଙ୍ଗଳ ଅଧିକାରୀଙ୍କୁ ଭେଟି ଶିଶୁମାନଙ୍କ ଉନ୍ନତ ଶିକ୍ଷା ପାଇଁ ଆଲୋଚନା କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି। ଜିଲ୍ଲା ପ୍ରଶାସନ ସେମାନଙ୍କୁ ରହିବା ପାଇଁ ଘର ଖଣ୍ଡେ ଓ ରେଡ୍‌କ୍ରସ ପାଣ୍ଠିରୁ କିଛି ଆର୍ଥିକ ସହାୟତା ଯୋଗାଇ ଦେବାକୁ ଶ୍ରୀ ରଣା ଜିଲ୍ଲାପାଳଙ୍କୁ ନିବେଦନ କରିଛନ୍ତି।

# ଟିପିଡବ୍ଲ୍ୟୁଓଡିଏଲ୍‌ର କଳାହାଣ୍ଡି ପଶ୍ଚିମ ବିଦ୍ୟୁତ୍ ବିଭାଗ କାର୍ଯ୍ୟାଳୟ ଧର୍ମଗଡ଼ ସ୍ଥାନାନ୍ତର

**ଭବାନୀପାଟଣା, ୧୫ ।୧୧ (ସମିସ):** ଟିପିଡବ୍ଲୁଓଡିଏଲ୍‌ର କଳାହାଣ୍ଡି ପଶ୍ଚିମ ବିଦ୍ୟୁତ୍ ବିଭାଗ କାର୍ଯ୍ୟାଳୟକୁ ଭବାନୀପାଟଣା ଟାଉନସ୍ଥିତ ନାକଟିଗୁଡ଼ାରୁ ଧର୍ମଗଡ଼ ସହରକୁ ସ୍ଥାନାନ୍ତରିତ କରାଯାଇଅଛି। ଧର୍ମଗଡ଼ ସହରର ପଞ୍ଚାୟତ କଲେଜ ରୋଡରେ ଅବସ୍ଥିତ ଡିସିବ ବ୍ୟାଙ୍କ କୋଠାର (ପ୍ରଥମ ମହଲା)ରେ ଟିପିଡବ୍ଲୁଓଡିଏଲର ନୂତନ କଳାହାଣ୍ଡି ପଶ୍ଚିମ ବିଦ୍ୟୁତ୍ ବିଭାଗ କାର୍ଯ୍ୟାଳୟ ଆନୁଷ୍ଠାନିକ ଭାବେ ଉଦ୍‌ଘାଟିତ ହେବା ସହ କାର୍ଯ୍ୟକ୍ଷମ ହୋଇଛି। କାର୍ଯ୍ୟାଳୟ ସ୍ଥାନାନ୍ତରଣ ସମ୍ପୃକ୍ତ ଅଞ୍ଚଳର ବିଦ୍ୟୁତ୍ ଗ୍ରାହକଙ୍କ ଅଧିକ ନିକଟତର ହେବା ପାଇଁ କମ୍ପାନୀର ଲକ୍ଷ୍ୟକୁ ପ୍ରତିଫଳିତ କରୁଛି ବୋଲି ଟିପିଡବ୍ଲୁଓଡିଏଲର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରବୀଣ ବର୍ମା ପ୍ରକାଶ କରିଛନ୍ତି। ଧର୍ମଗଡ଼ ସହରକୁ କାର୍ଯ୍ୟାଳୟ ସ୍ଥାନାନ୍ତର ହେବା ଫଳର ଚାରବାହଲ, ଜୟପାଟଣା, ବଡ଼କୁଟ୍ରୁ, କୋକସରା, ଧର୍ମଗଡ଼, ଗୋଲମୁଣ୍ଡା, ଜୁନାଗଡ଼, କଲମପୁର, ଥୁଆମୁଲା ରାମପୁର, ମହୁଲପାଟଣା ଅଞ୍ଚଳ ସହ ଏହାର ଆଖପାଖ ଅଞ୍ଚଳର ପ୍ରାୟ ୨.୨୦ ଲକ୍ଷ ବିଦ୍ୟୁତ୍ ଗ୍ରାହକଙ୍କ ପାଇଁ ସେବା ଉପଲବ୍ଧତା, ଅଭିଯୋଗ ନିବାରଣ ଓ କାର୍ଯ୍ୟାନୁଷ୍ଠାନ ଗତିଶୀଳତା ଅଧିକ ସୁଧାରିତ ହେବ।କଳାହାଣ୍ଡି ଜିଲ୍ଲାର ସମସ୍ତ ବିଦ୍ୟୁତ୍ ଉପଭୋକ୍ତାଙ୍କୁ ଗୁଣାତ୍ମକ ବିଦ୍ୟୁତ୍ ସେବା, ସୁବିଧା ଓ ସନ୍ତୋଷଜନକ ସେବା ପ୍ରଦାନ କରିବାକୁ କମ୍ପାନୀ ପକ୍ଷରୁ ଭିତ୍ତିଭୂମିକୁ ବିସ୍ତାର ଏବଂ ଉନ୍ନତ କରିବା ପ୍ରକ୍ରିୟା ଜାରିରହିଛି।

# ଦ୍ରୋଣାଚାର୍ଯ୍ୟ ସ୍କୁଲର ବାର୍ଷିକ ଉତ୍ସବ 'ଅସ୍ମିତା' ଉଦ୍‌ଯାପିତ

**କେସିଙ୍ଗା, ୧୫ ।୧୧ (ସମିସ):** କେସିଙ୍ଗା ଦ୍ରୋଣାଚାର୍ଯ୍ୟ ସ୍କୁଲର ବାର୍ଷିକ ଉତ୍ସବ ଅସ୍ମିତା ଉଦ୍‌ଯାପିତ ହୋଇଯାଇଛି।ଉତ୍ସବର ପ୍ରଥମ ଦିନରେ ମୁଖ୍ୟଅତିଥି ଭାବରେ କେସିଙ୍ଗା ବ୍ଲକ ଅଧ୍ୟକ୍ଷ ଚନ୍ଦନ ସେନାପତି ଯୋଗ ଦେଇଥିବା ବେଳେ ଅନ୍ୟମାନଙ୍କ ମଧ୍ୟରେ କେସିଙ୍ଗା ଥାନା ଅଧିକାରୀ ଜୀତେନ୍ଦ୍ର ବିଶ୍ୱାଳ, କେସିଙ୍ଗା ମହାବିଦ୍ୟାଳୟର ଅଧ୍ୟକ୍ଷ ସୁଶାନ୍ତ ପାଢ଼ୀ, ବରିଷ୍ଠ ସାମ୍ବାଦିକ ତଥା ବିଏସଏର ସଭାପତି ସୁଶାନ୍ତ କୁମାର ମହାପାତ୍ର ପ୍ରମୁଖ ଯୋଗଦେଇ ଥିଲେ। ସେହିପରି ଦ୍ୱିତୀୟ ଦିନରେ ମୁଖ୍ୟ ଆକର୍ଷଣ ଥିଲେ ଭାରତୀୟ କ୍ରିକେଟିୟର ରୋହିତ ଶର୍ମାଙ୍କ ଭାଇ ବିଶାଳ ଶର୍ମା। କଳାହାଣ୍ଡି ଜିଲ୍ଲା କେସିଙ୍ଗା ବ୍ଲକ କେନ୍ଦୁପଡ଼ାରେ ଥିବା ଦ୍ରୋଣାଚାର୍ଯ୍ୟ ସ୍କୁଲରେ ପକ୍ଷରୁ କ୍ରିକେଟ କୋଚିଂ ସେଣ୍ଟର ଉଦ୍‌ଘାଟନ କରାଯାଇଛି। ତତ୍ ସହ ବିଦ୍ୟାଳୟରେ ସୁଇମିଙ୍ଗପୁଲ, ବାସ୍କେଟ ବଲ୍, ଲଙ୍ଗ ଟେନିସ ଖେଳ ପାଇଁ ମଧ ନୂତନ ଭାବରେ କୋର୍ଟ ତିଆରି କରାଯାଇଛି।ବିଶାଳ ଶର୍ମାଙ୍କ ଆଗମନକୁ ନେଇ ବିଦ୍ୟାଳୟ ପକ୍ଷରୁ ଅଞ୍ଚଳର ସାମ୍ବାଦିକଙ୍କୁ ନେଇ ସାମ୍ବାଦିକ ସମ୍ମିଳନୀ ଡକାଯାଇଥିଲା। ଏଥିରେ ବିଶାଳ ଶର୍ମା ନିଜ କ୍ରିକେଟ କୋଚିଂ ସେଣ୍ଟର୍‌ର ଦ୍ରୋଣାଚାର୍ଯ୍ୟ ସ୍କୁଲରେ କାହିଁକି ଖୋଲିଲେ ସେହି ବିଷୟରେ ଅବଗତ କରାଇଥିଲେ। କ୍ରିକେଟ କୋଚିଂ ପାଇଁ ଭଲ କୋଚ ସହିତ ଫି କମ ଟଙ୍କା ରହିବ ଓ ଛାତ୍ରୀଙ୍କ ପାଇଁ ୫୦ ପ୍ରତିଶତ ରିହାତି ଘୋଷଣା କରିଥିଲେ। ଉଦ୍‌ଯାପନୀ ସନ୍ଧ୍ୟାରେ ମୁଖ୍ୟଅତିଥି ଭାବରେ ପୂର୍ବତନ ବିଧାୟକ ତଥା ମନ୍ତ୍ରୀ ଭୂପିନ୍ଦର ସିଂ ଯୋଗ ଦେଇଥିବା ବେଳେ ବିଶାଳ ଶର୍ମା, ରୋହିତ ଶର୍ମା ଏକାଡେମୀ ଭାରତର ମୁଖ୍ୟ ଗୁରୁ ରାଜ, ସୁଶାନ୍ତ କୁମାର ପାଢ଼ୀ, ବିଦ୍ୟାଳୟର ଅଧ୍ୟକ୍ଷା ଅର୍ଚ୍ଚନା ଅଗ୍ରୱାଲ, ଜଗଦୀଶ ମଣ୍ଡଳ, ଖ୍ୟାତନାମା କ୍ରିକେଟର ପଙ୍କଜ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ। ମଞ୍ଚ ପରିଚାଳନା କରିଥିଲେ ପଦ୍ମନାଭ ପାଠୀ ଶେଷରେ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।




# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା



**ମ.ରାମପୁର, ୧୫ ।୧୧(ସମିସ):** କଳାହାଣ୍ଡି ଜିଲ୍ଲା ମ. ରାମପୁରସ୍ଥିତ ଦୁର୍ଗାମାଧବ ସରକାରୀ ଉଚ୍ଚ ବିଦ୍ୟାଳୟ ଖେଳ ପଡ଼ିଆରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶରତ ଚନ୍ଦ୍ର ସେଠୀ, ମୁଖ୍ୟବକ୍ତା ଭାବେ ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ପ୍ରଭାତ କୁମାର ପରିଡ଼ା, ସମ୍ମାନିତ ଅତିଥି ଭାବେ ତହସିଲଦାର ମୀମାଂସା ସାହୁ, ସରପଞ୍ଚ ବୀଣାପାଣି ସାହୁ, ସାଂସଦ ପ୍ରତିନିଧି ପଦ୍ମଲୋଚନ ମିଶ୍ର, ମତ୍ସ୍ୟ ବିଭାଗ ଅଧିକାରୀ ନାରାୟଣ ଶବର, ରାଜ୍ୟସଭା ସାଂସଦ ପ୍ରତିନିଧି ଦିବାକର ବାଗ, ବିଧାୟକ ପ୍ରତିନିଧି ସତ୍ୟ ନାରାୟଣ ସାହୁ, ଅତିରିକ୍ତ ଜିଲ୍ଲା ମତ୍ସ୍ୟ ଅଧିକାରୀ ଅରୁଣ ସାହୁ, ମ.ରାମପୁର ବ୍ଲକ ପ୍ରଣୀ ସମ୍ପଦ ଅଧିକାରୀ କେଦାରନାଥ ଖମାରି ପ୍ରମୁଖ ଯୋଗଦେଇ ସରକାରଙ୍କ ଚାଷୀମାନଙ୍କ ପାଇଁ ଲୋକାଭିମୁଖୀ ଯୋଜନାରେ ଗୋପାଳନ, ଗାଈ, ମଇଁଷି, କୁକୁଡ଼ା ପାଳନ, ମୁଖ୍ୟମନ୍ତ୍ରୀଙ୍କ ପ୍ରାଣୀ କଲ୍ୟାଣ ଯୋଜନାରେ ନୂତନ ଗୋଶାଳା ପାଇଁ ସହାୟତା ସମେତ ମତ୍ସ୍ୟ ଚାଷ ବିଷୟରେ ଆଲୋଚନା କରିଥିଲେ।ଏହି ଅବସରରେ ବିଭିନ୍ନ ଷ୍ଟଲ ଖୋଲାଯାଇଥିଲା। ଅତିଥିମାନେ ଷ୍ଟଲ ପରିଦର୍ଶନ କରିଥିଲେ। କାର୍ଯ୍ୟକ୍ରମରେ ପ୍ରାଣୀ ବିଭାଗ ଏଲଆଇ ସୁଶାନ୍ତ ମିଶ୍ର ମଞ୍ଚ ପରିଚାଳନା କରିଥିବା ବେଳେ ପ୍ରାଣୀସମ୍ପଦ ବିଭାଗର ସମସ୍ତ କର୍ମଚାରୀ ସହଯୋଗ କରିଥିଲେ।

# ଖଡିଆଳ ପବ୍ଲିକ୍ ସ୍କୁଲରେ ବିଜ୍ଞାନମେଳା




**ଖଡ଼ିଆଳ, ୧୫ ।୧୧ (ସମିସ):** ନୂଆପଡ଼ା ଜିଲ୍ଲା ଖଡିଆଳସ୍ଥିତ ପବ୍ଲିକସ୍କୁଲର ବାର୍ଷିକ ବିଜ୍ଞାନମେଳା ଉଦ୍‌ଘାଟିତ ହୋଇଛି।ବିଜ୍ଞାନ ମେଳାକୁ ନେସନାଲ କଲେଜ ପୂର୍ବତନ ଅଧ୍ୟକ୍ଷ ଡ଼.ମେଜର ରାମଚନ୍ଦ୍ର ମିଶ୍ର ଉଦ୍‌ଘାଟନ କରିବା ସହ ବିଜ୍ଞାନ ବିଷୟ ପ୍ରତି ଛାତ୍ରଛାତ୍ରୀଙ୍କ ମଧ୍ୟରେ ରୁଚି ଜାଗ୍ରତ ସହ ଅନ୍ତର୍ନିହିତ ପ୍ରତିଭାକୁ ପ୍ରୋତ୍ସାହିତ କରିବା ପ୍ରୟାସ ବୋଲି କହିଥିଲେ। ଛାତ୍ରଛାତ୍ରୀଙ୍କ ପକ୍ଷରୁ ମେଳାରେ ବିଜ୍ଞାନ, ଗଣିତ ଏବଂ ସାମାଜିକ ବିଜ୍ଞାନର ୧୨୦ଟି ବିଭିନ୍ନ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। କାର୍ଯ୍ୟକ୍ରମରେ କଲେଜ ଅଧକ୍ଷ ଏସ. ଶ୍ରୀନିବାସ ଅଧ୍ୟକ୍ଷତା କରିଥିବା ବେଳେ ସମ୍ମାନିତ ଅତିଥି ଭାବେ ରସାୟନ ବିଜ୍ଞାନ ମୁଖ୍ୟ ତରୁଣ କୁମାର ପ୍ରଧାନ, ବିଦ୍ୟାଳୟ ପରିଚାଳନା ସମ୍ପାଦକ ଚିତ୍ତରଞ୍ଜନ ସିଂ ଦେଓ, କୋଷାଧ୍ୟକ୍ଷ ମନରଞ୍ଜନ ରାଉତ, ସଦସ୍ୟ ପ୍ରଣତି ପଣ୍ଡା, ଜ୍ୟୋତି ଲାଲ ବଞ୍ଜାରେ, ଦୂର୍ବା ରଞ୍ଜନ ଖମାରୀ ପ୍ରମୁଖ ଉପସ୍ଥିତ ଥିଲେ।

## ଗଣତନ୍ତ୍ର ଦିବସ ପରେଡରେ ଭାଗନେବେ ଖଡ଼ିଆଳର ଲୋପାମୁଦ୍ରା

**ନୂଆପଡ଼ା /ଖଡ଼ିଆଳ, ୧୫ ।୧୧(ସମିସ):** ନୂଆପଡ଼ା ଜିଲ୍ଲା ଖଡିଆଳସ୍ଥିତ ଡିଗ୍ରୀ ମହିଳା କଲେଜ ଛାତ୍ରୀ ଲୋପାମୁଦ୍ରା ପୂଝାରୀ ଆସନ୍ତା ଗଣତନ୍ତ୍ର ଅବସରରେ ଦିଲ୍ଲୀରେ ହେବାକୁ ଥିବା ପରେଡ କାର୍ଯ୍ୟକ୍ରମରେ ଯୋଗ ଦେବା ପାଇଁ ମନୋନୀତ ହୋଇଛନ୍ତି।



ସେ ମାଁ ମାଣିକେଶ୍ୱରୀ ବିଶ୍ୱ ବିଦ୍ୟାଳୟକୁ ଗର୍ବ ଓ ଗୌରବ ଆଣିଦେଇଛନ୍ତି। ଆସନ୍ତା ୧୮ତାରିଖ ଠାରୁ ୨୭ତାରିଖ ପର୍ଯ୍ୟନ୍ତ କଲିକତା ନିଟିଆ ବିଶ୍ୱବିଦ୍ୟାଳୟଠାରେ ପ୍ରାକ ଗଣତନ୍ତ୍ର ପରେଡରେ ଭାଗ ନେବେ। ଏହି ସଫଳତା ପାଇଁ ଡିଗ୍ରୀ ମହିଳା କଲେଜ ଅଧକ୍ଷା ଲିଜା ଆଚାର୍ଯ୍ୟ, ଜାତୀୟ ସେବା ଯୋଜନା ଅଧିକାରୀ ପୁଷ୍ପାଞ୍ଜଳୀ ପ୍ରାଧନୀ ଶୁଭେଚ୍ଛା ଜଣାଇଛନ୍ତି।ଓଡ଼ିଶା ରାଜ୍ୟରୁ ମୋଟ ୫୩ ଜଣ ଛାତ୍ରଛାତ୍ରୀ ପରେଡରେ ସାମିଲ ହେଉଥିବା ବେଳେ ମାଁ ମାଣିକେଶ୍ୱରୀ ବିଶ୍ୱ ବିଦ୍ୟାଳୟରୁ ମାତ୍ର ଜଣେ ସ୍ୱେଚ୍ଛାସେବୀ ଲୋପାମୁଦ୍ରା ମନୋନୀତ ହୋଇଛନ୍ତି। ସ୍ଥାନୀୟ ଜୁନାନୀ ଗାଁର ଯୁକ୍ତ ତିନି ଦ୍ୱିତୀୟ ବର୍ଷ ଛାତ୍ରୀ ଅଟନ୍ତି।

# କୋକସରା ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

**କୋକସରା, ୧୫ ।୧୧(ସମିସ):** କୋକସରା ବ୍ଲକ ସଦର ମହକୁମାସ୍ଥିତ ଧାନ ମଣ୍ଡିଠାରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଛି। ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ପ୍ରଶନ୍ନ ପରିଡ଼ାଙ୍କ ଆବାହକତ୍ୱରେ ଅନୁଷ୍ଠିତ ମେଳାରେ କୋକସରା



ବିଡିଓ ଡ଼. ହିମାଞ୍ଚଳ ମାଝୀ ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଭାବେ କଳାହାଣ୍ଡି ସାଂସଦଙ୍କ ପ୍ରତିନିଧି ଗୋଦାବରୀଶ ପାତ୍ର ଯୋଗ ଦେଇଥିଲେ। ମୁଖ୍ୟବକ୍ତା ଭାବେ ଉପଖଣ୍ଡ ପ୍ରାଣୀ ଚିକିତ୍ସାଳୟର ଡ.ମଧୁସୁଦନ ଦାସ ଯୋଗଦେଇ ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନା, ଜାତୀୟ ପ୍ରଣିଧାନ ମିଶନ, ପ୍ରାଣି ସମ୍ପଦ ସମୃଦ୍ଧି ଯୋଜନା, ମୁଖ୍ୟମନ୍ତ୍ରୀ ପ୍ରାଣିକଲ୍ୟାଣ ଯୋଜନା ସମେତ ବିଭିନ୍ନ ଯୋଜନା ସମ୍ପର୍କରେ ଚାଷୀଙ୍କୁ ସୂଚନା ପ୍ରଦାନ କରିଥିଲେ। ସମ୍ମାନିତ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ରୀତା ଅଗ୍ରୱାଲ, ଉପାଧ୍ୟକ୍ଷ ରାଜୀବ କୁମାର ଅଗ୍ରୱାଲ, ଧର୍ମଗଡ଼ ବିଧାୟକଙ୍କ ପ୍ରତିନିଧି ଭାବେ ଦୁର୍ଗା ପ୍ରସାଦ ପ୍ରଧାନୀ, କଳାହାଣ୍ଡି ସହକାରୀ ମତ୍ସ୍ୟ ଅଧିକାରିଣୀ ପ୍ରଶାନ୍ତି ନାଏକ, ଜିଲ୍ଲା ପରିଷଦ ସଭ୍ୟା ବୈୟଜନ୍ତି ପୂଝାରୀ ପ୍ରମୁଖ ଉପସ୍ଥିତ ଥିଲେ। ବିଭାଗ ପକ୍ଷରୁ ମତ୍ସ ଚାଷୀ, କୁକୁଡା ଚାଷୀ, ବତକ ଚାଷୀଙ୍କୁ ସମ୍ବର୍ଦ୍ଧନା କରାଯାଇଥିଲା। କାର୍ଯ୍ୟକ୍ରମ ପରିସରରେ ପ୍ରାଣୀ ସମ୍ପଦ ବିଭାଗ, ମତ୍ସ ବିଭାଗ, ଉଦ୍ୟାନ କୃଷି ବିଭାଗ, କୃଷି ବିଭାଗ, ମିଶନ ଶକ୍ତି, ଓମଫେଡ୍ ଆଦି ବିଭାଗର ଷ୍ଟଲ ଗୁଡିକ ପ୍ରଦର୍ଶନ କରାଯାଇଥିଲା। ସମ୍ପୃକ୍ତ ବିଭାଗର କର୍ମଚାରୀମାନେ ଚାଷୀଙ୍କୁ ନିଜ ନିଜ ବିଭାଗର ବିଭିନ୍ନ ଯୋଜନା ସମ୍ବନ୍ଧୀୟ ସୂଚନା ପ୍ରଦାନ କରିଥିଲେ। ମଞ୍ଚକୁ ବୈକୁଣ୍ଠ ଜାଲ ସଂଯୋଜନା କରିଥିବା ବେଳେ ଅତିରିକ୍ତ ପ୍ରାଣୀ ଚିକିତ୍ସା ଅଧିକାରୀ ଆଶିଷ କୁମାର ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। ସହକାରୀ ମତ୍ସ୍ୟ ଅଧିକାରୀ ମାନବେଶ ମହାପତ୍ର, ବ୍ଲକ ମତ୍ସ୍ୟ ଅଧିକାରୀ ମନୋରଞ୍ଜନ ମାଝୀ, ଏମଭିୟୁ ସ୍ମୃତି ରଞ୍ଜନ ଦାସ ସମେତ ପ୍ରାଣୀ ସମ୍ପଦ ବିକାଶ ଓ ମତ୍ସ୍ୟ ବିଭାଗର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।

# କଳାହାଣ୍ଡି ମୁଣ୍ଡା ସମାଜ ପକ୍ଷରୁ ବିର୍ସା ମୁଣ୍ଡା ଜୟନ୍ତୀ

**ଭବାନୀପାଟଣା, ୧୫ ।୧୧ (ସମିସ):** ବିର୍ସା ମୁଣ୍ଡା ଥିଲେ ଆଦିବାସୀଙ୍କ ଆଦ୍ୟ ପରିଚୟ ଓ ସ୍ୱାଭିମାନର ସୁରକ୍ଷା ପାଇଁ ସଂଘର୍ଷର ମୂର୍ତ୍ତିମନ୍ତ ପ୍ରତୀକ। ତେଣୁ ସେ ଆଦିବାସୀ ସମାଜରେ ଭଗବାନ ଓ ଧରତୀ ଆବା ଭାବରେ ଚୀର ନମସ୍ୟ ଓ ପୂଜ୍ୟ ବୋଲି ରାଣୀପଟା ଠାରେ କଳାହାଣ୍ଡି ଜିଲ୍ଲା ମୁଣ୍ଡା ସମାଜ ପକ୍ଷରୁ ଆୟୋଜିତ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଅବସରରେ ମତ ପ୍ରକାଶ ପାଇଛି। ନର୍ଲା ବ୍ଲକ ରାଣୀପଟା ଠାରେ ମୁଣ୍ଡା ସମାଜ ପକ୍ଷରୁ ଜିଲ୍ଲାସ୍ତରୀୟ ବିର୍ସା ମୁଣ୍ଡା ଜୟନ୍ତୀ ଅନୁଷ୍ଠିତ ହୋଇଯାଇଛି। ପୂର୍ବାହ୍ନରେ ମଶାଲ ଯାତ୍ରା ଏବଂ ମଞ୍ଚରେ ବିର୍ସା ମୁଣ୍ଡାଙ୍କ ପୂଜାର୍ଚ୍ଚନା କରାଯାଇଥିଲା। ଯୁବତୀ ଓ ଯୁବକମାନେ ମୁଣ୍ଡାରୀ ଗୀତ ଗାନ କରିଥିଲେ। ଅପରାହ୍ନରେ କଳାହାଣ୍ଡି ଜିଲ୍ଲା ମୁଣ୍ଡା ସମାଜ ସଭାପତି ଫକିର ମୁଣ୍ଡାଙ୍କ ଅଧ୍ୟକ୍ଷତାରେ ବିର୍ସା ମୁଣ୍ଡା ଜୟନ୍ତୀ ପାଳିତ ହୋଇଥିଲା। ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ନର୍ଲା ବ୍ଲକ ଅଧ୍ୟକ୍ଷ ଦୁର୍ଗାପ୍ରସାଦ ମହାନ୍ତି, ବିଶିଷ୍ଟ ଅତିଥି ଭାବେ ନର୍ଲା ଜୋନ୍-୨ ଜିଲ୍ଲା ପରିଷଦ ସଦସ୍ୟ ହରିଶଙ୍କର ମାଝୀ, କଳାହାଣ୍ଡି ଜିଲ୍ଲା କଳାହାଣ୍ଡି ଜିଲ୍ଲା ଆଦିବାସୀ ସଂଘ ସଭାପତି ପ୍ରକାଶ ମାଝୀ, ସମ୍ମାନିତ ଅତିଥି ଭାବେ ଲାଞ୍ଜିଗଡ଼ ସରପଞ୍ଚ ସରସ୍ୱତୀ ମୁଣ୍ଡା, ଗାଡେବନ୍ଧ ସରପଞ୍ଚ କବିତା ବାଗ, ଘଣ୍ଟମାଳ ସରପଞ୍ଚ ଦେବେନ୍ଦ୍ର ସା, ଗାଡେବନ୍ଧ ସମିତି ସଭ୍ୟାଙ୍କ ପ୍ରତିନିଧି ଅଜିତ କୁମାର ସାହୁ, ସରିଆଁ ସମିତି ସଭ୍ୟ ଭାସ୍କର ଭୋଇ, ମୁଣ୍ଡା ସମାଜର କଳାହାଣ୍ଡି ଜିଲ୍ଲା ସାଧାରଣ ସମ୍ପାଦକ କବିରାଜ ମୁଣ୍ଡା, ବିଶିଷ୍ଟ ଆଦିବାସୀ ନେତା ତଥା ନର୍ଲା




ବ୍ଲକ ଆଦିବାସୀ ସଂଘ ଉପସଭାପତି ବୀର କିଶୋର ମାଝୀ, କଳାହାଣ୍ଡି ଜିଲ୍ଲା ଆଦିବାସୀ ସଂଘ ସହ ସମ୍ପାଦକ ଦେବ ମାଝୀ, ନବରଙ୍ଗପୁର ଆଇଆଇସି ଟଙ୍କଧର ମୁଣ୍ଡା, ଡୋଲାମଣି ମାଝୀ, ସଞ୍ଜିବ ମାଝୀ, ଅନିଲ ଦାସ, କଲ୍ୟାଣୀ ଦାସ, ସଞ୍ଜୟ ମାଝୀ ପ୍ରମୁଖ ଯୋଗଦେଇ ଥିଲେ। ଏହି ଅବସରରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ଅନେକ ବିଶିଷ୍ଟ ବ୍ୟକ୍ତି ବିଶେଷଙ୍କୁ ମୁଣ୍ଡା ସମାଜ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। ସ୍ଥାନୀୟ ଅଧିକାରୀମାନେ ନୃତ୍ୟ ପରିବେଷଣ କରିଥିଲେ। ଶିକ୍ଷାବିତ୍ କ୍ଷିତିଶ ଚନ୍ଦ୍ର ମାଝୀ ମଞ୍ଚ ପରିଚାଳନା କରିଥିବା ବେଳେ ଯୁବ ନେତୃତ୍ୱ ଡିଙ୍ଗର ମୁଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ରାଣୀପଟା, ଗୁଣପୁର ଓ ସରିଆଁ ଗ୍ରାମର ମୁଣ୍ଡା ସମାଜ ସମେତ ଗଣେଶ ମୁଣ୍ଡା, ହରେଶ୍ୱର ମୁଣ୍ଡା, ଅର୍ଜୁନ ମୁଣ୍ଡା, ବେଣୁ ମୁଣ୍ଡା, ନରେଶ ମୁଣ୍ଡା, ରଘୁନାଥ ମୁଣ୍ଡା, ଦିଗାମ୍ବର ମୁଣ୍ଡା ଓ ଘନ ମୁଣ୍ଡା କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar.
Contact Gadhwal Group.
9437015112

### ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ

# 'ୟୁପିଏସ୍‌ସିରେ ସଫଳ ବ୍ୟକ୍ତିତ୍ୱଙ୍କୁ ଭେଟନ୍ତୁ' କାର୍ଯ୍ୟକ୍ରମ

**ଭବାନୀପାଟଣା, ୧୫ ।୧୧(ସମିସ)**

ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର କ୍ୟାରିୟର କାଉନସେଲିଂ ସେଲ ଓ ଜିଲ୍ଲା ପ୍ରଶାସନର ମିଳିତ ଉଦ୍ୟମରେ ଭାରପ୍ରାପ୍ତ କୁଳପତି ଡ.ନିବେଦିତା ନାଥଙ୍କ ସଭାପତିତ୍ୱରେ 'ୟୁପିଏସସିରେ ସଫଳ ବ୍ୟକ୍ତିତ୍ୱଙ୍କୁ ଭେଟନ୍ତୁ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଲାଲବାହାଦୁର ଶାସ୍ତ୍ରୀ ଏକାଡେମୀ ଅଫ୍ ଆଡମିନିଷ୍ଟ୍ରେସନ ଗଭର୍ଣ୍ଣମେଣ୍ଟ ଅଫ୍ ଇଣ୍ଡିଆ (ମହିଶୂରରେ ପ୍ରଶିକ୍ଷଣ ନେଉଥିବା ନୂତନ ଭାବେ ନିଯୁକ୍ତିପ୍ରାପ୍ତ ଏଗାର ଜଣ




ଭାରତୀୟ ପ୍ରଶାସନିକ ଅଧିକାରୀ ଯୋଗଦାନ କରିଥିଲେ। ସେମାନେ ନିଜର ଅଭିଜ୍ଞତା ଓ ଅନୁଭୂତି ଉକ୍ତ କାର୍ଯ୍ୟକ୍ରମରେ ବଖାଣିଥିଲେ। ଯାହା ଛାତ୍ରଛାତ୍ରୀଙ୍କୁ ଉତ୍ସାହ ପ୍ରଦାନ କରିଥିଲା। ଛାତ୍ରଛାତ୍ରୀ ଅତ୍ୟନ୍ତ ଉତ୍ସାହର ସହ ସେମାନଙ୍କୁ ଭାରତୀୟ ପ୍ରଶାସନିକ ସେବା ସମ୍ପର୍କରେ ବିଭିନ୍ନ ପ୍ରଶ୍ନ ପଚାରିଥିଲେ। ପ୍ରଶାସନିକ ଅଧିକାରୀମାନେ ମଧ ସନ୍ତୋଷଜନକ ଉତ୍ତର ପ୍ରଦାନ କରି ଛାତ୍ରଛାତ୍ରୀଙ୍କ ଭିତରେ ଥିବା ସଂଶୟକୁ ଦୂର କରିଥିଲେ। 'ଅନ୍ୱେଷା' ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଥିବା ଛାତ୍ରଛାତ୍ରୀଙ୍କ ସହିତ ମଧ ବାର୍ତ୍ତାଳାପ ହୋଇଥିଲା। ସେମାନେ ନିଜର ଶ୍ରମ ଓ ସାଧନା ସମ୍ପର୍କରେ ଅନୁଭୂତି ବାଣ୍ଟିଥିଲେ। ଜିଲ୍ଲା ସଂସ୍କୃତି ଅଧିକାରୀ ବିବେକାନନ୍ଦ ମହାନନ୍ଦ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ହଳଧର ନିଆଳ ଓ ଜିଲ୍ଲା କ୍ରୀଡ଼ା ଅଧିକାରୀ ତଥା ଜିଲ୍ଲାର ଅଧିକାରୀଗଣ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ରାଜନୀତିବିଜ୍ଞାନ ବିଭାଗର ମୁଖ୍ୟ ଡ. କୈଳାସ ଚନ୍ଦ୍ର ଦାସ ପରିଚାଳନା କରିଥିବା ବେଳେ ଇଂରାଜୀ ବିଭାଗର ସହକାରୀ ପ୍ରଫେସର ଡ. ଝରଣାରାଣୀ ଧଙ୍ଗଡ଼ାମାଝୀ ଧନ୍ୟବାଦ ଅର୍ପଣ କରିଥିଲେ। ବିଶ୍ୱବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ଓ କର୍ମଚାରୀ ଉପସ୍ଥିତ ଥିଲେ।

# ସୋମ ପବ୍ଲିକ୍ ସ୍କୁଲର ବାର୍ଷିକ ଉତ୍ସବ

**ଧର୍ମଗଡ଼, ୧୫ ।୧୧(ସମିସ):** ଧର୍ମଗଡ଼ସ୍ଥିତ ସୋମ ପବ୍ଲିକ ସ୍କୁଲର ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି। ଉତ୍ସବରେ ମୁଖ୍ୟଅତିଥି ଭାବରେ ଧର୍ମଗଡ଼ ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ ଯୋଗଦେଇ ଛାତ୍ରମାନଙ୍କ ଭବିଷ୍ୟତ ଉଜ୍ଜଳ କାମନା ସହିତ ଛାତ୍ର ଜୀବନର ଆଦର୍ଶ ଓ ଗଠନର ମାଧ୍ୟମ ବିଷୟରେ ଉଦ୍‌ବୋଧନ ଦେଇଥିଲେ।କାର୍ଯ୍ୟକ୍ରମରେ ଧର୍ମଗଡ଼ ବିଜ୍ଞାପିତ ଅଞ୍ଚଳ ପରିଷଦ ଅଧକ୍ଷ ଅଶୋକ ମହାନ୍ତି, ଡେପୁଟି କଲେକ୍ଟର ଶ୍ରୀକାନ୍ତ ଶତପଥି, ଧର୍ମଗଡ଼ ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷକ ଜୟନ୍ତ ମୁଣ୍ଡ, ସୋମ ପବ୍ଲିକ ସ୍କୁଲ ଅଧକ୍ଷ ପ୍ରଶାନ୍ତ କୁମାର ପଣ୍ଡା, ପ୍ରଧାନଆଚାର୍ଯ୍ୟ ତପସ୍ୱୀନି ଷଡଙ୍ଗୀ, ଉପପ୍ରଧାନ ଆଚାର୍ଯ୍ୟ ସନ୍ତୋଷ ନାୟକ ପ୍ରମୁଖ ମଞ୍ଚାସିନ ଥିଲେ। ମୁଖ୍ୟଅତିଥି ଶ୍ରୀ ପଟ୍ଟଯୋଶୀ ଛାତ୍ରଛାତ୍ରୀଙ୍କୁ ଭଲ ମଣିଷ ଓ ଦେଶ ସେବକ ଭାବେ ନିଜକୁ ଗଢି ତୋଳିବା ପାଇଁ ପରାମର୍ଶ ଦେଇଥିଲେ। ସହକାରୀ ପ୍ରଧାନ ଆଚାର୍ଯ୍ୟ ସନ୍ତୋଷ ନାୟକ ସଭା ପରିଚଳନା କରିଥିଲେ। ଅଧକ୍ଷ ଅତିଥି ପରିଚୟ ଓ ସ୍ୱା।।ଗତ ଭାଷଣ ପ୍ରଦାନ କରିଥିଲେ।

## ଧରତୀ ଆବା ବିର୍ସା ମୁଣ୍ଡାଙ୍କ ୧୫୦ ତମ ଜୟନ୍ତୀ

# ବୀର ବିର୍ସା ମୁଣ୍ଡା ଥିଲେ ନିଷ୍ଠା ଓ ତ୍ୟାଗର ପ୍ରତିକ



**ରାଉରକେଲା, ୧୫।୧୧(ସମିସ)**

ଇଂରେଜମାନଙ୍କ ଅନ୍ୟାୟ ଓ ଅତ୍ୟାଚାର ବିରୁଦ୍ଧରେ ସ୍ୱର ଉତ୍ତୋଳନ କରି ଖୁଣ୍ଟକାଟି ଅଧିକାରକୁ ସାବ୍ୟସ୍ତ କରିବା ପାଇଁ ସଂଗ୍ରାମ କରିଥିବା ୨୫ ବର୍ଷର ବାଳକ ବିର୍ସା ମୁଣ୍ଡା ଆଦିବାସୀମାନଙ୍କ ଭଗବାନ ଭାବେ ପୂଜିତ ହେବାଅତ୍ୟନ୍ତ ସୌଭାଗ୍ୟର ବିଷୟ ବୋଲି ରାଉରକେଲା ଇସ୍ପାତ କାରଖାନାର ଭାରପ୍ରାପ୍ତ ନିର୍ଦ୍ଦେଶକ ଆଲୋକ ବର୍ମା ମତବ୍ୟକ୍ତ କରିଛନ୍ତି। ବିର୍ସା ମୁଣ୍ଡା ଷ୍ଟାଚ୍ୟୁ କମିଟି ଦ୍ୱାରା ଆୟୋଜିତ ୧୫୦ତମ ବିର୍ସା ମୁଣ୍ଡା ଜୟନ୍ତୀରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶ୍ରୀ ବର୍ମା ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହ ତାଙ୍କ ପଦାଙ୍କ ଅନୁଶରଣ କଲେ ଏକ ବିକଶିତ ସମାଜ ଗଠନ ହୋଇ ପାରିବ ବୋଲି କହିଥିଲେ। ସମ୍ପାଦକ ପ୍ରଫେସର ବିଜୟ କୁମାର ଟପ୍ପୋ ସ୍ୱାଗତ ଅଭିଭାଷଣ ପ୍ରଦାନ କରି ବିର୍ସା ମୁଣ୍ଡାଙ୍କ ବଳିଦାନ ସମ୍ପର୍କରେ ଆଲୋକପାତ କରିଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ବିର୍ସା ମୁଣ୍ଡାଙ୍କ ବିରତ୍ୱକୁ ମନେପକାଇବା ସହିତ ଆଦିବାସୀ ସମ୍ପ୍ରଦାୟକୁ ଉତ୍ସାହିତ କରିଥିଲେ।

ଷ୍ଟାଚ୍ୟୁ କମିଟିର ଯୁଗ୍ମ-ସମ୍ପାଦକ ପ୍ରସନ୍ନ କୁମାର ତ୍ରିପାଠୀଙ୍କ ସଂଯୋଜନାରେ ଆୟୋଜିତ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥିଭାବେ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମ ଆୟୁକ୍ତ ଦିନାଃ ଦସ୍ତଗିର ନିଜ ବକ୍ତବ୍ୟରେ ବିର୍ସା ମୁଣ୍ଡାଙ୍କ ତ୍ୟାଗପୂତ ଜୀବନ ସମ୍ପର୍କରେ ଆଲୋକପାତ କରିବା ସହିତ ଆଜିର ଛାତ୍ର ଓ ଯୁବ ସମାଜ ତାଙ୍କର ପଦାଙ୍କ ଅନୁସରଣ କଲେ ଏକ ବିକଶିତ ସମାଜ ଗଠନ ହୋଇପାରିବ ବୋଲି କହିଥିଲେ। ନିର୍ବାହୀ ନିର୍ଦ୍ଦେଶକ ତପନ ମିଶ୍ର ଯୋଗଦେଇ ବିର୍ସାମୁଣ୍ଡାଙ୍କ ସଂଗ୍ରାମୀ ଜୀବନ ସମ୍ପର୍କରେ ଆଲୋକପାତ କରିଥିଲେ। ସମ୍ମାନିତ ଅତିଥି ଭାବେ ପାନପୋଷ ଉପଜିଲ୍ଲାପାଳ ବିଜୟ କୁମାର ନାୟକ ଯୋଗଦେଇ କହିଲେ ଯେ ବିର୍ସାମୁଣ୍ଡାଙ୍କ ତ୍ୟାଗପୂତ ଜୀବନୀ ଇତିହାସ ପୃଷ୍ଠାରେ ଲିପିବଦ୍ଧ। ନିଜର ସମର୍ପିତ ମନୋଭାବ ଯୋଗୁଁ ସେ ଗୋଟିଏ ଜାତିର ଭଗବାନ ରୂପେ ପୂଜିତ ହେବା ଆମ ପାଇଁ ଗର୍ବର ବିଷୟ ଅଟେ ବୋଲି କହିଥିଲେ। ବିଧାୟକ ଦୁର୍ଗାଚରଣ ତନ୍ତୀ, ପୂର୍ବତନ ବିଧାୟକ ପ୍ରଭାତ ମହାପାତ୍ର, ଇସ୍ପାତ କାରଖାନାର ନିର୍ବାହୀ ନିର୍ଦ୍ଦେଶକ ସୁଦିପ ପାଲ ଚୌଧୁରୀ, ବିଶ୍ୱ ରଞ୍ଜନ ପଲାଇ ଓ ବି.କେ ଗିରି, ସିଜିଏମ ବି.କେ.ଯୋଯୋ ଓ ମାନସରଞ୍ଜନ ରଥ, ଉପମହାପ୍ରବନ୍ଧକ ଏସ.ଏସ.ମହାପାତ୍ର ଓ ଡ.ଅଭିଜିତ ବିଶ୍ୱାସ, ଏଜିଏମ ପୁରୁଷୋତ୍ତମ ସାହୁ, ସୀମା ଫତିମା ଏକ୍କା, ସମାଜସେବୀ ହରିହର ରାଉତରାୟ, ରିଙ୍କୁ ସାମଲ, ରାଜା ରାୟ, ବରିଷ୍ଠ ବିଜେଡି ନେତା, ବିରେନ ସେନାପତି, ଗଗନ ପଣ୍ଡ ଓ ପ୍ରଶାନ୍ତ ସେଠୀ, ଗଙ୍ଗାଧର ଦାଶ, ବି.ଏନ ପଟ୍ଟନାୟକ, ବେଣ୍ଡିକ୍ଟ ତିର୍କୀ, ସ୍ୱର୍ଣ୍ଣପ୍ରଭା ମହାନ୍ତି, ଅମିତାଭ ଠାକୁର, ଅସିତ ମହାନ୍ତି, ଆପେଲା ସ୍ୱାମୀ, ପ୍ରମୁଖ ମାଲ୍ୟାର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ଆୟୋଜିତ ବିର୍ସାମୁଣ୍ଡାଙ୍କ ଉପରେ ଆଧାରିତ ବିଦ୍ୟାଳୟ ସ୍ତରୀୟ ବକ୍ତୃତା ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ମାର୍ସଲ କାଣ୍ଡୁଲାନା, ଡା.ଏମ୍. ସୋରେନ, ମାର୍ସଲ ପୂର୍ତ୍ତୀ, ପି.ଏଲ୍. ନାୟକ, ମନୋରଞ୍ଜନ କାଣ୍ଡୁଲାନା, ସୁନିଲ କୁମାର ପଟ୍ଟନାୟକ, ସୁବାସ ଚନ୍ଦ୍ର ସାହୁ, ପିତାମ୍ବର ହେମ୍ବ୍ରମ, ଅଭିଷେକ ରାଉତରାୟ, ପ୍ରମୋଦ କୁମାର ବକ୍ସି, ଦୀପକ ରାଉତରାୟ, ଅନିରୁଦ୍ଧ ସ୍ୱାଇଁ, ସିମ୍ପଲ ପୂର୍ତ୍ତି, ଲଳିତ କୁଜୁର ପ୍ରମୁଖ ସହଯୋଗ କରିଥିଲେ।

### ଏନ୍ଆଇଟି ରାଉରକେଲା



**ରାଉରକେଲା :** ଏନ୍ଆଇଟି ରାଉରକେଲା ପରିସରରେ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜନ୍ମବାର୍ଷିକୀ ଉତ୍ସବ ପାଳିତ ହୋଇଯାଇଛି। ପ୍ରଫେସର ଆର. କେ. ବିଶ୍ୱାଳ ଏନ୍ଆଇଟି ରାଉରକେଲାରେ ଜନଜାତୀୟ ଗୌରବବର୍ଷ ଉତ୍ସବ ପାଇଁ ନୋଡାଲ୍ ଅଧିକାରୀ ଭାବରେ କାର୍ଯ୍ୟ କରିଥିଲେ। ପ୍ରଫେସର ବି. କେ. ନାୟକ ସ୍ୱାଗତ ଭାଷଣ ଦେଇ ଭାରତର ସାମାଜିକ ଏବଂ ସାଂସ୍କୃତିକ ପରିଦୃଶ୍ୟକୁ ଆକାର ଦେଇଥିବା ଜନଜାତି ପ୍ରତୀକମାନଙ୍କୁ ସମ୍ମାନିତ କରିବାର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ଏନ୍ଆଇଟି ରାଉରକେଲାର ନିର୍ଦ୍ଦେଶକ ପ୍ରଫେସର କେ. ଉମା ମହେଶ୍ୱର ରାଓ କହିଲେ ଯେ ୧୮୦୦ ଦଶକର ଶେଷ ଭାଗରେ ଯୋଗାଯୋଗ, ପରିବହନ କିମ୍ବା ପ୍ରଯୁକ୍ତିର ସୀମିତ ମାଧ୍ୟମ ସତ୍ତ୍ୱେ, ବିର୍ସା ମୁଣ୍ଡା ସମ୍ପ୍ରଦାୟଗୁଡ଼ିକୁ ସଂଗଠିତ କରିଥିଲେ ଏବଂ ନ୍ୟାୟ ଏବଂ ସ୍ୱାଧୀନତା ପାଇଁ ଏକ ଉଲ୍ଲେଖନୀୟ ଆନ୍ଦୋଳନର ନେତୃତ୍ୱ ନେଇଥିଲେ। ଏହି କାର୍ଯ୍ୟକ୍ରମର ଏକ ଅଂଶ ଭାବରେ, ଏକ 'ଆଦିବାସୀ ଷ୍ଟାର୍ଟଅପ୍ ପ୍ରଦର୍ଶନୀ' ଆୟୋଜନ କରାଯାଇଥିଲା, ଯେଉଁଥିରେ ପ୍ରକୃତି ପ୍ରାଇଭେଟ୍ ଲିମିଟେଡ୍, ଯାହା ଏହାର ଜୈବିକ ସାର ପାଇଁ ଜଣାଶୁଣା, ଏବଂ ଆୟୁରିନୋ ଲିଗାସି ପ୍ରାଇଭେଟ୍ ଲିମିଟେଡ୍ ଭଳି ଉଦ୍ୟୋଗଗୁଡ଼ିକୁ ସାମିଲ କରାଯାଇଥିଲା, ଯାହା ହସ୍ତଶିଳ୍ପ ଜୈବିକ ଔଷଧୀୟ ସାବୁନ ଏବଂ ଜୀବନଶୈଳୀ ଉତ୍ପାଦ ପ୍ରଦର୍ଶନ କରିଥିଲା। ଜେଜେଜିଭି କମିଟି ପ୍ରଫେସର ସହ-ସଂଯୋଜକ ଥୁଙ୍ଗ୍ୟାନି ଏନ୍. ଓଡଙ୍ଗ ଧନ୍ୟବାଦ ପ୍ରସ୍ତାବ ପ୍ରଦାନ କରିଥିଲେ। ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ, ଶିକ୍ଷା ମନ୍ତ୍ରଣାଳୟ, ପ୍ରତିଷ୍ଠାନର ନେତୃତ୍ୱ, ଅଧ୍ୟାପକ ସଂଯୋଜକ, ଛାତ୍ର ସ୍ୱେଚ୍ଛାସେବକ ଏବଂ ସମସ୍ତ ଅଂଶଗ୍ରହଣକାରୀଙ୍କୁ ବର୍ଷବ୍ୟାପୀ ଉତ୍ସବକୁ ଅର୍ଥପୂର୍ଣ୍ଣ ଏବଂ ପ୍ରଭାବଶାଳୀ କରିବାରେ ସେମାନଙ୍କର ସମର୍ଥନ ପାଇଁ ସେ କୃତଜ୍ଞତା ପ୍ରକାଶ କରିଥିଲେ। ଅନୁଜ ଶୁକ୍ଳା ଏହି କାର୍ଯ୍ୟକ୍ରମର ଆୟୋଜନ କରିଥିଲେ।

## ମୁଖ୍ୟମନ୍ତ୍ରୀଙ୍କ ଗସ୍ତର ଏପାଖ ସେପାଖ

# ୧୮୦୦ କୋଟି ଟଙ୍କାର ପ୍ରକଳ୍ପ ଶିଳାନ୍ୟାସ

**ରାଉରକେଲା, ୧୫।୧୧(ସମିସ):** ରାଉରକେଲା ସମେତ ସୁନ୍ଦରଗଡ଼ ଜିଲ୍ଲାର ବିକାଶ ପାଇଁ ପାନୀୟଜଳ, ରାସ୍ତାଘାଟ, ସ୍ୱାସ୍ଥ୍ୟ ଆଦି କ୍ଷେତ୍ରରେ କାର୍ଯ୍ୟ ପାଇଁ ୧୮୦୦୦ କୋଟି ଟଙ୍କାର ପ୍ରକଳ୍ପ ଶିଳାନ୍ୟାସ କରିଥିଲେ ମୁଖ୍ୟମନ୍ତ୍ରୀ। ହେଲେ ରାଉରକେଲା ସହରର ସବୁଠାରୁ ବେଶୀ ଆବଶ୍ୟକ ଥିବା ରାଉରକେଲା ବିମାନ ବନ୍ଦରର ସମ୍ପ୍ରସାରଣ ଓ ଦୈନନ୍ଦିନ ବିମାନ ଉଡାଣ ସମ୍ପର୍କରେ ମୁଖ୍ୟମନ୍ତ୍ରୀ ଧାଡ଼ିଏ ବି କହିଲେନି। ଓଲଟା ସାମ୍ବାଦିକଙ୍କ ଏହି ପ୍ରଶ୍ନକୁ ଏଡ଼ାଇ ଦେଇଥିଲେ।

### ଭୁଲ୍ ତଥ୍ୟ ଯୋଗୁଁ ଭୁଲ୍ ପଢ଼ିଲେ ମୁଖ୍ୟମନ୍ତ୍ରୀ

ଆଜି ସେକ୍ଟର - ୧୩ ମେଳଣ ପଡିଆରେ ଜନଜାତି ଗୌରବ ଦିବସ ପାଳନ ପାଇଁ ହୋଇଥିବା ବିଶାଳ ମଞ୍ଚ ସାଙ୍ଗକୁ ସୁଦୀର୍ଘ ସଭାସ୍ଥଳ। ମୁଖ୍ୟମନ୍ତ୍ରୀ ସଭାସ୍ଥଳରୁ ଅଭିଭାଷଣ ରଖିବାବେଳେ ଭୁଲ ପଢ଼ିଲେ କି କାଗଜରେ ଭୁଲ ରିପୋର୍ଟ ଲେଖାଥିଲା ତାହା କେବଳ ସେ ଜାଣନ୍ତି। କାହିଁକି ନା ରାଉରକେଲା ମହାନଗର ନିଗମ କମିଶନରଙ୍କ ନାଁ 'ଦିନାଃ ଦସ୍ତାଗିର' ପରିବର୍ତ୍ତେ 'ଅମ୍ରିତପାଲ କୌର' ପଢ଼ିଲେ। 'ହଇଓ ଅମ୍ରିତପାଲ କୌର ତ ସୁନ୍ଦରଗଡ଼ ଏସ୍‌ପି'। ତାଙ୍କ ନାଁ ଆସିଲା କୋଉଠୁ ? ମୁଖ୍ୟମନ୍ତ୍ରୀଙ୍କ ଏହି ସମ୍ବୋଧନରେ ସଭାସ୍ଥଳ ଆଁ କରି ଅନେଇବା ସହ ବିଚରା ରାଉରକେଲା ମହାନଗର ନିଗମ କମିଶନର ତଥା ଅତିରିକ୍ତ ଜିଲ୍ଲାପାଳ ଦିନାଃ ଦସ୍ତାଗିର ତାପରେ କୁଆଡେ ପଳେଇଲେ ଯେ ତାଙ୍କୁ ଆଉ ଦେଖିବାକୁ ମିଳିଲାନି।

### ଆଗେ ସାରଦା ତା'ପରେ ଦୁର୍ଗା...

ମୁଖ୍ୟମନ୍ତ୍ରୀଙ୍କ ସମ୍ବୋଧନ ଭାଷଣର ସବୁଠାରୁ ରୋଚକ ତଥ୍ୟ ହେଉଛି ତାଙ୍କ ବିଜେପିର ବିଧାୟକ ମଞ୍ଚରେ ବସିଥିବା ସତ୍ତ୍ୱେ ମୁଖ୍ୟମନ୍ତ୍ରୀ ପ୍ରଥମେ ରାଉରକେଲାର ବିଜେଡି ବିଧାୟକ ସାରଦା ପ୍ରସାଦ ନାୟକଙ୍କ ନାମକୁ ଆଗେ ଉଚ୍ଚାରଣ କରିଥିଲେ। ତାପରେ ଦୁର୍ଗାଚରଣ ତନ୍ତୀଙ୍କ ନାମ ନେଇଥିଲେ। ଅବଶ୍ୟ ଏହା ଏତେବଡ଼ ଭୁଲ ନୁହେଁ, ତେବେ ଏହା ବିଜେପି କର୍ମୀମାନଙ୍କ ମଧ୍ୟରେ ବେଶ୍ ଚର୍ଚ୍ଚାର ବିଷୟ ପାଲଟିଥିଲା।

### ମୁଖ୍ୟମନ୍ତ୍ରୀଙ୍କ ଭାଷଣ ଅଧାରୁ ପଳାଇଲେ ଲୋକେ

ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଆଜି ତାଙ୍କର ଅଭିଭାଷଣ ରଖୁଥିବାବେଳେ ଅଧାରୁ ହଠାତ୍ ଆଶ୍ଚର୍ଯ୍ୟଜନକ ଭାବେ ସଭାସ୍ଥଳ ଖାଲି ହୋଇ ଯାଇଥିଲା। ଲୋକମାନେ ବିଶେଷକରି ମହିଳାମାନେ ସଭାସ୍ଥଳ ଛାଡ଼ି ପଳାଉଥିବା ଦେଖି ମୁଖ୍ୟମନ୍ତ୍ରୀ କେବଳ ନିରାଶ ହୋ ଇ ନଥିଲେ, ବରଂ ସଭା ପରିଚାଳନା ନେଇ କ୍ଷୁବ୍ଧ ହୋଇଯାଇଥିଲେ।

### କାହାକୁ କହିଲେ ଗେଟ୍ ଆଉଟ୍ ?

ସଭା ସମାପ୍ତ ପରେ ସଭା ପଛପଟରେ ସାମ୍ବାଦିକ ମାନେ ମୁଖ୍ୟମନ୍ତ୍ରୀଙ୍କ ବାଇଟ୍ ନେବା ପାଇଁ ଅପେକ୍ଷା କରିଥିବାବେଳେ ରେଷ୍ଟ ରୁମ୍ ଭିତରେ ମୁଖ୍ୟମନ୍ତ୍ରୀ ବଡ଼ ପାଟିରେ ପାଟି କରି କାହାକୁ ଗାଳି ଦେଉଥିଲେ। ଏପରିକି ତାହାକୁ 'ଗେଟ୍ ଆଉଟ୍' ବୋଲି କହି ଗାଳିକଲେ। ତେବେ ସେ କିଏ ଜଣାପଡ଼ିନି। ସେତେବେଳେ ଜିଲ୍ଲାପାଳ, ଡିଆଇଜି, ବିଧାୟକ ସାରଦା ପ୍ରସାଦ ନାୟକ ରେଷ୍ଟ ରୁମ ବାହାରେ ଥିବା ବେଳେ ଭିତରେ ରଘୁନାଥପାଲି ବିଧାୟକ ଦୁର୍ଗା ତନ୍ତୀ, ଉପବାଚସ୍ପତି ଭବାନୀଭୋଇଙ୍କ ସମେତ କିଛି ବରିଷ୍ଠ ପ୍ରଶାସନିକ ଅଧିକାରୀ ଉପସ୍ଥିତ ଥିଲେ। ତେବେ ଭିତରେ କାହାର ପାଳି ଥିଲା ତାହା ଜଣାପଡ଼ିନି।

## ଡାଲମିଆ ମହାବିଦ୍ୟାଳୟରେ ପାଠ୍ୟଚକ୍ର




**କୁତ୍ରା, ୧୫।୧୧(ସମିସ):** ସୁନ୍ଦରଗଡ଼ ଜିଲ୍ଲା କୁତ୍ରା ବ୍ଲକ ଅଧୀନ ଝାରବେଡ଼ାଠାରେ ଥିବା ଡାଲମିଆ ମହାବିଦ୍ୟାଳୟରେ ରାଉରକେଲା ଆର.ଏବି. ଏସ.ଏସ ତରଫରୁ 'ବିଜ୍ଞାନ ଦୋଛକିରେ' ବିଷୟରେ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ସଭାର ଆୟୋଜନ କରାଯାଇଥିଲା। ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ଜିତେନ୍ଦ୍ର କୁମାର ପଟେଲଙ୍କ ଅଧ୍ୟକ୍ଷତାରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ମହାବିଦ୍ୟାଳୟର ଅଧ୍ୟାପିକା ଡା. ଲତା ନାଏକ ସ୍ୱାଗତ ଭାଷଣ ଦେଇଥିଲେ। ସମ୍ମାନିତ ଅତିଥି ଭାବରେ ଡା. ସତ୍ୟରଞ୍ଜନ ଦାସ, ପ୍ରଦୀପ କୁମାର ପାଣିଗ୍ରାହୀ, ମହାସଚିବ ଡ. ପୂର୍ଣ୍ଣଚନ୍ଦ୍ର ପ୍ରଧାନ ଯୋଗଦେଇ ଥିଲେ। ମହାବିଦ୍ୟାଳୟର ଅଧ୍ୟାପିକା ନୈସିନ ଫିଜା ସଂଯୋଜନା କରିଥିଲେ। ମହାବିଦ୍ୟାଳୟର ଅଧ୍ୟାପିକା ସୁରଭି ସା ଧନ୍ୟବାଦ ଅର୍ପଣ କରିଥିଲେ।

## ପାନପୋଷ ସରସ୍ୱତୀ ଶିଶୁ ମନ୍ଦିରରେ ଶିଶୁ ଦିବସ

**ରାଉରକେଲା, ୧୫।୧୧(ସମିସ):** ପାନପୋଷ ସରସ୍ୱତୀ ଶିଶୁ ମନ୍ଦିରରେ ଶିଶୁଦିବସ କାର୍ଯ୍ୟକ୍ରମ ପାଳନ କରାଯାଇଛି। ଉକ୍ତ ଦିବସରେ ଷଷ୍ଠରୁ ଅଷ୍ଟମଶ୍ରେଣୀ ପର୍ଯ୍ୟନ୍ତ ଶିଶୁ ଭାଇଭଉଣୀମାନଙ୍କ ଦ୍ୱାରା ଘୋଷ ଏବଂ ପଥ ସଞ୍ଚାଳନ କାର୍ଯ୍ୟକ୍ରମ କରାଯାଇଥିଲା। ଉକ୍ତ ଦିବସରେ ବିଦ୍ୟାଳୟର ସମ୍ପାଦକ ଚନ୍ଦ୍ରଧ୍ୱଜ ମାଝୀ, କୋଷାଧ୍ୟକ୍ଷ ବସନ୍ତ କୁମାର ତନ୍ତୀ ଉପସ୍ଥିତ ଥିଲେ। ବିଦ୍ୟାଳୟର ପ୍ରଧାନାଚାର୍ଯ୍ୟା ଉଷାରାଣୀ ମିଶ୍ର ଅତିଥିଙ୍କ ପରିଚୟ ପ୍ରଦାନ କରିଥିଲେ। ଏହି ମେଳାରେ ଶିଶୁ ବାଟିକାରୁ ଅଷ୍ଟମଶ୍ରେଣୀ ପର୍ଯ୍ୟନ୍ତ ୫୫ଟି ଷ୍ଟଲ, ବାଟିକା ପ୍ରମୁଖ ସସ୍ମିତା ସାହୁଙ୍କ ତତ୍ତ୍ୱାବଧାନରେ ପରିଚାଳନା କରାଯାଇଥିଲା। ଏହି ମେଳାରେ ଶିଶୁବାଟିକାର ୨୦୨୬-୨୦୨୭ ନିମନ୍ତେ ନୂତନନାମ ଲେଖା ଆରମ୍ଭ ଘୋଷଣା କରିଥିଲେ। ବିରଜା ମୋହିନୀ କୁଅଁର ଧନ୍ୟବାଦ ଅର୍ପଣ କରିଥିଲେ।



# ଆର୍‌ଏସ୍‌ପିର ୫ -ଏସ୍ ସର୍ବେକ୍ଷଣ ଅଡିଟ୍

**ରାଉରକେଲା, ୧୫।୧୧(ସମିସ):** ରାଉରକେଲା ଇସ୍ପାତ କାରଖାନା (ଆରଏସପି)ରେ ଏକ ଦିନିକିଆ ୫ - ଏସ ସର୍ବେକ୍ଷଣ ଅଡିଟ୍ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟ ବିଭାଗର ନିର୍ବାହୀ ନିର୍ଦ୍ଦେଶକଙ୍କ 'ସମାଗମ' ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଥିବା ଏହାର ଉଭୟ ଉଦ୍‌ଘାଟନୀ ଏବଂ ଉଦ୍‌ଯାପନୀ ବୈଠକର ସେବା ବିଭାଗର ସିଜିଏମ ଇନଚାର୍ଜ ଆତିଶ ଚନ୍ଦ୍ର ସରକାର ଅଧ୍ୟକ୍ଷତା କରିଥିଲେ। ଏହି ଅବସରରେ ରାକେଶ ବର୍ମା ଉପସ୍ଥିତ ଥିଲେ। ଏହି ଅଡିଟ୍ ସିକନ୍ଦରାବାଦର ସ୍ଥିତ ଅଡିଟ୍ କ୍ୱାଲିଟି ସର୍କଲ୍ ଫୋରମ୍ ଅଫ୍ ଇଣ୍ଡିଆ (କ୍ୟୁସିଏଫଆଇ)ର ସୁନୀଲ ଶ୍ରୀବାସ୍ତବ ଏବଂ ରାଉରକେଲା ଚାପ୍ଟରର କ୍ୟୁସିଏଫଆଇର ସମ୍ପାଦକ ଏସ୍‌ସି ପ୍ରସାଦଙ୍କ ଦ୍ୱାରା କରାଯାଇଥିଲା। ଆର୍‌ଏସ୍‌ପିରେ ୫ଏସ୍ କାର୍ଯ୍ୟାନ୍ୱୟନର ଅଂଶ ଭାବରେ, ତିନୋଟି ୟୁନିଟ୍ ଯେଉଁଠାରେ ଅଡିଟ୍ କରାଯାଇଥିଲା, ସେଗୁଡ଼ିକ ହେଲା, ରୋଲ୍ ସପ୍, ଅକ୍ସିଜେନ୍ ପ୍ଲାଣ୍ଟ ଏବଂ ମେକାନିକାଲ୍ ସପ୍। ପ୍ରଥମ ଥର ପାଇଁ ରୋଲ୍ ସପ୍ ବିଭାଗ ଅଧୀନରେ ଏଚଏସଏମ-୨ରେ ରୋଲ୍ ସପ୍-୫ କୁ ଅଡିଟ୍ ପାଇଁ ପ୍ରସ୍ତାବ ଦିଆଯାଇଥିଲା ଏବଂ ଅଡିଟରଙ୍କ ଦ୍ୱାରା ସଫଳତାର ସହ ୫ଏସ ସିଷ୍ଟମରେ ସାମିଲ କରାଯାଇଥିଲା। ଏହି ଅଡିଟ୍ କାର୍ଯ୍ୟକ୍ରମକୁ ଅନୁବିନ୍ଦ ମହାନ୍ତି ଏବଂ ଉକ୍ତ ବିଭାଗର ସାମୂହିକ ପରିଚାଳନା କରିଥିଲେ। ଅଡିଟ୍ ହୋଇଥିବା ବିଭାଗଗୁଡ଼ିକରେ ବ୍ୟାପକ ହାଉସକିପିଂ, ଫ୍ଲୋର୍ ମାର୍କିଂ, ଅବ୍ୟବହୃତ ସ୍କ୍ରାପର, ଉପକରଣ ଏବଂ ଟ୍ୟାକଲ୍ସର ନିଷ୍କାସନ ଏବଂ ସ୍କ୍ରାପର ଆସେମ୍ବଲିଗୁଡ଼ିକର ପୁନଃବ୍ୟବସ୍ଥିତି କାର୍ଯ୍ୟ ସମୀକ୍ଷା ହୋଇଥିଲା।

## ଚତୁର୍ଥ ଜାତୀୟ ଇଏମ୍ଆରଏସ୍ କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଯାପିତ

# ତେଲଙ୍ଗାନା ବ୍ୟକ୍ତିଗତ ଓ ଦଳଗତ ଚାମ୍ପିଅନ୍

**ରାଉରକେଲା, ୧୫।୧୧(ସମିସ)**

ଆଦିବାସୀ ଯୁବ ପ୍ରତିଭା ଏବଂ କ୍ରୀଡ଼ା ମହୋତ୍ସବ ୪ର୍ଥ ଜାତୀୟ ଏକଲବ୍ୟ ମଡେଲ ଆବାସିକ ବିଦ୍ୟାଳୟ (ଇଏମଆରଏସ) ୫ ଦିନିଆ କ୍ରୀଡ଼ା ପ୍ରତିଯୋଗିତା ରାଉରକେଲାର ବିର୍ସା ମୁଣ୍ଡା ଆଥଲେଟିକ୍ସ ଷ୍ଟାଡିୟମରେ ଉଦ୍‌ଯାପିତ ହୋଇଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବାବେଳେ କେନ୍ଦ୍ର ଆଦିବାସୀ ବ୍ୟାପାର ମନ୍ତ୍ରୀ ଜୁଏଲ ଓରାମ୍ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଦ୍ରୁତ ଧାବିକା ଦ୍ୟୁତି ଚାନ୍ଦ ଅନ୍ୟତମ ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ। ଏହି ପ୍ରତିଯୋଗିତାରେ ତେଲେଙ୍ଗାନା ରାଜ୍ୟ ଉଭୟ ବ୍ୟକ୍ତିଗତ ଓ ଦଳଗତ ଚାମ୍ପିଅନ୍ ହୋଇଛି। ଦଳଗତ ଭାବେ ତେଲେଙ୍ଗାନା ରାଜ୍ୟ ୮୮ଟି ସ୍ୱର୍ଣ୍ଣପଦକ, ୬୬ଟି ରୌପ୍ୟ ୭୬ଟି କାଂସ୍ୟ ଏହିପରି ମୋଟ୍ ୨୩୦ଟି ପଦକ ସହ ୭୧୪ ପଏଣ୍ଟ ହାସଲ କରି ଚତୁର୍ଥ ଜାତୀୟ ଇଏମଆରଏସ କ୍ରୀଡ଼ା ପ୍ରତିଯୋଗିତାରେ ଚାମ୍ପିଅନ୍ ହୋଇଛି। ଛତିଶଗଡ଼ ୫୫ଟି ସ୍ୱର୍ଣ୍ଣପଦକ, ୪୩ଟି ରୌପ୍ୟ, ୬୪ଟି କାଂସ୍ୟ ଏହିପରି ମୋଟ୍ ୧୬୨ଟି ପଦକ ସହ ୪୬୮ ପଏଣ୍ଟ ହାସଲ କରି ରନର୍ସଅପ୍ ହୋଇଥିଲା। ଆନ୍ଧ୍ରପ୍ରଦେଶ ୨୬ ଟି ସ୍ୱର୍ଣ୍ଣପଦକ, ୪୧ଟି ରୌପ୍ୟ ୩୭ଟି କାଂସ୍ୟ ଏହିପରି ମୋଟ ୧୦୪ଟି ପଦକ ସହ ୨୯୦ ପଏଣ୍ଟ ହାସଲ କରିଥିବା ବେଳେ ମହାରାଷ୍ଟ୍ର ରାଜ୍ୟ ୨୨ଟି ସ୍ୱର୍ଣ୍ଣ, ୨୭ଟି ରୌପ୍ୟ ୫୩ଟି କାଂସ୍ୟ ଏହିପରି ମୋଟ ୧୦୨ଟି ପଦକ ସହ ୨୪୪ ପଏଣ୍ଟ, ଗୁଜରାଟ ରାଜ୍ୟ ୨୬ଟି ସ୍ୱର୍ଣ୍ଣ ପଦକ, ୨୫ଟି ରୌପ୍ୟ ୨୭ଟି କାଂସ୍ୟ ଏହିପରି ମୋଟ ୭୮ଟି ପଦକ ସହ ୨୩୨ ପଏଣ୍ଟ ଏବଂ ଓଡ଼ିଶା ୨୫ଟି ସ୍ୱର୍ଣ୍ଣ ପଦକ, ୨୧ଟି ରୌପ୍ୟ ୧୧ଟି କାଂସ୍ୟ ଏହିପରି ମୋଟ ୫୭ଟି ପଦକ ସହ ୧୯୯ ପଏଣ୍ଟ ହାସଲ କରି ପୁରସ୍କୃତ ହୋଇଥିଲେ। ବ୍ୟକ୍ତିଗତ ଭାବେ ତେଲେଙ୍ଗାନା ୮୨ଟି ସ୍ୱର୍ଣ୍ଣପଦକ, ୬୫ଟି ରୌପ୍ୟ ୭୪ଟି କାଂସ୍ୟ ଏହିପରି ମୋଟ ୨୨୧ଟି ପଦକ ସହ ୬୭୯ ପଏଣ୍ଟ ହାସଲ କରି ପୁରସ୍କୃତ ହୋଇଥିଲା ବେଳେ ଛତିଶଗଡ଼ ରାଜ୍ୟ ୫୪ଟି ସ୍ୱର୍ଣ୍ଣ ପଦକ, ୪୩ଟି ରୌପ୍ୟ ୬୨ଟି କାଂସ୍ୟ ଏହିପରି ମୋଟ୍ ୧୫୯ଟି ପଦକ ସହ ୪୬୧ ପଏଣ୍ଟ, ମଧ୍ୟପ୍ରଦେଶ ରାଜ୍ୟ ୪୦ଟି ସ୍ୱର୍ଣ୍ଣ ପଦକ, ୪୭ଟି ରୌପ୍ୟ ୬୧ଟି କାଂସ୍ୟ ଏହିପରି ମୋଟ୍ ୧୪୮ଟି ପଦକ ସହ ୪୦୨, ଆନ୍ଧ୍ରପ୍ରଦେଶ ରାଜ୍ୟ ୨୫ଟି ସ୍ୱର୍ଣ୍ଣପଦକ, ୩୯ଟି ରୌପ୍ୟ ୩୫ଟି କାଂସ୍ୟ ଏହିପରି ମୋଟ ୯୯ଟି ପଦକ ସହ ୨୩୭ ପଏଣ୍ଟ, ମହାରାଷ୍ଟ୍ର ରାଜ୍ୟ ୨୨ଟି ସ୍ୱର୍ଣ୍ଣପଦକ, ୨୫ଟି ରୌପ୍ୟ ୫୨ଟି କାଂସ୍ୟ ଏହିପରି ମୋଟ ୯୯ଟି ପଦକ ସହ ୨୩୭, ଗୁଜୁରାଟ ରାଜ୍ୟ ୨୬ଟି ସ୍ୱର୍ଣ୍ଣ ପଦକ, ୨୫ଟି ରୌପ୍ୟ ୨୫ଟି କାଂସ୍ୟ ଏହିପରି ମୋଟ ୭୬ଟି ପଦକ ସହ ୨୩୦ ପଏଣ୍ଟ ଏବଂ ଓଡ଼ିଶା ରାଜ୍ୟ ୨୩ଟି ସ୍ୱର୍ଣ୍ଣ ପଦକ, ୧୬ଟି ରୌପ୍ୟ ୧୦ଟି କାଂସ୍ୟ ଏହିପରି ମୋଟ ୪୯ଟି ପଦକ ସହ ୧୭୩ ପଏଣ୍ଟ ହାସଲ କରି ପୁରସ୍କୃତ ହୋଇଥିଲେ। ସମସ୍ତ ବିଜେତାମାନଙ୍କୁ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ପୁରସ୍କାର ପ୍ରଦାନ କରିଥିଲେ। ସୂଚନାଯୋଗ୍ୟ ଯେ ଏହି କ୍ରୀଡ଼ା ପ୍ରତିଯୋଗିତାରେ ଦେଶର ୨୧ଟି ରାଜ୍ୟ ଏବଂ ଗୋଟିଏ କେନ୍ଦ୍ରଶାସିତ ଅଞ୍ଚଳରୁ ୫୫୦୦ ରୁ ଅଧିକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଯେଉଁମାନେ ରାଉରକେଲା, ସୁନ୍ଦରଗଡ଼ ଏବଂ ରାଜଗାଙ୍ଗପୁରର ଆଠଟି ସ୍ଥାନରେ ୨୨ଟି ବିଭିନ୍ନ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ରାଜ୍ୟ ଅନୁସୂଚିତ ଜନଜାତି ଏବଂ ଅନୁସୂଚିତ ଜାତି ବିକାଶ ବିଭାଗର କମିଶନର-କମ୍-ସଚିବ ବି. ପରମେଶ୍ୱରନ ସ୍ୱାଗତ ଭାଷଣ ଦେଇଥିଲେ।



ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଲେ ଜାତୀୟ କାର୍ଯ୍ୟକ୍ରମର ଆୟୋଜକ ଭାବରେ ଓଡ଼ିଶାକୁ ମନୋନୀତ କରାଯିବା ସହ ସୁନ୍ଦରଗଡ଼ର କ୍ରୀଡା କେନ୍ଦ୍ର, ଆଦିବାସୀ ପ୍ରତିଭାର ଏହି ମହୋତ୍ସବ ପାଇଁ ଉପଯୁକ୍ତ ସ୍ଥାନ ଭାବରେ ମନୋନୀତ ହୋଇଥିବାରୁ ଗର୍ବ ଅନୁଭବ କରିଥିଲେ। କେନ୍ଦ୍ରମନ୍ତ୍ରୀ ଜୁଏଲ ଓରାମ କହିଲେ ରାଉରକେଲାରେ ଏକଲବ୍ୟ ଆଦର୍ଶ ଆବାସିକ ବିଦ୍ୟାଳୟ(ଇଏମଆରଏସ)ର ଏକ ଶାଖା କାର୍ଯ୍ୟାଳୟ ଖୁବଶୀଘ୍ର ରାଉରକେଲାରେ ଖୋଲାଯିବ। ଅଜିତ କୁମାର ଶ୍ରୀବାସ୍ତବ, ସୁନ୍ଦରଗଡ଼ ଜିଲ୍ଲାପାଳ ଡ. ଶୁଭଙ୍କର ମହାପାତ୍ର ଉପସ୍ଥିତ ଥିଲେ।




ସୂଚନାଯୋଗ୍ୟ ଯେ ଆୟୋଜିତ ଜାତୀୟ ପ୍ରତିଯୋଗିତାରେ ୨୨ ଟି ଇଭେଣ୍ଟ ଏବଂ ୩୬୫ ଟି ପ୍ରତିଯୋଗିତା ୮ଟି ଭିନ୍ନଭିନ୍ନ କ୍ରୀଡାସ୍ଥାନଗୁଡ଼ିକରେଅନୁଷ୍ଠିତ ହୋଇଯାଇଛି। ମୋଟ ୨୧ ଟି ରାଜ୍ୟ ଏବଂ ଗୋଟିଏ କେନ୍ଦ୍ର ଶାସିତ ଅଞ୍ଚଳ ଅଂଶଗ୍ରହଣ କରିଥିଲେ। ଏଥିରେ ୫, ୫୦୦ ରୁ ଅଧିକ ଛାତ୍ର ଅଂଶଗ୍ରହଣ କରିଥିଲେ। ପ୍ରତିଯୋଗିତାରେ ୩, ୧୮୭ ଜଣ ଛାତ୍ର ବ୍ୟକ୍ତିଗତ କ୍ରୀଡ଼ାରେ ଅଂଶଗ୍ରହଣ କରିଥିବା ବେଳେ ୨, ୦୦୧ ଜଣ ଛାତ୍ର ଦଳଗତ କ୍ରୀଡ଼ାରେ ଅଂଶଗ୍ରହଣ କରିଥିଲେ। ସେମାନଙ୍କ ମଧ୍ୟରୁ ୧୯ ବର୍ଷରୁ କମ୍ ବର୍ଗରେ ୧୯୬୬ ଜଣ ପୁଅ ଏବଂ ୧୮୩୨ ଜଣ ଝିଅ ଅଂଶଗ୍ରହଣ କରିଥିଲେ। ସେହିପରି ୧୪ ବର୍ଷରୁ କମ୍ ବର୍ଗରେ ୭୦୧ ଜଣ ପୁଅ ଏବଂ ୬୮୯ ଜଣ ଝିଅ ଅଂଶଗ୍ରହଣ କରିଥିଲେ। ୩୫୦ କ୍ରୀଡ଼ା ଅଧିକାରୀ ନିୟୋଜିତ ଥିଲେ। ଏହି ସମସ୍ତ ପ୍ରତିଯୋଗିତାଗୁଡ଼ିକୁ ରାଉରକେଲା ବିର୍ସା ମୁଣ୍ଡା ଆଥଲେଟିକ୍ ଷ୍ଟାଡିୟମ, ବିର୍ସା ମୁଣ୍ଡା ହକି ଷ୍ଟାଡିୟମ, ଆରଏସ୍‌ପି ବାସ୍କେଟବଲ୍ କମ୍ପ୍ଲେକ୍ସ, ବହୁମୁଖୀ ଇନ୍‌ଡୋର ଷ୍ଟାଡିୟମ ଏବଂ ରାଉରକେଲା ସହରର ଉଦିତନଗର ଷ୍ଟାଡିୟମ ପରି ରାଉରକେଲା ଏବଂ ଏହାର ଆଖପାଖରେ ୮ଟି ସ୍ଥାନରେ ଆୟୋଜିତ ହୋଇଥିଲା। କିଛି ଇଭେଣ୍ଟ ସୁନ୍ଦରଗଡ଼ ସହରର ଭବାନୀଭବନ କ୍ରୀଡା କମ୍ପ୍ଲେକ୍ସ ଏବଂ ଭବାନୀପୁର କ୍ରୀଡା କମ୍ପ୍ଲେକ୍ସ ଏବଂ ରାଜଗାଙ୍ଗପୁରର ଇନ୍‌ଡୋର ଷ୍ଟାଡିୟମରେ ଅନୁଷ୍ଠିତ ହୋଇଥିଲା।

# ଇସ୍ପାତ ଜେନେରାଲ୍ ହସ୍ପିଟାଲରେ ହିପ୍ ରିପ୍ଲେସମେଣ୍ଟ

**ରାଉରକେଲା, ୧୫।୧୧(ସମିସ):** ରାଉରକେଲା ଇସ୍ପାତ କାରଖାନା (ଆରଏସ୍‌ପି) ଅଧୀନସ୍ତ ଇସ୍ପାତ ଜେନେରାଲ୍ ହସ୍ପିଟାଲର ସର୍ଜନଙ୍କ ଦ୍ୱାରା ହିପ୍ ରିପ୍ଲେସ୍‌ମେଣ୍ଟ ଅସ୍ତ୍ରୋପଚାର ପରେ ଜଣେ ୮୦ ବର୍ଷୀୟ ରୋଗୀ ତାଙ୍କର ଗତିଶୀଳତା ପୁନଃ ଫେରି ପାଇଛନ୍ତି। ଆର୍‌ଏସ୍‌ପିର ପୂର୍ବତନ କର୍ମଚାରୀ କେ.ସି. ନାୟକ ପଡ଼ିଯିବା ଯୋଗୁଁ ତାଙ୍କର ଡାହାଣ ଅଣ୍ଟାଭଙ୍ଗା ସହିତ ଗୁରୁତର ଅବସ୍ଥାରେ ଆଇଜିଏଚ୍‌ରେ ଭର୍ତ୍ତି ହୋଇଥିଲେ। ସେ ସିକଲ୍‌ସେଲ୍‌ଫ ଏବଂ ଆଙ୍କାଇଲୋଜିଂ ସ୍ପଣ୍ଡିଲାଇଟିସ୍ ରୋଗରେ ପୀଡିତ ଥିଲେ। ତାଙ୍କ ଡାହାଣ ହିପ୍ ଗତ ୧୫ ବର୍ଷ ଧରି ଅକାମି ହୋଇ ରହିଥିଲା। ପୂର୍ବରୁ, ତାଙ୍କର ପ୍ରାୟ ସାତ ବର୍ଷ ତଳେ ତାଙ୍କର ହାଇଦ୍ରାବାଦରେ ବାମହିପ୍ ରିପ୍ଲେସମେଣ୍ଟ କରାଯାଇଥିଲା। ତାଙ୍କର ଫିକ୍ସହିପ୍ ଅବସ୍ଥା ଏବଂ ରୋଗର ଜଟିଳ ଅବସ୍ଥା ଯୋଗୁଁ, ଶ୍ରୀ ନାଏକ ବିଛଣାରେ ପଡ଼ି ରହିବା ସହିତ ଗୁରୁତର ଅସୁବିଧା ଭୋଗୁଥିଲେ।

ସୂଚନାଯୋଗ୍ୟ ଯେ, ଆଙ୍କାଇଲୋଜିଂ ସ୍ପଣ୍ଡିଲାଇଟିସ୍ ଏକ ଜଟିଳ ରୋଗ ଯେଉଁଥିରେ ଗଣ୍ଠିଗୁଡିକ ଗତିଶୀଳତା ହରାଏ ଏବଂ ଶେଷରେ ଫ୍ୟୁଜ ହୋଇଯାଏ। ଏପରି ମାମଲାକୁ ଏକ ଆହ୍ୱାନ ଭାବେ ଗ୍ରହଣକରି ଆଇଜିଏଚର ଅତିରିକ୍ତ ସିଏମଓ ଏବଂ ଅସ୍ଥିଶଲ୍ୟ ବିଭାଗ ମୁଖ୍ୟ ଡାକ୍ତର ଏସ.କେ. ତିୱାରୀ, ଅସ୍ଥିଶଲ୍ୟ ବିଭାଗର ପରାମର୍ଶଦାତା ଡାକ୍ତର ଶେଷକାନ୍ତ ରାଉତ, ଡାକ୍ତର ପ୍ରଶାନ୍ତ ଶର୍ମା ଏବଂ ଡାକ୍ତର ନମନ ସୋରୌଦି (ଡିଏନବି)ଙ୍କ ସମେତ ଡାକ୍ତରଙ୍କ ଏକ ଦଳ ଏହି ଜଟିଳ ଅସ୍ତ୍ରୋପଚାର ସଫଳତାର ସହିତ ସମ୍ପାଦନ କରିଥିଲେ। ଏହି ପ୍ରକ୍ରିୟାକୁ ଆନାସ୍ଥେସିଆ ଏବଂ କ୍ରିଟିକାଲ୍ କେୟାର ର ଅତିରିକ୍ତ ସିଏମଓ ଏବଂ ବିଭାଗ ମୁଖ୍ୟ ଡାକ୍ତର ସଞ୍ଜୁକ୍ତା ପାଣିଗ୍ରାହୀ ଏବଂ ତାଙ୍କ ଦଳ ଦ୍ୱାରା ସମ୍ପାଦନ କରାଯାଇଥିଲା। ଡାକ୍ତର ସଞ୍ଜୁକ୍ତା ପାଣିଗ୍ରାହୀ ଉଭୟ ଅପରେସନ ଥିଏଟର ଏବଂ ଆଇସିୟୁରେ ରୋଗୀଙ୍କ ନିପୁଣ ଚିକିତ୍ସା କରିଥିଲେ।

# ତ୍ରୟୋଦଶ ପଞ୍ଚାୟତ ସମିତି ସାଧାରଣ ବୈଠକ

**ବଣାଇଁ, ୧୫।୧୧ (ସମିସ):** ବଣାଇଁଗଡ଼ ପଞ୍ଚାୟତ ସମିତି କାର୍ଯ୍ୟାଳୟ ସଭାଗୃହରେ ଆଜି ତ୍ରୟୋଦଶ ପଞ୍ଚାୟତ ସମିତି ସାଧାରଣ ବୈଠକ ବଣାଇଁଗଡ଼ ପଞ୍ଚାୟତ ସମିତି ଅଧ୍ୟକ୍ଷା ମଞ୍ଜୁଲତା କିସାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଛି। ଏହି ବୈଠକରେ ସଂଯୋଜକ ବଣାଇଁଗଡ଼ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଦିବ୍ୟଶଙ୍କର ଜୟପୁରିଆ, ମଞ୍ଚାସିନ ଅତିଥି ଭାବରେ ଉପାଧ୍ୟକ୍ଷା ବିନିତା ବେହେରା, ଜିଲ୍ଲା ପରିଷଦ ସଭ୍ୟ (ଖ ) ରାମଚନ୍ଦ୍ର ସାହୁ, ଜିଲ୍ଲା ପରିଷଦ ସଭ୍ୟ (କ) ବୀର ବିଚିତ୍ର ସେନ ନାଏକ, ବଣାଇ ବିଜେପି ମଣ୍ଡଳ ସଭାପତି ମିଥିଳା ପାତ୍ର, ବ୍ଲକ ସହକାରୀ ନିର୍ବାହୀ ଯନ୍ତ୍ରୀ ଗୌତମ ନାୟକ, ବ୍ଲକ ପଞ୍ଚାୟତ ନିର୍ବାହୀ ଅଧିକାରୀ ରୌମ୍ୟ ରଞ୍ଜନ ପ୍ରଧାନ, ବିଧାୟକ ପ୍ରତିନିଧି ଅନିରୁଦ୍ଧ ତ୍ରିପାଠୀ, ଏବିଡିଓ ସାରିଆ ଲାକ୍ରା, ସିଡିପିଓ ବୀଣାପାଣି ନାୟକ ପ୍ରମୁଖ ଉପସ୍ଥିତ ରହିଥିଲେ। ଏହି ବୈଠକରେ ବିଡିଓ ଦିବ୍ୟଶଙ୍କର ଜୟପୁରିଆ ସମସ୍ତ ବ୍ଲକସ୍ତରୀୟ ସମ୍ପ୍ରସାରଣ ଅଧିକାରୀ ତଥା କ୍ଷେତ୍ରୀୟ ବିଭାଗୀୟ ଅଧିକାରୀଗଣଙ୍କୁ ସ୍ୱାଗତ ଓ ସମ୍ବର୍ଦ୍ଧନା ଜ୍ଞାପନ କରିଥିଲେ। ସହକାରୀ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସାରିଆ ଲାକ୍ରା ବିବରଣୀ ପାଠ କରିଥିବାବେଳେ ବୈଠକରେ ଆସିଥିବା କୃଷି, ମତ୍ସ୍ୟଚାଷ, ମହିଳା ଏବଂ ଶିଶୁ ବିକାଶ, ଉଦ୍ୟାନ, ଶିକ୍ଷା, ପାନୀୟଜଳ, ବନ, ସ୍ୱାସ୍ଥ୍ୟ ଓ ବିକଶିତ ଗାଁ ବିକଶିତ ଓଡ଼ିଶା ର କାର୍ଯ୍ୟକ୍ରମ ଓ ମହାତ୍ମା ଗାନ୍ଧୀ ଗ୍ରାମୀଣ କର୍ମ ନିଯୁକ୍ତି ଯୋଜନାରେ ଅନ୍ତର୍ଭୁକ୍ତ ଉନ୍ନୟନ ମୂଳକ କାର୍ଯ୍ୟ ବିଭାଗୀୟ ଅଧିକାରୀ ଗଣ ଉପସ୍ଥାପନା କରିଥିଲେ।

## ଦୁଇଟି ମିନିଗପ



# ମାଛି



**ପୀତାମ୍ବର ତରାଇ**

ଗୋଧୂଳି ବେଳ । ତଥାପି ପିଲାମାନଙ୍କ ଖେଳ ସରୁନି । ପିଲାଙ୍କ ଅଜ୍ଞାତରେ ଦୁଇଟି ମାଛି ନିଜ ଭିତରେ ଗପସପ ହୋଇ ସେହି ଛୋଟ ବଗିଚା ଭିତରେ ଗଣଗଣ ହୋଇ ଉଡ଼ି ବୁଲୁଥିଲାବେଳେ ଜଣେ ପିଲାର ନଜର ପଡ଼ିଯିବାରୁ ସେ ଦୁଇଟି ମାଛିକୁ ନିରୀକ୍ଷଣ କଲା । ପିଲାଟି ଅନୁଭବ କଲା ଦୁଇଟି ମାଛି ଭିତରେ ବନ୍ଧୁତ୍ୱ ନିବିଡ଼, ଅଭିନ୍ନ । କିଛି ସମୟ ପରେ ଗୋଟେ ମାଛି ଗୋଟେ ଫୁଲ ଉପରେ ବସି ସୁରଭି ଆଘ୍ରାଣ କରୁଥିବା ବେଳେ ଆର ମାଛିଟି ବଗିଚା କୋଣରେ ଥିବା ଅପରିଷ୍କାର ସ୍ଥାନରେ ବସି ଦୁର୍ଗନ୍ଧ ଗ୍ରହଣରେ ମଗ୍ନ ଅଛି ।

ପିଲାଟି ଭାବିଲା, ଏ କି ବ୍ୟବସ୍ଥା । ଗୋଟେ ମାଛି ଫୁଲ ବାସକୁ ଆଦର କରୁଥିବା ବେଳେ ଆଉ ଗୋଟେ ମାଛି ଅପରିଷ୍କାର ସ୍ଥାନରେ ଦୁର୍ଗନ୍ଧକୁ ନେଇ ସୁଖ ପାଉଛି । ପିଲାଟି ନିଜକୁ ବୁଝାଇ ପାରୁ ନଥାଏ ।

ସନ୍ଧ୍ୟା ବେଳ । ଜଣେ ସାଧୁ ବଗିଚା ଭିତରକୁ ପ୍ରବେଶ କରିବା ମାତ୍ରେ ପିଲାଟି ପଚାରିଲା, "ହେ ସାଧୁ ମହାଶୟ ! ମାଛି ଦୁଇଟି ଦେଖିବାକୁ ଏକାପରି । କିନ୍ତୁ ଗୋଟିଏ ମାଛି ଫୁଲ ଉପରେ ତ ଆଉ ଗୋଟିଏ ମାଛି ଅପରିଷ୍କାର ଜାଗାରେ ବସିବାକୁ ଭଲ ପାଉଛି । ଏହା ଅର୍ଥ ବୁଝାଇ ଦିଅନ୍ତୁ ।"

ସାଧୁ କହିଲେ, "ଶୁଣ ବତ୍ସ ! ଦୁଇଟି ମାଛି ଦେଖିବାକୁ ସିନା ଏକାପରି, କିନ୍ତୁ ଯାହାର ସ୍ୱଭାବ ଯେପରି ସେ ବଞ୍ଚିବ ସେପରି । ନିକୃଷ୍ଟ ବ୍ୟକ୍ତିର ରୁଚି ସହ ଉତ୍କୃଷ୍ଟ ବ୍ୟକ୍ତିର ରୁଚି ସମାନ ହେବ କେମିତି? ଠିକ୍ ଏହିପରି ଦୁଇଟି ମାଛିଙ୍କ ଚରିତ୍ର ।"

ସାଧୁଙ୍କ ମଧୁର ବଚନ ଶୁଣି ପିଲାଟି ମାଛି ଦୁଇଟିକୁ ଖୋଜିଲା ବେଳକୁ କେଉଁ ଆଡ଼େ ଅନ୍ତର୍ଦ୍ଧାନ ହୋଇ ସାରିଥିଲେ । ■



# ଧର୍ମ ବିଚାର

ଯମରାଜାଙ୍କ ଦରବାର ବସିଥାଏ । ଦୁଇ ଜଣଙ୍କ ବିଚାର ଚାଲିଥାଏ । ଜଣେ ଦେହଜୀବୀ ଓ ଆଉ ଜଣେ ବେଇମାନ । ସମସ୍ତ ବିଚାର ପ୍ରକ୍ରିୟା ସାରି ଯମରାଜ ନ୍ୟାୟ ଘୋଷଣା କଲେ, ଦେହଜୀବୀ ମାତ୍ର ମାସେ ରଡ଼ ନିଆଁରେ ଚାଲିବ, କିନ୍ତୁ ବେଇମାନ ତତଲା ତେଲ କଡ଼େଇରେ ଚାରି ମାସ ଛଣା ହେବ ।

ଏ ପ୍ରକାର ନ୍ୟାୟ ମନ୍ତ୍ରୀ ଚିତ୍ରଗୁପ୍ତଙ୍କ ମନକୁ ସନ୍ତୁଷ୍ଟ କରି ପାରିଲା ନାହିଁ । ପଚାରିଲେ, "ହେ ଧର୍ମରାଜ ! ଦେହଜୀବୀକୁ ଦଣ୍ଡ କମ୍, ବେଇମାନକୁ ଅଧିକ ଦଣ୍ଡ, ନ୍ୟାୟଟା ଅସଙ୍ଗତି ଲାଗୁଛି ।"

ଯମରାଜ କହିଲେ, "ପେଟଭୋକ ପାଇଁ ବିଚରା ମହିଳା ନିରୁପାୟ ହୋଇ ଦେହକୁ ବିକ୍ରି କଲା ଓ ଗ୍ରାହକର କାମନା ନିଆଁକୁ ନିର୍ବାପିତ କଲା । କିନ୍ତୁ ବେଇମାନ ବିଶ୍ୱାସରେ ବିଷ ଦେଇଥିବାରୁ ଧର୍ମ ବିଚାରରେ ଦେହଜୀବୀଠୁ ବେଇମାନ ବଡ଼ ଅପରାଧୀ ।

ମନ୍ତ୍ରୀ ଚିତ୍ରଗୁପ୍ତ ବିଚାର ଦସ୍ତାବିଜରେ ଉଲ୍ଲେଖ କଲେ ବରଂ ଦେହଜୀବୀକୁ ଛାଡ଼ ଅଛି । କିନ୍ତୁ ବେଇମାନକୁ ଧର୍ମ ଦୁଆରେ ଛାଡ଼ ନାହିଁ । ■

ମୋ: ୯୪୩୭୧୬୩୪୨୧

# କ୍ଷଣ କ୍ଷଣକେ ଆନ



**ଜୟନ୍ତୀ ରଥ**

ବୋଉ ମୁଁ ଆଜି ନନ୍ଦୀନାଗରୀ ଲିପି ଶିଖିଲି
ନଣ୍ଡା ବାଗୁଲି ଖାଉରୁ
ହଉ ଖାଆ, ଖାଆ
ଭଲ ହଜମ ହେବ ।
ନା- ବୋଉକୁ ଶୁଭୁ ନାହିଁ
ତାକୁ କିଛି ବୁଝାଇ
କହି ହେବନି ।
ଆଉ, ସେ ଯାହା
ନିଜ ଆଡୁ କହୁଚି କହୁ...

ଦିଅଁ ପୂଜିବାକୁ
ରାତି ଚାରିଟାରେ ଉଠି
ଗାଧୋଉଥିଲା
ଏବେ ଅପରାହ୍ନ ସାଢ଼େ ପାଞ୍ଚ
କହୁଚି, କେତେ ଡେରି ହେଲାଣି
ମୋତେ ଉଠେଇ ଦେଲନି ଟିକେ
ନିଆଁ ଲଗା ନିଦଟା
ଅବେଳରେ ଆସୁଚି
ଆଉ ସମସ୍ତେ ଶୋଇଲାବେଳେ
ପତା ପଡୁନି ଆଖିର

ଭାସ୍କର ବେଲପତ୍ର ଆଣିଚି?
ତାକୁ କହିଥିଲି
ସବୁ ସଂକ୍ରାନ୍ତିରେ ହୋମ ହେବ
ବୋହୂ ମାଆ ଏକୁଟିଆ
ପାରିବନି ।
ତୁ ଆସି ଯୋଗାଡ଼ି ଦେବୁ
ଏବେ ସବୁ କଥାକୁ
ଗାଲଉଚି –
ପରା ଟୋକାଟା ।

ଓହୋ ବୋଉ ।
ସବୁ ପୂଜା ଠିକ୍‌ଠାକ୍ ଚାଲିଚି
ତୁ ଜମ୍ମା ବ୍ୟସ୍ତ ହ'ନା
ବୋଉ ଉଦାସ ହୋଇ
କହୁଚି
ବ୍ୟସ୍ତ ହୋଇ
କ'ଣ କରିବି
ମୁଁ ତ ମଳାଗଲା
ହୋଇ ପଡ଼ିଚି
ଜ୍ୱାଇଁଙ୍କ ପାଇଁ
ମିଠା ଦହି ଅଛି
ଫ୍ରିଜ୍‌ରେ
ଗଲାବେଳେ ମନେ କରି
ନେଇଯିବୁ

ମୁଁ ବୁଝି ଗଲି
କ୍ଷଣ କ୍ଷଣକେ ଆନ
ଏବେ ବୋଉର ପୃଥିବୀ...
ଦିନେ ମୋର ବି
ଏଇ ଦଶା ହେବ । ■

ଭୁବନେଶ୍ୱର
ମୋ: ୮୮୯୫୬୧୭୯୫୬

# ମରୁଥାଏ ବାରମ୍ବାର



**ଚିତ୍ତରଞ୍ଜନ ମିଶ୍ର**

ସେଦିନ କାଶ୍ମୀର ଘାଟିରେ
ମରିଥିଲି ଗୁଳି ଖାଇ ଆତଙ୍କବାଦୀର
ଆଉଥରେ ଗାଜାରେ ନିଖୋଜ ହୋଇ
ଛତ୍ରରେ ମୁଠାଏ ଖାଦ୍ୟ
ଖୋଜିଥିଲି ଭୋକ ବିକଳରେ ।
ଜୀବନ ବଞ୍ଚାଇବାକୁ ୟୁକ୍ରେନର
ସୀମା ପାର ହେବା ବେଳେ
ମରିଥିଲି, ମରିଥିଲି ଆଉଥରେ
ବଙ୍ଗଳାଦେଶରେ
ଘର ମୋର ଜଳିଗଲାପରେ
ମରିଥିଲି ମୁର୍ଶିଦାବାଦରେ
ମରିଥିଲି ସେ ଝିଅଟି ଜଳିଯିବା ବେଳେ
ନିଜକୁ ଅଙ୍ଗାର କରି ନ୍ୟାୟ ଅପେକ୍ଷାରେ
ମରିଥିଲି ଉତ୍ତରାଖଣ୍ଡରେ
ପାଦତଳୁ ପାହାଡ଼ଟି ଧସି ଯିବା ପରେ
ମରିଥିଲି ମଦ୍ୟପଙ୍କ ପଞ୍ଝାରେ, ଦାନ୍ତରେ
ପୀଡ଼ିତାର ଚିରା ଦେହ ଛପା ଛବି
କାଗଜରେ ଚିରି ଯିବାପରେ
କିଏ ବା ବଞ୍ଚାଇଥିଲା ଯେତେବେଳେ
ଚାରି ବରଷର ଶିଶୁ
ଫଡ଼ା ଫଡ଼ା ମାଂସ ହୋଇଗଲା
ବୁଲା କୁକୁରଙ୍କ ମେଳେ

ରକ୍ତାକ୍ତ ରାସ୍ତାରେ ?
କେତେଥର ମରିଛି ମୁଁ, ମରୁଛି ମୁଁ
ଧିକ୍ ମୋର ମରିବାକୁ
ବାରମ୍ବାର, ବଞ୍ଚିଥାଇ ଗୋଟେ ଜୀବନରେ
ଜଗତ ନର୍କରେ ଏବେ
କିଏ ଏଠି କାହାକୁ ଊର୍ଦ୍ଧ୍ୱରେ ? ■

ମଞ୍ଜୁଳା, ୱାଟର ୱର୍କ୍ସ ରୋଡ୍
ପୁରୀ - ୭୫୨୦୦୨



## ପୁସ୍ତକ ପରିଚୟ

### ବାଞ୍ଝ

**ସୁଚରିତା ମହାନ୍ତି**





ଶାନ୍ତିସେନା ପବ୍ଲିକେଶନ୍‌ସ
ଜଗତସିଂହପୁର
ପ୍ରଥମ ସଂସ୍କରଣ ୨୦୨୫
ମୂଲ୍ୟ : ୧୫୦ ଟଙ୍କା

ଗାଳ୍ପିକା ସୁଚରିତା ମହାନ୍ତିଙ୍କ ଗଳ୍ପ ସଂକଳନ 'ବାଞ୍ଝ' ପ୍ରକାଶ ପାଇଛି । ୩୩ଟି ଗଳ୍ପ ଏହି ପୁସ୍ତକରେ ସଂକଳିତ ହୋଇଛି । 'ବଡ଼ ଅଫିସର',, 'ଅଗ୍ନି ପରୀକ୍ଷା', 'ଶେଷ ଥର', 'ବାଞ୍ଝ', 'ସଂପର୍କ', 'ଅଲିଭା ଗାର', 'ଉଦାସିଆ ଆଖି', 'କନ୍ୟାଦାନ', 'ଅସ୍ତଗାମୀ ସୂର୍ଯ୍ୟ', 'ଶେଷ ପାହାଚ', 'ରେବତୀ', 'ଆମାବାସ୍ୟାର ଚନ୍ଦ୍ର', 'ସମୟ ଖେଳ', 'ବୁଢ଼ୀ ମା'ର କାହାଣୀ ପେଡ଼ି' ପ୍ରଭୃତି ଗଳ୍ପଗୁଡ଼ିକରେ ସାମାଜିକ ବାସ୍ତବତା, ମାନବୀୟ ଭାବାବେଗ, ମଣିଷ ଜୀବନର ଆଶା, ନିରାଶା, ଦ୍ୱନ୍ଦ୍ୱ ସଂଘର୍ଷର ଚିତ୍ର ପ୍ରତିଫଳିତ ହୋଇଛି । ମାତୃତ୍ୱ ଲାଭ କରିବା ନାରୀ ଜୀବନର ବଡ଼ ଉପଲବ୍ଧି । କିନ୍ତୁ ଜନ୍ମ କଲା ସନ୍ତାନମାନେ ଯଦି ବଡ଼ ହୋଇ ବାପାମାଆଙ୍କୁ ଅସମ୍ମାନ ଓ ଅନାଦର କଲେ ସେମାନଙ୍କ ଜୀବନ ହୋଇଉଠେ ଦୁର୍ବିସହ । ଜୀବନର ଏହି ବାସ୍ତବତା ତାହା ଚିତ୍ରିତ ହୋଇଛି 'ବାଞ୍ଝ' ଗଳ୍ପରେ । ସେଥିପାଇଁ ଅବହେଳିତ ଶାଶୁ ଜଣକ ଜରାଶ୍ରମ ଖଟିରେ ପଡ଼ି ଥର ଥର କଣ୍ଠରେ କହୁଥିଲେ "ମୁଁ ବାଞ୍ଝ ହୋଇଥିଲେ ଭଲ ହୋଇଥାଆନ୍ତି ।" ଏହି ପୁସ୍ତକର ଅନେକ ଗପରେ ନାରୀ ଜୀବନ ଅକୁହା ବେଦନା, ସାଂପ୍ରତିକ ସମାଜର ବାସ୍ତବ ଚିତ୍ର ପ୍ରତିଫଳିତ ହୋଇଛି । 'ବାଞ୍ଝ'ର ଗପଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ । ■

### ଅପାସୋରା ମଣିଷ

**ସଂପାଦକ: ଡକ୍ଟର ବନଜ କୁମାର ବିଶ୍ୱାଳ**




ଗୋପାଳ ଚରଣ ମହାନ୍ତି ସ୍ମୃତି ସଂସଦ
ମଲ୍ଲୀପୁର, କିଶୋରନଗର, କଟକ
ପ୍ରଥମ ପ୍ରକାଶ : ୨୦୨୧
ମୂଲ୍ୟ : ୨୦ ଟଙ୍କା

କଟକ ଜିଲ୍ଲା କିଶୋରନଗର ଅଞ୍ଚଳର ବିଶିଷ୍ଟ ବ୍ୟକ୍ତି, ସମାଜ ମନସ୍କ ସ୍ୱର୍ଗତ ଗୋପାଳ ଚରଣ ମହାନ୍ତିଙ୍କ ସ୍ମୃତି ଉଦ୍ଦେଶ୍ୟରେ ଡକ୍ଟର ବନଜ କୁମାର ବିଶ୍ୱାଳ ସଂପାଦନାରେ ପ୍ରକାଶ ପାଇଛି 'ଅପାସୋରା ମଣିଷ' ପୁସ୍ତକ । ଏହି ପୁସ୍ତକରେ ସ୍ୱର୍ଗତ ମହାନ୍ତିଙ୍କ ସମାଜ ପ୍ରତି ଅବଦାନ, ପରୋପକାର, ନିରାଡ଼ମ୍ବର ବ୍ୟକ୍ତିତ୍ୱ, ବ୍ୟକ୍ତିଗତ ଜୀବନ ସଂପର୍କରେ ସ୍ମୃତି ଚାରଣ କରାଯାଇଛି । ଡକ୍ଟର ଅରବିନ୍ଦ ପଟ୍ଟନାୟକ, ଡାକ୍ତର ଅଶୋକ କୁମାର ଦାସ, ଡାକ୍ତର ଆଲୋକ କାନୁନ୍‌ଗୋ, ଡକ୍ଟର ଉମେଶ ଚନ୍ଦ୍ର ପଟ୍ଟନାୟକ, ଡକ୍ଟର କବିତା ଖଟାଇ, ପ୍ରାଧ୍ୟାପକ କିଶୋର କୁମାର ବିଶ୍ୱାଳ, ଡକ୍ଟର କିଶୋର ଚନ୍ଦ୍ର ଦାସ, ଡକ୍ଟର ଜ୍ୟୋତିର୍ମୟୀ ମହାନ୍ତି, ପ୍ରାଧ୍ୟାପକ ଦେବେନ୍ଦ୍ରନାଥ ବାରିକ, ଡକ୍ଟର ପାବକ କାନୁନ୍‌ଗୋ, ଡକ୍ଟର ତରଣୀ ସେନ୍ ବାରିକ ପ୍ରମୁଖ ବିଶିଷ୍ଟ ବ୍ୟକ୍ତିମାନେ ସ୍ୱର୍ଗତ ମହାନ୍ତିଙ୍କ ବ୍ୟକ୍ତିତ୍ୱର ବିଭିନ୍ନ ଦିଗ ଉପରେ ଆଲୋଚନା କରି ସ୍ମୃତିଚାରଣ କରିଛନ୍ତି । ସ୍ୱର୍ଗତ ମହାନ୍ତିଙ୍କ ଜୀବନ ଶୈଳୀ ଥିଲା ନିରାଡ଼ମ୍ବର । ସାଧାରଣ ଲୋକଙ୍କ ସୁଖଦୁଃଖରେ ସେ ସାମିଲ ହେଉଥିଲେ । ସ୍ୱର୍ଗତ ଗୋପଳଚରଣ ମହାନ୍ତିଙ୍କ ସୁଗୁଣାବଳୀ ଉତ୍ତର ପିଢ଼ିଙ୍କ ଉଦ୍‌ବୁଦ୍ଧ କରି ବୋଲି ଆଶା କରାଯାଏ । ■

### କାକ୍‌ଟସ୍‌ର ଲୁହ

**ଡକ୍ଟର ଜଗତବନ୍ଧୁ ଆଚାର୍ଯ୍ୟ**




ସୁବର୍ଣ୍ଣଶ୍ରୀ ପ୍ରକାଶିନୀ
ନେଳିଆବାଗ, ବାଲେଶ୍ୱର
ପ୍ରଥମ ପ୍ରକାଶ : ୨୦୨୫
ମୂଲ୍ୟ : ୧୫୦ ଟଙ୍କା

"ବସ୍ତୁବାଦୀ ଦୁନିଆର ଲମ୍ବାରାସ୍ତା,/ ଛଳନା ପ୍ରତାରଣାର କଂକ୍ରିଟ୍ ନିର୍ମିତ/ଆବୁଡ଼ା ଖାବୁଡ଼ା ଚଟାଣର ଦେହ,/ ଆଉ ଥରେ ପୁଣି ସଜାଡ଼ି ଯାଉଛି ।" (ଭଙ୍ଗା ବିଶ୍ୱାସର ପୋଲ) ଆଶା ଓ ବିଶ୍ୱାସ ହିଁ ମଣିଷକୁ ଜୀବନ ବଞ୍ଚିବା ପାଇଁ ପ୍ରେରଣା ଦିଏ । ତେବେ ବସ୍ତୁବାଦୀ ଦୁନିଆରେ ବେଳେବେଳେ ମଣିଷ ଧକ୍କା ଖାଏ । ତଥାପି ବିଶ୍ୱାସ ହିଁ ତାକୁ ଜୀବନର ଆବୁଡ଼ା ଖାବୁଡ଼ା ରାସ୍ତାରେ ଚାଲିବାକୁ ସାହସ ଓ ଶକ୍ତି ଦିଏ । ଏମିତି ଜୀବନର ବାସ୍ତବ ଚିତ୍ର ପ୍ରତିଫଳିତ ଡକ୍ଟର ଜଗତବନ୍ଧୁ ଆଚାର୍ଯ୍ୟଙ୍କ 'କାକ୍‌ଟସ୍‌ର ଲୁହ' ପୁସ୍ତକର ଅନେକ କବିତାରେ । ଏହି ପୁସ୍ତକର 'ଆଉ ଏକ ଦୃଶ୍ୟ', 'ବିଭାଜନ', 'ଏକ ବିସ୍ଥାପିତ ଇଚ୍ଛା', 'ଜୀବନ ଗଣିତ', 'ଶବ୍ଦର ସ୍ୱରୂପ', 'ଧୈର୍ଯ୍ୟ', 'ଯନ୍ତ୍ରଣା', 'ଆଶଙ୍କା', 'ସମୁଦ୍ର ସ୍ନାନ', 'ଦୁଃଖୀଲୋକ', 'ପିତୃପୁରୁଷ', 'କକ୍‌ଟସ୍‌ର ଲୁହ' ଆଦି କବିତାଗୁଡ଼ିକ ମନଛୁଆଁ ହୋଇଛି । ଏହି କବିତାଗୁଡ଼ିକରେ କବି ଜୀବନର ବାସ୍ତବ ଚିତ୍ର ଦେବାରେ ବେଶ୍ ସଫଳ ହୋଇଛନ୍ତି । ସେହିପରି 'ବର୍ଷା', 'ପ୍ରକୃତି ମାୟାରେ ବନ୍ଧା', 'ଏକ ବରଗଛର ସ୍ମୃତିରେ' ଆଦି କବିତାରେ ପ୍ରକୃତିର ଜୀବନ୍ତ ଚିତ୍ର ମାର୍ମିକ ଭାବେ ଫୁଟି ଉଠିଛି । 'କାକ୍‌ଟସ୍‌ର ଲୁହ' ପୁସ୍ତକର କବିତାଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ । ■

# ରାଧାନାଥୀୟ ପ୍ରତିଭାର ଅଭିଜାତ ଐଶ୍ୱର୍ଯ୍ୟ



**ଡ. ପ୍ରଫୁଲ୍ଲ କୁମାର ସାହୁ**

ଯୁଗପ୍ରବର୍ତ୍ତକ କବି ରାଧାନାଥ ରାୟ । ଆଧୁନିକ ଓଡ଼ିଆ କାବ୍ୟ ସାହିତ୍ୟର ଅନୁପମ ବିନ୍ଧାଣି । ରୀତିଯୁଗର ଆଲଙ୍କାରିକ ପଦଲାଳିତ୍ୟ ଓ ଯୌବନୋଚ୍ଛଳ ପ୍ରେମ ପ୍ରଣୟକୁ ଆଦୌ ପରିହାର ନ କରି ମଧ୍ୟ ଭଞ୍ଜୀୟ ପୃଷ୍ଠଭୂମି ଉପରେ ଗଢ଼ି ଦେଇଛନ୍ତି ଆଧୁନିକ କାବ୍ୟ ଚେତନାର ଏକ ବିଶାଳ ଓ ସୁରମ୍ୟ ହର୍ମ୍ୟ । ସେଥିପାଇଁ କିଏ ତାଙ୍କୁ ଯୁଗପ୍ରବର୍ତ୍ତକ କହେ ତ କିଏ କହେ ବିପ୍ଳବୀ ରାଧାନାଥ ।

କବିବର ରାଧାନାଥ ଥିଲେ ଶୁଦ୍ଧ ସୌନ୍ଦର୍ଯ୍ୟବାଦୀ । ପ୍ରକୃତିର ଉପାସକ । ଅସାଧାରଣ ତାଙ୍କ ଆହରଣ ଦକ୍ଷତା ଓ ସମୀକରଣ କୌଶଳ । ଚମତ୍କାର ତାଙ୍କ ଗଳ୍ପଗୁମ୍ଫନ କୌଶଳ । କଥାରେ ଅଛି "ଯେ ପକ୍ଷୀ ଉଡ଼େ ଯେତେ ଦୂର, ସେ ଜାଣେ ତହିଁର ଖବର ।" ଜଗତର ବିଶାଳତାକୁ ଅନୁଭବ କରିବା ପାଇଁ ନିଜ ମନପକ୍ଷୀକୁ ଉଡ଼େଇ ଦେଇଛନ୍ତି ଦୂର ଆକାଶରେ । ଓଡ଼ିଆ, ବଙ୍ଗଳା, ସଂସ୍କୃତ, ଇଂରାଜୀ, ପାର୍ସୀ ଓ ଉର୍ଦ୍ଦୁ ଆଦି ବିଭିନ୍ନ ଭାଷାରେ ପାରଦର୍ଶିତା ଯୋଗୁଁ ଓଡ଼ିଶାର ଇତିହାସ, କିମ୍ବଦନ୍ତୀ ଓ ପୌରାଣିକ ଆଖ୍ୟାନଠାରୁ ଆରମ୍ଭ କରି ଗ୍ରୀକ୍ ଓ ରୋମ୍ ସାହିତ୍ୟ ପର୍ଯ୍ୟନ୍ତ ଲମ୍ବି ଯାଇଥିଲା ତାଙ୍କ କଳ୍ପନାର ଚାରଣ ଭୂମି । ଗଭୀର ଅଧ୍ୟୟନ ଓ ଅଭିଜ୍ଞାନ ବଳରେ ବିଶ୍ୱର ବିଭିନ୍ନ କ୍ଷେତ୍ରରୁ ଚିନ୍ତା ଓ ସୌନ୍ଦର୍ଯ୍ୟର ପୁଷ୍ପ ଚୟନ କରି ସେ ନିର୍ମାଣ କରିଛନ୍ତି ଆପଣା କାବ୍ୟ ତପୋବନ । ବିଷୟବସ୍ତୁ କିମ୍ବଦନ୍ତୀୟ ହେଉ କି ପାଶ୍ଚାତ୍ୟ ଜନଶ୍ରୁତିର ରୂପକଥା ହେଉ, ତା'ର ଭାବକଳ୍ପର ଶିରାରେ ଶିରାରେ ଭରି ଦେଇଛନ୍ତି ଉତ୍କଳୀୟତାର ସ୍ପନ୍ଦନ । ଗ୍ରୀକ୍ କବି ଓଭିଡଙ୍କ 'ମେଟାଫରସିସ୍' ପୁସ୍ତକର ଆପୋଲ ଡାଫିନଙ୍କୁ ଆଣି ଓଡ଼ିଶା ମାଟିରେ ପହଞ୍ଚେଇ ଦେଇଛନ୍ତି, ଯିଏ କୋଣାର୍କର ବେଳାଭୂମିରେ ବିଚରଣ କରିଛନ୍ତି ସୂର୍ଯ୍ୟଦେବ ଓ ଚନ୍ଦ୍ରଭାଗା ରୂପରେ । ଏହା ହୋଇପାରେ ଏକ ବିଦେଶୀ କଥାବସ୍ତୁର ଓଡ଼ିଆ କରଣ, ମାତ୍ର କବିଙ୍କ ଲେଖନୀରେ ବିଭୂତିମଣ୍ଡିତ ହୋଇ ଚନ୍ଦ୍ରଭାଗା ପାଲଟି ଯାଇଛି ଏକ ତୀର୍ଥକ୍ଷେତ୍ର । ତା' ସହିତ ଯୋଡ଼ି ହୋଇଯାଇଛି ମାଘସପ୍ତମୀ ଓ ବାରୁଣିସ୍ନାନ । କବି କଳ୍ପନାର ଏହି ଇନ୍ଦ୍ରଜାଲ ଭିତରେ ଛନ୍ଦିହୋଇ ପାଠକ ବିଚାରା ବୁଝି ପାରେନି ଚନ୍ଦ୍ରଭାଗା କାହାର ନାମ ନାରୀର ନା ନଦୀର ?

କେବଳ ପ୍ରାଚ୍ୟ ଓ ପାଶ୍ଚାତ୍ୟର ସମୀକରଣ ନୁହେଁ, ଓଡ଼ିଶାର ଦେବଦେବୀ, ରାଜାମହାରାଜା, ମାଟି,ପାଣି, ପବନ, ନଦନଦୀ, ଶିଳା, ଶାଳଗ୍ରାମ ଆଦିର ସମାବେଶ ତଥା ଉତ୍କଳ ଗୌରବ ଗାଥାର ପୁନଃ ସ୍ଥାପନ ହିଁ ତା'ର ମୂଳକଥା । ରାଧାନାଥଙ୍କ ପୂର୍ବରୁ ଓଡ଼ିଆ ସାହିତ୍ୟରେ ଅନେକ ଉଚ୍ଚକୋଟୀର କାବ୍ୟ ଲେଖା ସାରିଥିଲେ ବି ସେଥିରେ କାବ୍ୟ ରୂପ ପାଇ ନଥିଲା ଜାତୀୟ ଅସ୍ମିତାର ସମକାଳୀନ ଚିନ୍ତନ । ଓଡ଼ିଆ ବାଙ୍ମୟ ଅଭିବ୍ୟକ୍ତିରେ ଊଣା ଥିଲା ଇତିହାସ ଦୃଷ୍ଟି । ଏହାକୁ ଅନୁଭବ କରି ଉତ୍କଳର ଭୂପ୍ରକୃତି,ଲୋକଜୀବନ ତଥା ତା'ର ଗୌରବମୟ ଅତୀତକୁ ଆଣି କବି ଠିଆ କରେଇ ଦେଲେ ଉତ୍କଳଲକ୍ଷ୍ମୀ 'ଚିଲିକା' କୂଳରେ । ରକ୍ତବାହୁ ଯବନର ପତନ, ମାଣିକ ଗଉଡୁଣୀ ଓ କାଞ୍ଚି ବିଜୟ କାହାଣୀକୁ ନେଇ ଓଡ଼ିଆ ଅସ୍ମିତାର ଏକ ବିମ୍ବ ହୋଇ ଠିଆ ହେଲା ମରାଳ ମାଳିନୀ ନୀଳାମ୍ବୁ ଚିଲିକା । କେବଳ 'ଚିଲିକା' ନୁହେଁ, ବିଦ୍ରୂପାତ୍ମକ କାବ୍ୟ 'ଦରବାର'ଠାରୁ 'ମହାଯାତ୍ରା' ପର୍ଯ୍ୟନ୍ତ ପ୍ରଲମ୍ବିତ ତାଙ୍କ ଜାତୀୟ ଅସ୍ମିତାର ଜୟଯାତ୍ରା । ମହାଯାତ୍ରା କାବ୍ୟରେ ସେ ପାଣ୍ଡବମାନଙ୍କୁ ସାରା ଓଡ଼ିଶା ବୁଲେଇଛନ୍ତି ଏବଂ ଉତ୍କଳର ମହିମା ଗାନ କରିବାକୁ ଯାଇ ଅଗ୍ନିଦେବଙ୍କ ଜରିଆରେ କହିଛନ୍ତି- "ପର୍ଣ୍ଣଦଳେ ଶ୍ରେଷ୍ଠ ଯେହ୍ନେ ପ୍ରସୂନ ଲଳିତ, ଶ୍ରେଷ୍ଠ ଏ ଉତ୍କଳ ଭୂମି ଗୁଣେ ଗରୀୟସୀ... ।"

ରାଧାନାଥଙ୍କ ଶବ୍ଦର ଇନ୍ଦ୍ରଜାଲରେ ଓଡ଼ିଶାର ଗିରି ହୋଇଛି ଗିରୀନ୍ଦ୍ର,ସର ହୋଇଛି ସାଗର, ଶିମୁଳି ଗଛ ବି ଲଭିଛି ଶାଲ୍ମଳୀ ତରୁର ମର୍ଯ୍ୟାଦା । କବିଙ୍କ ଭାଷାରେ- "ଶାଲ୍ମଳୀ ଶଇଳୁଁ ତିନି ସ୍ଥାନେ ତିନି ତଟିନୀ ଝରେ, ଲଙ୍ଘି ନାନା ବନ ଜନପଦ ମିଶେ ବଙ୍ଗ ସାଗରେ ।" ମହାପ୍ରଭୁ ଶ୍ରୀଜଗନ୍ନାଥ ଓଡ଼ିଆ ଜାତିର ଆରାଧ୍ୟ ଦେବତା ଏବଂ ଶ୍ରୀକ୍ଷେତ୍ର ହେଉଛି ଓଡ଼ିଶାର ସାଂସ୍କୃତିକ ରାଜଧାନୀ । ସେହି ପବିତ୍ର ଧାମର ଶ୍ରେଷ୍ଠତ୍ୱ ପ୍ରତିପାଦନ କରିବାକୁ ଯାଇ ସେ ଲେଖିଛନ୍ତି – "ପୁଷ୍ପକୁଣ୍ଡେ ଶ୍ରେଷ୍ଠ ତାର କେଶର ଯେସନେ, ଶ୍ରେଷ୍ଠ ଏ ନୀଳାଦ୍ରିଧାମ ସମଗ୍ର ଉତ୍କଳେ ।" ଏଥିସହ ଶ୍ରୀକ୍ଷେତ୍ରକୁ ଏକ ସାଂସ୍କୃତିକ ପରିମଣ୍ଡଳ ଭାବରେ ଗଢ଼ିବାକୁ ଯାଇ ତାକୁ ସେ ଯୋଡ଼ିଛନ୍ତି 'ପାର୍ବତୀ', 'ଚନ୍ଦ୍ରଭାଗା' ଓ 'ଚିଲିକା' ଆଦି କାବ୍ୟ ସହିତ ।

ରାଧାନାଥଙ୍କ ବ୍ୟକ୍ତିତ୍ୱର ସ୍ୱାଭାବିକ ଗୁଣଟି ଥିଲା ପ୍ରକୃତି ଉପାସନା । ଶୈଶବରୁ ବିଜନତା ମଧ୍ୟରେ ନିମଜ୍ଜନ ତାଙ୍କୁ ଶିଖେଇ ଥିଲା ପ୍ରକୃତିର ମହାଭାବ ସହିତ ଏକାତ୍ମ ହେବାର ରହସ୍ୟ । କବି ସେହି ରହସ୍ୟମୟ ଭାବମୟତାର ଚିତ୍ରକର । ପ୍ରକୃତି ବର୍ଣ୍ଣନା ଓଡ଼ିଆ କାବ୍ୟରେ କିଛି ନୂଆ କଥା ନୁହେଁ, ବରଂ ଖୁବ୍ ବିସ୍ତୃତ ଓ ମାର୍ମିକ । ଏହା ରୀତି କାବ୍ୟରେ ଯେତିକି ପ୍ରାଣସ୍ପର୍ଶୀ, ରାଧାନାଥଙ୍କ ସମସାମୟିକ ସ୍ୱଭାବ କବି ଗଙ୍ଗାଧର ମେହେର ଓ ଭକ୍ତକବି ମଧୁସୂଦନ ରାଓଙ୍କ ସୃଷ୍ଟିରେ ସେତିକି ଆବେଗସ୍ନାତ । ମାତ୍ର ପ୍ରକୃତିକୁ କେନ୍ଦ୍ରରେ ରଖି ଗୋଟେ କାବ୍ୟ ଯେ ଲେଖା ଯାଇପାରେ, ରାଧାନାଥଙ୍କ ପୂର୍ବରୁ କେହି କେବେ କଳ୍ପନା କରି ନ ଥିଲେ ଏକଥା । ରୀତି ସାହିତ୍ୟରେ ପ୍ରକୃତି ଥିଲା ଏକ ଚିତ୍ର । ତାକୁ ଚରିତ୍ରରେ ପରିଣତ କରିଦେଲା ରାଧାନାଥୀୟ ପ୍ରତିଭା । ଚିଲିକା ହ୍ରଦଟିଏ ହେଲେ ବି କବି କଲମରେ ସେ ପାଲଟିଗଲା ଏକ ହାସ୍ୟମୟୀ ଓ ଲାସ୍ୟମୟୀ ନାରୀ, ଯେଉଁ କାବ୍ୟ ନାୟିକାର ରୂପ ସୌନ୍ଦର୍ଯ୍ୟ ବର୍ଣ୍ଣନା କରିବାକୁ ଯାଇ ସେ ଲେଖିଛନ୍ତି- "ଆହା ଏ ଶୋଭାର ନାହିଁ ପଟାନ୍ତର, ଥିଲେ ଥିବ ସ୍ୱର୍ଗେ ମର୍ତ୍ତ୍ୟେ ଅଗୋଚର ।" କବି ଦୃଷ୍ଟିରେ ପ୍ରକୃତି ନିର୍ବାକ ଓ ନିସ୍ପନ୍ଦ ନୁହେଁ, ତାହା ପ୍ରାଣବନ୍ତ ଓ ବାଙ୍ମୟ । ସେ ହିଁ ଓଡ଼ିଆ ସାହିତ୍ୟର ପ୍ରଥମ କବି, ଯିଏ ପ୍ରକୃତି ଉପରେ ଆରୋପ କରିଛନ୍ତି ମାନବିକ ଗୁଣ । ଓଡ଼ିଆ କାବ୍ୟ କବିତାରେ ବର୍ଷାବର୍ଣ୍ଣନା ତ ବିସ୍ତୃତ । ମାତ୍ର ସେ ବର୍ଣ୍ଣନାରେ ନ ଥିଲା ବାହ୍ୟ ପ୍ରକୃତି ସହିତ ଅନ୍ତଃପ୍ରକୃତିର ତୁଳନା । କବି ସେଭଳି ତୁଳନାତ୍ମକ ଚିତ୍ର ଆଙ୍କିବାର ପରମ୍ପରା ଆରମ୍ଭ କଲେ, ଯା'ର ଦୃଷ୍ଟାନ୍ତ ହେଉଛି- "ବହି ଯାଉଛି ବାରି ଭେଦି କିଆରି, ମର୍ଯ୍ୟାଦା ଲଙ୍ଘେ ଯଥା ସ୍ୱତନ୍ତ୍ରା ନାରୀ ।" (ତୁଳସୀ ସ୍ତବକ)

ମଣିଷ ଜୀବନର ମୌଳ ଆବେଗ ହେଉଛି ପ୍ରେମ ଏବଂ ଏହା ହିଁ ସବୁ କଳା କଳ୍ପନାର ମୂଳକଥା । ଜୀବନର ଏହି ଅଭିଜାତ ଐଶ୍ୱର୍ଯ୍ୟରେ ଖୁବ୍ ଐଶ୍ୱର୍ଯ୍ୟବନ୍ତ ଥିଲା ରୀତିଯୁଗୀୟ କାବ୍ୟକଳା । ମାତ୍ର ତା'ର ବିଷୟ ବିନ୍ୟାସରେ ନ ଥିଲା ବ୍ୟଞ୍ଜନାମୟ ବୈଚିତ୍ର । ସୁଖଦୁଃଖ, ହସକାନ୍ଦ ମିଶାମିଶି ଜୀବନ ହିଁ ମଣିଷର ଅଲଙ୍ଘନୀୟ ଭାଗ୍ୟ । ମାତ୍ର ପ୍ରତ୍ୟେକ କ୍ଷେତ୍ରରେ ମିଳନାତ୍ମକ ପରିସମାପ୍ତି ଥିଲା ରୀତିକାବ୍ୟର ପରଂପରା । ତା'ର ଏହି ଗତାନୁଗତିକ ପରିପାଟୀରେ ରାଧାନାଥ ଆଣିଲେ ଭିନ୍ନତା । ପ୍ରେମ ପାଇଁ ଜୀବନ ବିସର୍ଜି ଦେବାକୁ ଆଗେଇ ଆସିଲେ ତାଙ୍କ କାବ୍ୟର ନାୟକ ନାୟିକା କେଦାର ଓ ଗୌରୀ । କେବଳ 'କେଦାରଗୌରୀ' ନୁହେଁ, 'ପାର୍ବତୀ', 'ନନ୍ଦିକେଶରୀ', 'ଚନ୍ଦ୍ରଭାଗା' ଆଦି ଅନେକ କାବ୍ୟରେ ଦୁଃଖଦ ଉପସଂହାରକୁ ନେଇ ଉଦ୍‌ଘାଟିତ ହେଲା କଳାର ଏକ ଅଭିନବ ଦିଗନ୍ତ ।

ରାଧାନାଥ ଥିଲେ କାବ୍ୟିକ ଭାଷାର ପ୍ରଥମ ସଂସ୍କାରକ । କାବ୍ୟର ଆଙ୍ଗିକ ପରିବର୍ତ୍ତନ କରିବାକୁ ଯାଇ ସେ ହିଁ ପ୍ରଥମେ ପ୍ରୟୋଗ କଲେ ଅମିତ୍ରାକ୍ଷର ଛନ୍ଦ । ତାଙ୍କ ସରଳ, କୋମଳ, ମଧୁର ଓ ମଞ୍ଜୁଳ ଶବ୍ଦ ସଂଯୋଜନା ଯୋଗୁଁ ଆଉ ଅଳଙ୍କାରର ପ୍ରାବଲ୍ୟରେ ଭାରାକ୍ରାନ୍ତ ହେଲା ନାହିଁ କାବ୍ୟସୁନ୍ଦରୀ । ବରଂ ସବୁ ବର୍ଗର ପାଠକଙ୍କୁ ଆମୋଦିତ ଓ ଆହ୍ଲାଦିତ କଲା ତାଙ୍କ ଉପମା ପ୍ରୟୋଗର ସୂକ୍ଷ୍ମ ଚାତୁରୀ ଓ ଲଳିତ ପଦ ବିନ୍ୟାସ । ଅର୍ଥବୋଧ,ରସବୋଧ ଓ ଭାବ ସଞ୍ଚରଣଶୀଳତା ନିମନ୍ତେ ଆଉ ରହିଲାନି ପ୍ରତି ପଦରେ ଅଭିଧାନ ଅଣ୍ଡାଳିବାର ଭଞ୍ଜୀୟ ଝିଞ୍ଜଟ । ରାଧାନାଥ ଥିଲେ ଜଣେ ନିର୍ଭୀକ ତଥା ବାସ୍ତବବାଦୀ ସ୍ରଷ୍ଟା । ନିଜର ପ୍ରଜ୍ଞା, ପ୍ରତିଭା ଓ ଅଧ୍ୟବସାୟ ବଳରେ ସେ ବହୁ ସମ୍ମାନର ଅଧିକାରୀ ହୋଇଛନ୍ତି ସତ,ହେଲେ କେବେ କିଛି ଲେଖି ନାହାଁନ୍ତି ଅନୁଗୃହୀତ ହେବା ଲକ୍ଷ୍ୟରେ । ତାଙ୍କୁ ରାୟ ବାହାଦୁର ଉପାଧିରେ ଭୂଷିତ କରିଛନ୍ତି ଇଂରେଜ ସରକାର । ବାମଣ୍ଡା ରାଜଦରବାରରୁ ସେ ପାଇଛନ୍ତି କବିବର ଉପାଧି । ଅଥଚ ଇଂରେଜ ସରକାର ହୁଅନ୍ତୁ କି ଦେଶୀୟ ରାଜା ହୁଅନ୍ତୁ, ସେମାନଙ୍କ ପ୍ରଜା ଶୋଷଣ ନୀତିକୁ ସେ ଖୁବ୍ ବିଦ୍ରୂପ କରିଛନ୍ତି 'ଦରବାର' କାବ୍ୟରେ । ରାଧାନାଥ ଥିଲେ ସମକାଳୀନ ବାସ୍ତବତା ଓ ନିଜ ବିଷାଦରେ ଆଚ୍ଛନ୍ନ ଏକ ବିମର୍ଶ କବି ପ୍ରତିମା । ଜୀବନ ବିମୁଖତା ସତ୍ତ୍ୱେ ପ୍ରତିଟି ପରିବୋଧନୀୟ ମୁହୂର୍ତ୍ତର ଆତ୍ମିକ ଉପଲବ୍ଧିକୁ ବୌଦ୍ଧିକତାରେ ରସାଣିତ କରି ସେ ଶୁଣେଇଛନ୍ତି ଅନେକ ଦାର୍ଶନିକ ବାଣୀ । ଏକ ଉଚ୍ଚତର ଆଧ୍ୟାତ୍ମିକ ଜୀବନବୋଧ ପ୍ରତି ଆସ୍ପୃହା ନେଇ ଗାଇଛନ୍ତି- "ଧର୍ମ ଏକା ସିନା ମହତ ପଣିଆ, ଆଉ ବଡ଼ପଣ ଅଡ଼େଇ ଦିନିଆ ।" (ଦରବାର) ■

ଅବସରପ୍ରାପ୍ତ ଅଧ୍ୟକ୍ଷ,
ବିଜୁପଟ୍ଟନାୟକ ନଗର ଭଦ୍ରକ
ମୋ: ୬୩୭୧୬୪୨୪୬୪

ନୂଆପଡ଼ା ପରାଜୟ ପରେ କଂଗ୍ରେସରେ ଚାପା ଗୁଞ୍ଜରଣ

# ପ୍ରଶ୍ନ ଘେରରେ ଭକ୍ତଙ୍କ ରଣନୀତି

ଭୁବନେଶ୍ୱର, ୧୫।୧୧ (ସମିସ): ୨୦୨୪ ସାଧାରଣ ନିର୍ବାଚନରେ ଓଡ଼ିଶାରେ କଂଗ୍ରେସର ବିପର୍ଯ୍ୟୟ ପରେ ରାଜ୍ୟରେ କଂଗ୍ରେସର ମଙ୍ଗ ଧରିଥିଲେ ବରିଷ୍ଠ ନେତା ଭକ୍ତଚରଣ ଦାସ। ଭକ୍ତଙ୍କ ଆଗମନ ପରେ କଂଗ୍ରେସ ଶିବିର ଚଳଚଞ୍ଚଳ ହୋଇ ଉଠିଥିବା ବେଳେ ଦଳ ତାଙ୍କ ନେତୃତ୍ୱରେ ଭଲ କରିବ ବୋଲି ସାଧାରଣରେ ଏକ ଚର୍ଚ୍ଚା ଆଲୋଚନା ଆରମ୍ଭ ହୋଇଥିଲା। ମାତ୍ର ସଭାପତି ଦାୟିତ୍ୱ ଗ୍ରହଣ ପରେ ନୂଆପଡ଼ା ଉପନିର୍ବାଚନ ଭକ୍ତଙ୍କ ପାଇଁ ଏକ 'ଏସିଡ୍ ଟେଷ୍ଟ' ଥିଲା। ପ୍ରଥମ ଦଳ ପାଇପାରିଲା ନାହିଁ ବୋଲି ଆଲୋଚନା ଜୋର୍ ଧରିଛି। ଏହି କ୍ରମରେ ରାଜ୍ୟ କଂଗ୍ରେସର କିଛି ବରିଷ୍ଠ ନେତାଙ୍କର ମତାମତକୁ ନେଇ ଦଳରେ ଚାପା ଗୁଞ୍ଜରଣ ଆରମ୍ଭ ହୋଇଛି। ଏହା ଆଗକୁ ଭିନ୍ନ ରୂପ ନେଇପାରେ ବୋଲି ରାଜନୈତିକ ସମୀକ୍ଷକ ଆକଳନ କରୁଛନ୍ତି।

ଗତ ୨୦୨୪ ସାଧାରଣ ନିର୍ବାଚନରେ ଘାସିରାମ ମାଝୀ ସ୍ୱାଧୀନ ଭାବେ ଲଢ଼ି ୫୦,୯୪୧ ଖଣ୍ଡ ଭୋଟ ପାଇଥିବା ବେଳେ ଦଳୀୟ ପ୍ରାର୍ଥୀ ଶରତ ପଟ୍ଟନାୟକ ୧୫,୫୦୧ ଖଣ୍ଡ ଭୋଟ

■ ଦେଢ଼ ବର୍ଷରେ ୨୬ ହଜାର ଭୋଟ୍ ହରାଇଛି ଦଳ
■ ଖରାପ ପ୍ରଦର୍ଶନର ଏକାଧିକ କାରଣ ଦର୍ଶାଇଲେ ସମୀକ୍ଷକ

ପାଇଥିଲେ। ଅର୍ଥାତ୍ କଂଗ୍ରେସ ପାଖରେ ମୋଟ ୬୬,୪୪୨ ଖଣ୍ଡ ଭୋଟ ଥିଲା। ବିଭିନ୍ନ ସମୀକରଣକୁ ଦୃଷ୍ଟିରେ ରଖି ଉପ ନିର୍ବାଚନରେ କଂଗ୍ରେସରୁ ପ୍ରାର୍ଥୀ ହୋଇଥିବା ଘାସିରାମ ବିଜୟ ଲାଭ କରିବେ ବୋଲି ପିସିସି ସଭାପତି ଭକ୍ତଚରଣ ଦାସ ଏବଂ ଦଳର ଅନ୍ୟନେତାମାନେ ଦୃଢ଼ୋକ୍ତି ପ୍ରକାଶ କରିଥିଲେ। ପ୍ରଥମରୁ ଦଳ ପାଇଁ ନୂଆପଡ଼ାରେ ଭଲ ମାହୋଲ ଥିବାବେଳେ ଭକ୍ତ ଗଡ଼ ଦଖଲ ପାଇଁ ରଣନୀତି ପ୍ରସ୍ତୁତ କରିଥିଲେ। ମାତ୍ର ନୂଆପଡ଼ା ଫଳ ବାହାରିବା ସହ ଭକ୍ତଙ୍କ ସବୁ ରଣନୀତି ଫେଲ୍ ମାରିଛି। ଦଳ ଦ୍ୱିତୀୟ ସ୍ଥାନରେ ରହିବା ଭକ୍ତ ତଥା କଂଗ୍ରେସ ପାଇଁ ଏକମାତ୍ର ଭଲ ଖବର ହୋଇଥିଲେ ହେଁ ବର୍ଷଟିଏ ମଧ୍ୟରେ ଉଭୟ ଘାସିରାମ ଏବଂ କଂଗ୍ରେସର ମିଳିତ ଭୋଟ ପ୍ରାୟ ୨୬ ହଜାର ହ୍ରାସ ପାଇଛି।

ଦଳର ଟାଣୁଆ ନେତା ମଧ୍ୟ ପରୋକ୍ଷରେ ଭକ୍ତଙ୍କ ନେତୃତ୍ୱ ଉପରକୁ ଅଙ୍ଗୁଳି ଉଠାଇଛନ୍ତି। ପୂର୍ବତନ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ କହିଛନ୍ତି ଯେ ବିଜେପି ପାଇଁ ଛତିଶଗଡ଼ ମୁଖ୍ୟମନ୍ତ୍ରୀ ପ୍ରଚାର କରିବାକୁ ଆସିଲେ। ବିଜେଡି ପାଇଁ ନବୀନ ପଟ୍ଟନାୟକ ଦୁଇ ଦୁଇଥର ପ୍ରଚାର କଲେ। ମାତ୍ର ଆମେ ସେହିଭଳି ସଭା କରିପାରିଲୁ ନାହିଁ। ସେହିପରି ଆଦିବାସୀ ଭୋଟ ବ୍ୟାଙ୍କକୁ ଗତଥର ପରି ନିଜ ପାଖରେ ରଖି ପାରିଲୁ ନାହିଁ ବୋଲି ବଡ଼ ବୟାନ ଦେଇଛନ୍ତି କଂଗ୍ରେସର ବରିଷ୍ଠ ନେତା ସନ୍ତୋଷ ସିଂ ସାଲୁଜା। ଉଭୟେ ପରୋକ୍ଷରେ ହେଲେ ମଧ୍ୟ ଭକ୍ତଙ୍କ ରଣନୀତିକୁ ନେଇ ପ୍ରଶ୍ନ ଉଠାଇଛନ୍ତି।

ଭାବେ ଘାସିରାମ ମାଝୀଙ୍କୁ ପ୍ରାର୍ଥୀ ଘୋଷଣା କରି ରାଜନୀତିକ ଦାଓପେଞ୍ଚରେ ନିଜର ପତିଆରାକୁ ସାବ୍ୟସ୍ତ କରିଥିଲେ। ନୂଆପଡ଼ାରେ ବିଜୟର ଶ୍ରେୟ ରାଜ୍ୟ କଂଗ୍ରେସରେ ତାଙ୍କୁ ଅପ୍ରତିଦ୍ୱନ୍ଦ୍ୱୀ ନେତୃତ୍ୱର ଶ୍ରେୟ ଦେଇଥାନ୍ତା। କିନ୍ତୁ ନିର୍ବାଚନୀ ବିଫଳତା ପରେ ଦଳରେ ତାଙ୍କର ନିର୍ବାଚନ ପରିଚାଳନା ଓ ରଣନୀତିକୁ ନେଇ ପ୍ରଶ୍ନ ଉଠିଛି।

ନୂଆପଡ଼ାରେ କଂଗ୍ରେସର ପରାଜୟ ପଛରେ ଭକ୍ତଙ୍କ ଅତ୍ୟଧିକ ଆତ୍ମବିଶ୍ୱାସ, ଅର୍ଥର ଘୋର୍ ଅଭାବ ଏବଂ କେନ୍ଦ୍ରୀୟ ନେତାଙ୍କ ଓଡ଼ିଶା ପ୍ରତି ଅନାଗ୍ରହ କାରଣରୁ କଂଗ୍ରେସ ଆଶାନୁଯାୟୀ ଫଳ

ସେହିପରି ନିଜେ ଘାସିରାମ ମଧ୍ୟ ନିର୍ବାଚନରେ ଟଙ୍କାର ଘୋର ଅଭାବ ଏବଂ କେନ୍ଦ୍ରୀୟ ନେତୃତ୍ୱଙ୍କ ସହଯୋଗ ନେଇ ନିଜର ବକ୍ତବ୍ୟ ରଖି ସାରିଛନ୍ତି। ଅପରପକ୍ଷେ ପିସିସି ସଭାପତି ଭକ୍ତଚରଣ ଦାସ କିନ୍ତୁ ଏନେଇ ଭିନ୍ନ ମତ ରଖିଛନ୍ତି। ସେ କହିଛନ୍ତି ଯେ ଆମେ ପ୍ରମାଣିତ କରିଛୁ ଯେ ଆମେ ହିଁ ରାଜ୍ୟରେ ମୁଖ୍ୟ ବିରୋଧୀ ଦଳ। ଆମେ ହିଁ ବିଜେପିର ପ୍ରକୃତ ବିକଳ୍ପ। ଆଗାମୀ ଦିନରେ ଏହା ହିଁ ଘଟିବାକୁ ଯାଉଛି ବୋଲି ସେ କହିଛନ୍ତି।

# ମୟୂରଭଞ୍ଜରେ ମୂଳ ସୋମନାଥ ଜ୍ୟୋତିର୍ଲିଙ୍ଗ ଦର୍ଶନ

ବାରିପଦା, ୧୫।୧୧(ସମିସ): ମହମ୍ମଦ ଗଜନୀଙ୍କ ଦ୍ୱାରା ୧୦୨୪ ଖ୍ରୀଷ୍ଟାବ୍ଦରେ ଗୁଜୁରାଟର ସୋମନାଥ ମନ୍ଦିର ଧ୍ୱଂସ ପରେ ଶତାବ୍ଦୀ ଶତାବ୍ଦୀ ଧରି ନଷ୍ଟ ଅବସ୍ଥାରେ ରହିଥିବା 'ମୂଳ ସୋମନାଥ ଜ୍ୟୋତିର୍ଲିଙ୍ଗ' ପୁନଃ ଆବିଷ୍କାର ହୋଇଛି। ବର୍ତ୍ତମାନ ଅତ୍ୟନ୍ତ ପ୍ରତିକୂଳ ସ୍ଥିତିରେ ଥିବା ଏହି ଦୁର୍ଲଭ ଶିବଲିଙ୍ଗ ପ୍ରଥମଥର ପାଇଁ ବାରିପଦାରେ ଶ୍ରଦ୍ଧାଳୁଙ୍କ ଦର୍ଶନ ନିମନ୍ତେ ଉପଲବ୍ଧ ହେବାକୁ ଯାଉଛି। ଆସନ୍ତା ସୋମବାର ମହାପୁଣ୍ୟ ଅବସରରେ ରୁଦ୍ରାଭିଷେକ ଓ ସାଧାରଣ ଦର୍ଶନ ହେବ। ଏହି ଐତିହାସିକ ଓ ଧାର୍ମିକ ମହୋତ୍ସବକୁ ନେଇ ସମଗ୍ର ଜିଲ୍ଲା ଏବଂ ପଡ଼ୋଶୀ ଅଞ୍ଚଳରେ ଭକ୍ତଙ୍କ ମଧ୍ୟରେ ଆନନ୍ଦ ପ୍ରକାଶ ପାଇଛି। ଏହି ପୁଣ୍ୟ ଦର୍ଶନ ନିମନ୍ତେ ସମସ୍ତ ପ୍ରସ୍ତୁତି ଶେଷ ହୋଇଛି।

ବାରିପଦାର ବେଲଗଡ଼ିଆ ରାଜପ୍ରାସାଦ ପଛ ପ୍ରବେଶଦ୍ୱାରରେ ପୂଜା ଓ ରୁଦ୍ରାଭିଷେକ ସକାଳ ୯ଟାରୁ ଆରମ୍ଭ ହେବ। ସାଧାରଣ ଦର୍ଶନ ସକାଳ ୧୦ଟାରୁ ଅପରାହ୍ନ ୧ଟା ପର୍ଯ୍ୟନ୍ତ ସମସ୍ତଙ୍କ ପାଇଁ ଖୋଲା ରହିବ। ଅନୁଷ୍ଠାନର ସଙ୍ଗଠକମାନେ କହିଛନ୍ତି ଯେ ଭଗବାନ ଶିବଙ୍କ ଏହି ଦୁର୍ଲଭ ସ୍ୱରୂପର ଦର୍ଶନ କୋଟିକୋଟି ଭକ୍ତଙ୍କ ପାଇଁ ଏକ ଅପୂର୍ବ ସୁଯୋଗ ଆଣିଛି। ଏହାକୁ ନେଇ ଭକ୍ତଙ୍କ ମଧ୍ୟରେ ଉତ୍ସାହର ଲହରି ଦେଖିବାକୁ ମିଳୁଛି। ଏହି ଅବସରରେ ମୟୂରଭଞ୍ଜର ଅଧିବାସୀମାନଙ୍କ ଭାଗ୍ୟକୁ ସେମାନେ ପ୍ରଶଂସା କରିଛନ୍ତି।

# ଦିଲ୍ଲୀ ଏମ୍ସକୁ ଏୟାରଲିଫ୍ଟ ହେବେ ହ୍ୟୁମାନ ସାଗର!

ଭୁବନେଶ୍ୱର,୧୫।୧୧(ସମିସ): ଓଲିଉଡ୍‌ର ଲୋକପ୍ରିୟ ଗାୟକ ହ୍ୟୁମାନ ସାଗର ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଚିକିତ୍ସିତ ହେଉଛନ୍ତି। ତାଙ୍କ ସ୍ୱାସ୍ଥ୍ୟାବସ୍ଥା ସଙ୍କଟାପନ୍ନ ଥିବା ବେଳେ ବର୍ତ୍ତମାନ ସେ ଶ୍ୱାସକ୍ରିୟା ପାଇଁ ନନ୍-ଇନ୍‌ଭେସିଭ୍ ଭେଣ୍ଟିଲେଟର୍ ସପୋର୍ଟରେ ଅଛନ୍ତି। ଗତ ୨୪



ଘଣ୍ଟାରେ ସ୍ୱାସ୍ଥ୍ୟ ଅବସ୍ଥାରେ କୌଣସି ଉନ୍ନତି ପରିଲକ୍ଷିତ ହୋଇନାହିଁ। ତେଣୁ, ଆଗାମୀ ୭୨ଘଣ୍ଟା ହ୍ୟୁମାନଙ୍କ ପାଇଁ ଅତି ଗୁରୁତ୍ୱପୂର୍ଣ୍ଣ ବୋଲି ଏମ୍ସ ପକ୍ଷରୁ କୁହାଯାଇଛି। ଆଜି ଏମ୍ସରେ ହ୍ୟୁମାନ ସାଗରଙ୍କ ପରିବାର ପହଞ୍ଚିଥିବା ବେଳେ ତାଙ୍କ ମା' ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି, ମୋ' ପୁଅର ସ୍ୱାସ୍ଥ୍ୟ ଅତ୍ୟନ୍ତ ଗମ୍ଭୀର ରହିଛି। ସ୍ୱାସ୍ଥ୍ୟାବସ୍ଥାରେ କୌଣସି ଉନ୍ନତି ଆସୁନଥିବା ଡାକ୍ତର କହୁଛନ୍ତି। ମୋ ପୁଅକୁ ବାହାରକୁ ନେଇ ଚିକିତ୍ସା କରିବାକୁ ଚାହୁଁଛି। ଏଥିପାଇଁ ଓଡ଼ିଶାବାସୀ ଓ ସରକାରଙ୍କୁ ସାହାଯ୍ୟ ପାଇଁ ସେ ନିବେଦନ କରିଛନ୍ତି। ତେବେ ହ୍ୟୁମାନଙ୍କୁ ଦିଲ୍ଲୀ ଏମ୍ସକୁ ଏୟାରଲିଫ୍ଟ କରାଯାଇପାରେ ବୋଲି ସୂଚନା ମିଳିଛି।

ସୂଚନା ଅନୁସାରେ, କଣ୍ଠଶିଳ୍ପୀ ହ୍ୟୁମାନ୍ ସାଗର (୩୬) ଗତ କିଛି ସପ୍ତାହ ହେଲା କଟକର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିଲେ। ସ୍ୱାସ୍ଥ୍ୟାବସ୍ଥା ସଙ୍କଟାପନ୍ନ ହେବାରୁ ଗତକାଲି ଅପରାହ୍ଣ ୧ଟା ୧୦ରେ ତାଙ୍କୁ ଅତି ସଙ୍କଟାପନ୍ନ ଅବସ୍ଥାରେ ଏମ୍ସ ଜରୁରୀକାଳୀନ ବିଭାଗରେ ଭର୍ତ୍ତି କରାଯାଇଥିଲା।

# ୧୨ ଡିଗ୍ରୀ ତଳେ ରାଜ୍ୟର ୧୦ ସହର

ଭୁବନେଶ୍ୱର,୧୫।୧୧(ସମିସ): ରାଜ୍ୟରେ ଗତ ସପ୍ତାହେ ହେବ ଅଧିକାଂଶ ସ୍ଥାନରେ ଶୀତ ଅନୁଭବ ହେଉଛି। ଶୁକ୍ରବାର ରାତିରେ ରାଜ୍ୟର ୧୦ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରେକର୍ଡ କରାଯାଇଛି। ସେମିଳିଗୁଡ଼ାରେ ରାଜ୍ୟର ସର୍ବନିମ୍ନ ତାପମାତ୍ରା ୬.୫ ଡିଗ୍ରୀ ରେକର୍ଡ କରାଯାଇଥିବା

## ଆଜି ୩ ଜିଲ୍ଲାରେ ଶୀତ ଲହରୀ

ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି।

ପାଣିପାଗ କେନ୍ଦ୍ର ଅନୁଯାୟୀ ଶୁକ୍ରବାର ରାତିରେ ଦାରିଙ୍ଗିବାଡ଼ି ଓ ଜି. ଉଦୟଗିରିରେ ସର୍ବନିମ୍ନ ତାପମାତ୍ରା ୮ ଡିଗ୍ରୀ ରେକର୍ଡ କରାଯାଇଥିବା ବେଳେ ଫୁଲବାଣୀରେ ତାପମାତ୍ରା ୯.୫ ଡିଗ୍ରୀ ରହିଥିଲା। ସେହିପରି ରାଉରକେଲାରେ ୧୦.୨ ଡିଗରୀ, ଝାରସୁଗୁଡ଼ାରେ ୧୦.୩ ଡିଗ୍ରୀ, ଅନୁଗୋଳରେ ୧୦.୬ ଡିଗ୍ରୀ, ଚିପିଲିମାରେ ୧୦.୮ ଡିଗ୍ରୀ, କିରେଇ ଓ କୋରାପୁଟରେ ୧୧.୩ ଡିଗ୍ରୀ, ଭବାନୀପାଟଣାରେ ୧୧.୫ ଡିଗ୍ରୀ ଏବଂ କେନ୍ଦୁଝରରେ ୧୧.୬ ଡିଗ୍ରୀ ତାପମାତ୍ରାରେ ରେକର୍ଡ କରାଯାଇଛି। ଉପକୂଳ ଓଡ଼ିଶାରେ ଅନେକ ସ୍ଥାନରେ ରାତି ତାପମାତ୍ରା ସ୍ୱାଭାବିକଠାରୁ ୩ରୁ ୪ ଡିଗ୍ରୀ ଯାଏଁ କମ ଥିବାବେଳେ ଆଭ୍ୟନ୍ତରୀଣ ଓଡ଼ିଶାରେ କିଛି ସ୍ଥାନରେ ତାପମାତ୍ରା ସ୍ୱାଭାବିକଠାରୁ ୩ରୁ ୬ ଡିଗ୍ରୀ ଯାଏଁ କମ ରହିଥିବା ଜଣାପଡ଼ିଛି। ସେହିପରି ଭୁବନେଶ୍ୱରର ତାପମାତ୍ରା ୧୪.୮ ଡିଗ୍ରୀ ଥିବାବେଳେ କଟକର ରାତି ତାପମାତ୍ରା ୧୪.୪ ଡିଗ୍ରୀ ରେକର୍ଡ କରାଯାଇଛି। ଅପରପକ୍ଷେ ରବିବାର ଝାରସୁଗୁଡ଼ା, କନ୍ଧମାଳ ଓ ସୁନ୍ଦରଗଡ଼ରେ ଶୀତ ଲହରୀ ଅନୁଭୂତ ହେବ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

■ ସରକାରୀ ନିୟମର ଉଲ୍ଲଂଘନ

# ନିଯୁକ୍ତି ବୟସ ସୀମା ୩୨ ବର୍ଷକୁ କମାଇଲା ଓଏଚ୍‌ପିସି

ଭୁବନେଶ୍ୱର,୧୫ ।୧୧(ସମିସ): ନିଯୁକ୍ତି ପାଇଁ ସରକାରଙ୍କ ନିୟମକୁ ରାଜ୍ୟ ପିଏସ୍‌ୟୁ ସଂସ୍ଥା ମାନୁ ନାହାନ୍ତି। ସରକାରଙ୍କ ନୀତି ନିୟମକୁ ଅଣଦେଖା କରି ଇଚ୍ଛା ଅନୁଯାୟୀ ନିଯୁକ୍ତି ବିଜ୍ଞପ୍ତି ପ୍ରକାଶ କରୁଛନ୍ତି। ନିଯୁକ୍ତି ପାଇଁ ବୟସ ସୀମା ୪୨ ବର୍ଷକୁ ରାଜ୍ୟ ସରକାର ବଢ଼ାଇଥିବାବେଳେ ରାଜ୍ୟ ଓଡ଼ିଶା ଜଳ ବିଦ୍ୟୁତ ନିଗମ (ଓଏଚପିସି) ଏହାକୁ ୩୨ ବର୍ଷ କରିଛି। ଫଳରେ ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବା ସହ ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀଙ୍କୁ ଅଭିଯୋଗ କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଉଡ଼ିଗଲା ଥାନା...

ଘଟିବାକୁ ଯାଉଛି କି ବୁଝାପଡ଼ୁନାହିଁ। କୁହାଯାଉଛିଯେ ଥାନାରେ ପ୍ରାୟ ୩୦ଟି କେଜି ବିସ୍ଫୋରକ ରଖାଯାଇଥିଲା। ତେବେ ଏହି ବିସ୍ଫୋରକ ଏକ ଦୁର୍ଘଟଣା ହୋଇଛି ବୋଲି ଜମ୍ମୁ-କଶ୍ମୀର ଡିଜିପି ନଳିନ ପ୍ରଭାତ କହିଛନ୍ତି। ନମୁନା ସଂଗ୍ରହ ବେଳେ କି ବିସ୍ଫୋରଣ ଘଟିଥିଲା। ଏହି ବିସ୍ଫୋରକ ଫରିଦାବାଦରୁ ଗିରଫ ହୋଇଥିବା ଡା ମୁଜାମିଲ ଗନେଇର ଭଡ଼ା ଘରୁ ଜବତ କରାଯାଇଥିଲା। ପୁଲିସ ଏବେ ସମ୍ପୂର୍ଣ୍ଣ ଅଞ୍ଚଳକୁ ସିଲ୍ କରିଦେଇଛି। ମୃତକଙ୍କ ପରିବାର ଲୋକେ ଘଟଣାସ୍ଥଳରେ ପହଞ୍ଚିଛନ୍ତି। ପୁଲିସ ସେମାନଙ୍କୁ ଭିତରକୁ ଛାଡ଼ୁନାହିଁ। ବିସ୍ଫୋରଣ କାରଣ ନେଇ ଯାଞ୍ଚ କରାଯାଉଛି ବୋଲି ଜମ୍ମୁ-କଶ୍ମୀର ଡିଜିଙ୍କ ଗୃହ ମନ୍ତ୍ରଣାଳୟରେ ଘରୁ କୁହାଯାଇଛି। ଇତିମଧ୍ୟରେ ସିଆଇଏସ୍‌ଏଫ୍ ଆଇଜି ଘଟଣାସ୍ଥଳକୁ ଯାଇଛନ୍ତି।

### ଆଳୁ କେଜି...

ଏହି ଆଳୁ ବର୍ଷକୁ କେବଳ ୧୦୦ ଟନ୍ ଉତ୍ପାଦନ ହେଉଛି। ପ୍ରତି ବର୍ଷ ମେ' ଏବଂ ଜୁନ୍‌ରେ ଏହାର ବିକ୍ରି ହୋଇଥାଏ। ଆଟଲାଣ୍ଟିକ ମହାସାଗରର ଲୋଣା ଅଞ୍ଚଳ ସ୍ଥିତ ଫ୍ରାନ୍ସର 'ନୋଇରମୌଟିଅର' ଦ୍ୱୀପରେ ଏହି ଆଳୁ ଚାଷ କରାଯାଉଛି। ନିଆରା ସ୍ୱାଦ କାରଣରୁ ଏହାର ଚାହିଦା ଅଧିକ ରହିଛି। ଉତ୍ପାଦନ ଅଧିକ ହୋଇ ନ ଥିବାରୁ ଏହାର ମୂଲ୍ୟ ବଢ଼ି ବଢ଼ି ଚାଲିଛି। ସ୍ଥାନୀୟ ଚାଷୀ 'ବିନୋଟ' ବିନୋଟେ'ଙ୍କ ନାମରେ ଏହି ଆଳୁର ନାମକରଣ ହୋଇଛି। ପାରମ୍ପରିକ ଉପାୟରେ ଏହି ଆଳୁ ଚାଷ କରାଯାଉଛି। ଉତ୍ପାଦନରେ ମେସିନର ବ୍ୟବହାର କରାଯାଏ ନାହିଁ। ଏହି ଆଳୁ ଛୋଟ ହୋଇଥିବା ବେଳେ ମଧ୍ୟ ଚୋପା ବହୁତ ପତଳା। ସାଧାରଣତଃ ଏହାକୁ ସିଝାଇ ଲୁଣ ଏବଂ ଲହୁଣୀ ସହ ଖିଆଯାଇଥାଏ।

### ପ୍ରସ୍ତୁତ ହେବ...

ବିଭାଗକୁ କୁହାଯାଇଛି। ଏହି ମଲ୍ଟି ଇୟର ସିଙ୍ଗି ବ୍ୟବସ୍ଥା ଆସନ୍ତା ଆର୍ଥିକ ବର୍ଷ ସହ ଏହାର ପରବର୍ତ୍ତୀ ଦୁଇ ଆର୍ଥିକ ବର୍ଷ ପାଇଁ କାର୍ଯ୍ୟକାରୀ ହେବ। ଏଥିରେ ବିଭାଗ ପ୍ରତିକିତ ଆର୍ଥିକ ବର୍ଷ ପରିବର୍ତ୍ତେ ୩ ବର୍ଷ ପାଇଁ ଯୋଜନା ପ୍ରସ୍ତୁତ କରିବାକୁ ଥିବାବେଳେ ଏଥିପାଇଁ ଏବେଠୁ ଯୋଗାଣ ବିଧିଆଯିବ। ଏହା ବଜେଟ ବର୍ଷ (ୱାଇ), ୱାଇ+୧ ଏବଂ ୱାଇ+୨ ଆଧାରରେ କାର୍ଯ୍ୟ କରିବ। ଯାହାଫଳରେ ବିଭାଗଗୁଡ଼ିକୁ ଯୋଜନା କାର୍ଯ୍ୟକାରୀ ପାଇଁ ୩ ବର୍ଷ ପର୍ଯ୍ୟନ୍ତ ସମୟ ମିଳିବ ଏବଂ ଏଥିପାଇଁ ଆଗୁଆ ବ୍ୟୟ ଅଟକଳ ମଧ୍ୟ କରାଯାଇପାରିବ। ଏହାଫଳରେ ସରକାରଙ୍କୁ ଏକାଧିକ ଲାଭ ମିଳିବା ନେଇ ମତ ରଖୁଛନ୍ତି ଅର୍ଥନୀତି ବିଶେଷଜ୍ଞ। ଏହାଦ୍ୱାରା ବିଭାଗଗୁଡ଼ିକ ବହୁ ବର୍ଷୀୟ ପରିଯୋଜନାକୁ କ୍ରିୟାନ୍ୱୟନ କରିବାରେ ସହଜତା ଲଭିପାରିବେ। ସେହିପରି ବିଭାଗ ଗୁଡ଼ିକୁ ନିଜ ନିଜର ଖର୍ଚ୍ଚ ବ୍ୟୟ ପରିସୀମା ସମ୍ପର୍କରେ ସ୍ପଷ୍ଟ ଚିତ୍ର ମିଳିବାକୁ ଥିବାବେଳେ ଏହାଦ୍ୱାରା ଆର୍ଥିକ ଶୃଙ୍ଖଳା ମଧ୍ୟ ବଜାୟ ରହିପାରିବ। ଏହାଦ୍ୱାରା ବିଭାଗ ଗୁଡ଼ିକର କାର୍ଯ୍ୟ ଦକ୍ଷତା ବୃଦ୍ଧି ପାଇବାକୁ ଥିବାବେଳେ ଦାୟିତ୍ୱବୋଧତା ମଧ୍ୟ ବଢ଼ିବ ବୋଲି ମତପ୍ରକାଶ ପାଇଛି।

### ଦୁଇ ଦିନରେ...

ଭାରତ ଅଧିନାୟକ ଶୁବମନ୍ ଗିଲ ରିଟାୟାର୍ଡ ହର୍ଟ୍ ହୋଇ ପାଭିଲିୟନ ଫେରିଥିଲେ। ଏଭଳି ଘଟଣା ସଂପର୍କରେ ଇଂଲଣ୍ଡର ପୂର୍ବତନ କ୍ରିକେଟର ମାଇକେଲ ଭନ୍ ଏହା ଏକ ଭୟଙ୍କର ପିଚ୍ ବୋଲି କହିଥିବା ବେଳେ ଅନିଲ କୁମ୍ବଲେ ବାମହାତୀ ବ୍ୟାଟ୍ସମ୍ୟାନ ଏହି ପିଚ୍ ସୁହାଇଥାଏ ବୋଲି କହିଛନ୍ତି। ଅନ୍ୟପକ୍ଷରେ ଟେଷ୍ଟ କ୍ରିକେଟରେ ଏଭଳି ଫଳାଫଳ ଦେଖି ବହୁ ଦର୍ଶକ ଓ କ୍ରିକେଟ୍ ଫ୍ୟାନ୍‌ମାନେ ଇଡେନ୍‌ଗାର୍ଡେନ୍ ପିଚ୍‌କୁ ନେଇ ବିଭିନ୍ନ ମନ୍ତବ୍ୟ ଦେଉଛନ୍ତି ଏହା ନେଇ ଚର୍ଚ୍ଚା କରିଛନ୍ତି।

### ପୁଲିସକୁ ପଥର ଛେଚି...

ଉକ୍ତ ଦୁର୍ଘଟଣାରେ ଗାଁ ଲୋକଙ୍କ ସନ୍ଦେହ ହୋଇଥିଲା। ଗାଁ ଲୋକଙ୍କଠାରୁ ସୂଚନା ପାଇ ପୁଲିସ ଗାଁରେ ପହଞ୍ଚି ତଦନ୍ତ କରିଥିଲା। ଅଣିଆ ଗଦାରେ ଖୋଳାଖୋଳି କରି ପୁଲିସ ଉଦୟଙ୍କ ଶବ ଜବତ କରିଥିଲା। ପୁରୁଣାକଟକ ପୁଲିସ, କୌଣ୍ଡ ଏସ୍‌ଡିପିଓ ଲରେନ୍ସ ରାଉତରାୟ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ସାଇଣ୍ଟିଫିକ ଟିମ, ଡଗ୍ ସ୍କ୍ୱାଡ୍ ସହାୟତାରେ ଘଟଣାର ସରଜମିନ ତଦନ୍ତ କରି ନମୁନା ସଂଗ୍ରହ କରିଥିଲେ। ଉଦୟଙ୍କ ବଡ଼ଭାଇ ବିଦ୍ୟାଧର ରଞ୍ଜନ ପଟ୍ଟନାୟକଙ୍କ ଅଭିଯୋଗ ଆଧାରରେ ପୁରୁଣାକଟକ ପୁଲିସ ଏନେଇ ଏକ ହତ୍ୟା ମାମଲା ରୁଜୁ କରିବା ସହ ଅଭିଯୁକ୍ତ ସଂଗ୍ରାମଙ୍କୁ ଗିରଫ କରିଛି। ହତ୍ୟାକାଣ୍ଡରେ ବ୍ୟବହୃତ ପଥରକୁ ମଧ୍ୟ ପୁଲିସ ଜବତ କରିଛି। ଏନେଇ ପୁରୁଣାକଟକ ଥାନାରେ ୧୯୪/୨୫ରେ ଏକ ହତ୍ୟା ମାମଲା ରୁଜୁ ହୋଇଥିବା ଆଇଆଇସି ଅରୁଣ ସିଂ ସୂଚନା ଦେଇଛନ୍ତି।


## AFFIDAVIT

I, Babita Jena, aged about 42 years, W/o- Pramod Kumar Jena, resident of At- Dolamandap Sai, Patia, PS- Infocity, Bhubaneswar, PIN-751001, Dist- Khordha, Odisha declared by this affidavit No. 46, dtd-12/11/2025 that now onwards I shall be known as **BEBITA JENA** for all future purposes instead of Babita Jena.

## AFFIDAVIT

By virtue of an affidavit (CF No.10, dtd- 14/11/2025) sworn before the Notary Public, Padampur. I, **Bina Suna**, W/o Bihari Suna, resident of Khuntpali, PS-Gaisilat, Dist- Bargarh, PIN-768036, Odisha declare that I have changed the name of my minor son from **Donraj Suna** (old name) to **Akant Prasad Suna** (new name). Henceforth, he shall be known as **Akant Prasad Suna** for all purposes.

**Bina Suna**

## AFFIDAVIT

I, Tellavadu, aged about 60 years, S/o- G Enkeya, resident of At- Plot No. 62/3726, Jagannath Nagar, GGP Colony, Rasulgarh, Bhubaneswar, PS- Mancheswar, Dist-Khordha, PIN- 751010, Odisha declared by this affidavit No. 2331, dtd-15/11/2025 that now onwards I shall be known as **G TELEDU** for all future purposes.

## AFFIDAVIT

By virtue of an affidavit no-1642 sworn before the Executive Magistrate, Dhenkanal on dtd-09/10/2025, I **Mita Padhan**, resident of At- Chhadasingh, Po- Badanagena, Ps- Sadar, Dist- Dhenkanal, Pin- 759014, Odisha, I have changed my name from **Rasmita Dehury** (old name) to **Mita Padhan** (new name). Henceforth, both name **Rasmita Dehury** and **Mita Padhan** is one & same person & I will be known as **Mita Padhan** for all future purposes.

**Sd/- Mita Padhan**

## IN THE COURT OF THE CIVIL JUDGE (SR. DIVISION) RANAPUR

C.S. No 249/18

ମନୋଜ କୁମାର ରାଉ୍ତ ...ବାଦୀ

ବନାମ

ଅମରୀ ବତ୍ସ ଏବଂ ଅନ୍ୟମାନେ ...ପ୍ରତିବାଦୀ

Summon U/O R.5. Rule.20 C.P.C

ପ୍ରାପ୍ତେଷୁ,
ଧରଣୀଧର ମଲ୍ଲିକ, ପିତା- ରଘୁ ମଲ୍ଲିକ, ସାପାତରେଉଡ଼ା, ପୋ- ସାରଙ୍ଗାଦପୁର, ଥାନା- ରଣପୁର, ଜିଲ୍ଲା-ନୟାଗଡ଼।
ଉପରିଲିଖିତ ବାଦୀ ଏହି ରାଜ୍ୟ ବାଦ ମକଦ୍ଦମା ତୁମ ବିପକ୍ଷରେ ଆଣିଛନ୍ତି ଓ ଏଥିରେ ତୁମ ପାଖକୁ ପଠାଯାଇଥିବା ଅଦାଲତ ସମନକୁ ତୁମେ ଉପେକ୍ଷା କରିଛ ଏହି ମିଳୁ, ତୁମକୁ ଆଦେଶ ଦିଆଯାଉଅଛି କି ତୁମେ ଏହି ଦିନ ତା. ୦୮/୧୨/୨୦୨୫ ସମୟ ୧୦.୩୦ମିରେ ଅଦାଲତରେ ଉପସ୍ଥିତ ରହିବ ଅଥବା ତୁମ ବିନା ଉପସ୍ଥିତିରେ ଏହି ମୋକଦ୍ଦମା ଶୁଣାଯିବ। [illegible]
ଦିନ ୧୩-୧୧-୨୦୨୫।

ସିଭିଲ ଜଜ୍ (ସି) ଡିଭିଜନ
ରଣପୁର

## LOST

I, Khageswar Behera, S/o- Late Panchanan Behera, resident of At-Dharosyamsundarpur, P.O-Sukleswar, P.s- Mahanga, Dist-Cuttack. Declare that my original Sale deed vide No-433 dated 16/03/1996 has been lost at any where inspite of my best efforts I could not able trace it out. If anybody has got interest in any manner on the above property in question, may put forth his grievance/complain with supporting documents within 15days of this publication notice, before the advocate mentioned below.
Name- Diptimayee sahoo,
Mobile no - 7978874629.

## AFFIDAVIT

I, Birendra Kishore Tripathy Sharma, aged about 71 years, S/o- Narasingh Tripathy resident of At: Plot No-1533p, Lane-9, Kukuteswar Colony, Aerodrome Area, Bhubaneswar, Dist- Khurda, Pin- 751020, Odisha declare by this affidavit No.2331, dtd- 15/11/2025, that now onwards I shall be known as **BIRENDRA KISHORE TRIPATHY** for all future purposes.

## AFFIDAVIT

By virtue of an affidavit sworn before the Notary Public, Swampatna, dated-14/11/2025 vide No.5249, I Rani Kisku, D/o- Jamuna Tudu, resident of At/Po-Damahuda, Ps- Patna, Dist-Keonjhar, Odisha declare that I have changed my name from **Rani Kisku**, D/o-Jamuna Tudu to **Rani Tudu**, D/o- Jamuna Tudu. Henceforth, I shall be known as **Rani Tudu**, D/o- Jamuna Tudu for all future purposes.

**Rani Tudu**

## AFFIDAVIT

I, Mohammad Hamid Akhter, aged about 61 years, H/o- Farzana Rahman, Resident of Flat No: 4/A4-08, Hi-Tech Heaven Apartment, Matiapada-II, Po-Govindpur, Dist-Puri, Odisha, Pin- 752104 declare by this affidavit No. 947, dated- 15/11/2025 that now onwards I shall be known as **MD HAMID AKHTAR** for all future purposes.

## ଘୋଷଣାନାମା

ଶ୍ରୀ ଗଦାଧର ବେହେରା ପି.: ଏ ପ୍ରାଣବନ୍ଧୁ ବେହେରା, ଗ୍ରା/ପୋ-ବଡ଼ ଖଲାଡି, ଥାନା- କପିଳପ୍ରସାଦ, ଜିଲ୍ଲା- ମୟୂରଭଞ୍ଜ, ପି. କୋଡ୍-୭୫୭୦୭୦, ଏତଦ୍ୱାରା ଘୋଷଣା କରୁଅଛୁ କି ମୋର ପୁଅର ନାମ ସାଧାରଣ ଭାରତ ଥିଲା। ଏହି ନାମଟି ତାହାର ଜନ୍ମ ପ୍ରମାଣ ପତ୍ର, ସମସ୍ତ ଶିକ୍ଷାଗତ ଯୋଗ୍ୟତା ପ୍ରମାଣ ପତ୍ର, ଆଧାର କାର୍ଡ, ପାନ କାର୍ଡ ଆଦିରେ ସାଧାରଣ ଭାରତ ଭାବେ ଲିପିବଦ୍ଧ ଅଛି। ତାହାର ପାସପୋର୍ଟ ଓ ଅନ୍ୟାନ୍ୟ କାଗଜାତ ନିମନ୍ତେ ବର୍ତ୍ତମାନ ତାହାର ନାମକୁ ସାଧାରଣ ଭାରତ ଭାବେ ଲେଖାଯାଉ। Executive Magistrate cum Addl. Tahasildar, ବାରିପଦାଙ୍କ ସମ୍ମୁଖରେ ଏଫିଡେଭିଟ କରାଯାଇଛି। ବର୍ତ୍ତମାନ ଠାରୁ ତାର ନାମ ସାଧାରଣ ଭାରତ ଭାବେ ପରିଚୟ ପାଇବେ।

ସା/- ଗଦାଧର ବେହେରା

## AFFIDAVIT

By virtue of an affidavit No. 6029 sworn before the Executive Magistrate, Champua on dated-01/11/2025, I **Pabani Mahanta**, W/O- Pramod Mahanta resident of Vill- Banguriposi, Po- Padua, Ps- Baria, Dist-Keonjhar, Odisha, Pin-758032, I have changed my minor daughter's name from **Rreetimai Mahanta** To **Preetimayee Mahanta**. Henceforth she shall be known as **Preetimayee Mahanta** for all future purposes.

**Pabani Mahanta**

## ୟୁନିଅନ ବ୍ୟାଙ୍କ ଅଫ୍ ଇଣ୍ଡିଆ Union Bank of India

କ୍ଷେତ୍ରୀୟ କାର୍ଯ୍ୟାଳୟ: ବ୍ରହ୍ମପୁର
ଗାୟତ୍ରୀ ସେଣ୍ଟ୍ରାଲ ପ୍ଲାଜା, ଟାଟା ବେଞ୍ଜ ସ୍କୋୟାର ନିକଟ, ବ୍ରହ୍ମପୁର-୭୬୦୦୦୧, ଓଡ଼ିଶା, ଫୋନ୍: ୦୬୮୦-୨୨୨୫୨୨୨

### ବିକ୍ରୟ ନୋଟିସ୍ (୩୦ ଦିନିଆ ନୋଟିସ୍)

{ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନଫୋର୍ସମେଣ୍ଟ) ରୁଲ୍ସ ୨୦୦୨ ର ରୁଲ ୬(୨)/୮(୬)}

ପ୍ରାପ୍ତେଷୁ, (ନିମ୍ନଲିଖିତ ଆକାଉଣ୍ଟର ସମସ୍ତ ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା/ଗ୍ୟାରେଣ୍ଟିଦାତାମାନଙ୍କ ନିମନ୍ତେ ଏହା ଏକ ବିକ୍ରୟ ନୋଟିସ୍ ଅଟେ)

| ଶାଖା ଏବଂ ଯୋଗାଯୋଗ ନଂ. / ଋଣଗ୍ରହୀତା / କୋ-ଓବ୍ଲିଗାଣ୍ଟ / କୋ-ଆପ୍ଲିକାଣ୍ଟ / ବନ୍ଧକଦାତା / ଗ୍ୟାରେଣ୍ଟିଦାତାମାନଙ୍କ ନାମ ଓ ଠିକଣା | ସମ୍ପତ୍ତିଗୁଡ଼ିକର ବିବରଣୀ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ ତାରିଖ / ୩୦ ଦିନିଆ ନୋଟିସ୍ ତାରିଖ |
|---|---|---|
| ଏସ୍ଏମଇସି ବଡ଼ିପଦର ଶାଖା, ଫୋନ୍: ୯୪୮୬୦୯୮୬୫୩ / ଋଣଗ୍ରହୀତାମାନେ: ୧) ଶ୍ରୀମତୀ ଗାୟତ୍ରୀ ବସନ୍ତିଆ, ସ୍ୱାମୀ: ମନୋରଞ୍ଜନ ପ୍ରଧାନ, ୨) ଶ୍ରୀ ଦୁଷ୍ମନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ୩) ଶ୍ରୀମତୀ ସୋଭାଲୁ ବସନ୍ତିଆ, ସ୍ୱାମୀ: ଦେବରାଜ ବସନ୍ତିଆ, ୪) ଶ୍ରୀ ହେମନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ୫) ଶ୍ରୀ ସୁକାନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, [illegible] ଗଞ୍ଜାମ, ଓଡ଼ିଶା | ୧) ଶ୍ରୀମତୀ ଗାୟତ୍ରୀ ବସନ୍ତିଆ, ସ୍ୱାମୀ: ମନୋରଞ୍ଜନ ପ୍ରଧାନ, ୨) ଶ୍ରୀ ଦୁଷ୍ମନ୍ତ ବସନ୍ତିଆ, ୩) ଶ୍ରୀମତୀ ସୋଭାଲୁ ବସନ୍ତିଆ, ୪) ଶ୍ରୀ ହେମନ୍ତ ବସନ୍ତିଆ, ୫) ଶ୍ରୀ ସୁକାନ୍ତ ବସନ୍ତିଆ [illegible] | ୦୯.୦୮.୨୦୨୩ / ୦୨.୦୫.୨୦୨୪ / ୧୪.୧୧.୨୦୨୫ |
| ପୁରୁଷୋତ୍ତମପୁର ଶାଖା-୨, ଫୋନ୍: ୯୩୨୭୬୦୩୦୩୯ / ଋଣଗ୍ରହୀତା: ମେସର୍ସ ଜଗନ୍ନାଥ ଗ୍ରୋସରୀ ସପ୍, ସ୍ୱତ୍ୱାଧିକାରୀ: ସୁଜେଶ କୁମାର ଦଳାଇ [illegible] | ଶ୍ରୀମତୀ ସୁଶୀଳା ଦଳାଇ [illegible] | ୦୬.୦୬.୨୦୨୨ / ୨୬.୦୮.୨୦୨୨ / ୧୪.୧୧.୨୦୨୫ |
| ଗୋପାଳପୁରସାଗର ଶାଖା, ଫୋନ୍: ୬୮୮୨୮୨୦୩୫୩ / [illegible] | [illegible] | ୨୯.୦୪.୨୦୨୫ / ୩୦.୧୦.୨୦୨୫ / ୧୪.୧୧.୨୦୨୫ |
| ବାଙ୍ଗିରିପୋଶୀ ଶାଖା, ଫୋନ୍: ୯୮୧୯୪୧୦୦୫୬୧ / ୧) ମେସର୍ସ ମା ଲକ୍ଷ୍ମୀ ସବ୍‌ଜୀ ଭଣ୍ଡାର, ସ୍ୱତ୍ୱାଧିକାରୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରାୟ [illegible] | ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରାୟ ଏବଂ ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରାୟଙ୍କ ନାମରେ ଥିବା [illegible] | ୦୨.୦୮.୨୦୧୮ / ୧୮.୦୨.୨୦୧୯ / ୧୪.୧୧.୨୦୨୫ |
| କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ / ଋଣଗ୍ରହୀତା: ଏନ୍. ସାମା ପାତ୍ର [illegible] | ଏନ୍. ସାମା ପାତ୍ରଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ [illegible] | ୩୧.୦୩.୨୦୨୩ / ୩୦.୧୦.୨୦୨୫ / ୧୪.୧୧.୨୦୨୫ |
| ନାୟକଙ୍କସାଗର ଶାଖା, ଫୋନ୍: ୯୮୬୭୨୧୨୨୩୪ / ୧) ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ [illegible] | [illegible] | ୦୧.୧୦.୨୦୧୯ / ୦୩.୦୧.୨୦୨୦ / ୧୪.୧୧.୨୦୨୫ |
| କୁଲ୍ଲାଡ ଶାଖା, ଫୋନ୍: ୭୨୦୫୫୮୯୪୭୧ / ୧) ମେସର୍ସ ପାତ୍ର କୁଲାଲ, ସ୍ୱତ୍ୱାଧିକାରୀ: ପି ଗୌରୀ ଶଙ୍କର ପାତ୍ର [illegible] | ୧) ଏ ପି ଦେବେନ୍ଦ୍ର ପାତ୍ର (ସମ୍ପତ୍ତି ମାଲିକ) [illegible] | ୨୦.୦୭.୨୦୨୪ / ୨୦.୧୨.୨୦୨୪ / ୧୪.୧୧.୨୦୨୫ |
| ବାରାକୁ ଶାଖା, ଫୋନ୍: ୭୮୦୦୦୦୬୮୦୦ / ଋଣଗ୍ରହୀତା/ବନ୍ଧକଦାତା: ଶ୍ରୀମତୀ ଭି କୋଟି, ସ୍ୱାମୀ: ଭି ଜାନ୍ [illegible] | ଆଇନଗତ ମତାମତ ଅନୁଯାୟୀ ଶ୍ରୀମତୀ ଭି କୋଟିଙ୍କ ନାମରେ ଥିବା ଜମି ଆଦି ସମ୍ପତ୍ତିର [illegible] | ୧୪.୦୯.୨୦୨୩ / ୦୮.୧୨.୨୦୨୩ / ୧୪.୧୧.୨୦୨୫ |

ବିଷୟ: ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନଷ୍ଟ୍ରକସନ୍ ଅଫ୍ ଫାଇନାନ୍ସିଆଲ ଆସେଟ୍ସ ଆଣ୍ଡ ଏନଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ଅନୁଯାୟୀ ବ୍ୟାଙ୍କର ବକେୟା ଦେୟ ଆଦାୟ ନିମନ୍ତେ ଉପର ବର୍ଣ୍ଣିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା/ବନ୍ଧକଦାତାମାନଙ୍କ ସମ୍ପତ୍ତି ବିକ୍ରୟ। [illegible]

ସ୍ଥାନ: ବ୍ରହ୍ମପୁର
ତାରିଖ: ୧୫.୧୧.୨୦୨୫

ସା/- କ୍ଷମତାପ୍ରାପ୍ତ ଅଧିକାରୀ
ୟୁନିଅନ ବ୍ୟାଙ୍କ ଅଫ୍ ଇଣ୍ଡିଆ

# ଲୋପାମୁଦ୍ରା ସାହୁ ହତ୍ୟା ଘଟଣା: ୨ ଅଭିଯୁକ୍ତ ଗିରଫ


ଝାରସୁଗୁଡ଼ା, ୧୫।୧୧(ସମିସ)

ଧାର ଉର୍ଦ୍ଧାର ଋଣ ନେଇ ଘର ନିର୍ମାଣ କରିଥିଲେ। ହେଲେ ନେଇଥିବା ଟଙ୍କା ସୁଝି ନପାରି ଅଭିଯୁକ୍ତ ଜଣେ ବୃଦ୍ଧ ମହିଳାଙ୍କ ଘରକୁ ପଶି ସୁନା ଗହଣା

**ଧାର୍ ଟଙ୍କା ପରିଶୋଧ ପାଇଁ ହତ୍ୟା କରି ଲୁଟିଥିଲେ**

**୮୩ ଗ୍ରାମ୍ ସୁନାଗହଣା ସହ ୪୨ ହଜାର ନଗଦ ଟଙ୍କା ଜବତ**

ଟଙ୍କା ଲୁଟ କରିବା ପରେ ୭୬ ବର୍ଷୀୟା ମହିଳାଙ୍କର ତଣ୍ଟି ଚିପି ହତ୍ୟା କରିଦେଲା ଯୁବକ ମହାଦେବ ପାତ୍ର। ଝାରସୁଗୁଡ଼ା ଜିଲ୍ଲା ରେଙ୍ଗାଲି ଥାନା ଅନ୍ତର୍ଗତ ଅତାବିରା ସାହୁପଡ଼ା ଗାଁରେ ଗତ ୧୦ ତାରିଖରେ ବୃଦ୍ଧା ଲୋପାମୁଦ୍ରା ସାହୁଙ୍କୁ ହତ୍ୟା ଓ ଡକାୟତି ଘଟଣାରେ ଦୁଇଜଣ ଅଭିଯୁକ୍ତଙ୍କୁ ପୁଲିସ ପକ୍ଷରୁ ଗିରଫ କରାଯାଇଛି। ଗିରଫ ଅଭିଯୁକ୍ତ ହେଲେ ରେଙ୍ଗାଲିର ମହାଦେବ ପାତ୍ର ଏବଂ ସୁନା କିଣିଥିବା ବେଲପାହାଡ଼ର



ରାଜ ରାୟ ବୋଲି ଶନିବାର ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଝାରସୁଗୁଡ଼ା ଏସପି ଗୁଣ୍ଡାଲା ରେଡ୍ଡୀ ରାଘବେନ୍ଦ୍ର ସୂଚନା ଦେଇଛନ୍ତି। ସୂଚନା ଅନୁଯାୟୀ ଘର ତିଆରି ପାଇଁ ଲୋନ ନେଇଥିଲେ ହତ୍ୟା ଅଭିଯୋଗରେ ଗିରଫ ରେଙ୍ଗାଲି ଗାଁର ମହାଦେବ ପାତ୍ର ଏବଂ ଠିକ ସମୟରେ ସୁଝି ନ ପାରିବାରୁ ଲୋକଙ୍କ ଟାହି ଟାପରା ଶୁଣି ଶୁଣି ମାନସିକ ଓ ଆର୍ଥିକ ଚାପରେ ରହିଥିଲେ। ଶେଷରେ ଆଉ କୌଣସି ଉପାୟ ନ ପାଇ ଅତାବିରା ସାହୁପଡ଼ା ଗାଁରେ ଜଣେ ଏକାକୀ ରହୁଥିବା ବୃଦ୍ଧାଙ୍କ ଘରକୁ ପଶି ମହିଳାଙ୍କ ସୁନା ଗହଣା ଟଙ୍କା ଲୁଟିବାର ଯୋଜନା କରି ୭୬ ବର୍ଷୀୟା ବୃଦ୍ଧା ଲୋପାମୁଦ୍ରା ସାହୁଙ୍କ ଘରକୁ ପଶିଥିଲା। ଡକାୟତି ସମୟରେ ମହିଳା ଜଣକ ଚିତ୍କାର କରିବାରୁ ମହିଳାଙ୍କୁ ତଣ୍ଟି ଚିପି ହତ୍ୟା କରି ଅଭିଯୁକ୍ତ ଫେରାର ହୋଇ ଯାଇଥିଲା। ଲୋପାମୁଦ୍ରା ପିନ୍ଧିଥିବା ସୁନା ଗହଣା ସହ ଘରେ ଥିବା ସୁନା ଅଲଙ୍କାର ଏବଂ ଟଙ୍କା ଲୁଟ କରି ଅଭିଯୁକ୍ତ ମହାଦେବ ପାତ୍ର ଫେରାର ହୋଇ ଯାଇଥିଲା। ଏହା ପରେ ସୁନା ଗହଣାକୁ ବେଲପାହାଡ଼ର ଶୋଭାଜିତ ଜ୍ୱେଲର୍ସରେ ବିକ୍ରି କରିଥିଲା। ପୁଲିସ ଏହି ଘଟଣାର ତଦନ୍ତ କରି ଲୋପାମୁଦ୍ରାଙ୍କୁ ହତ୍ୟା କରିଥିବା ଅଭିଯୁକ୍ତ ମହାଦେବ ପାତ୍ର ଏବଂ ଲୁଟ କିଣିଥିବା ସୁନା ଦୋକାନୀ ରାଜରାୟଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ସେବେ ଋଣ ନେଇ ଗୋଟିଏ ଘର ନିର୍ମାଣ କରିବା ପରେ ଆଉ ଋଣ ଟଙ୍କା ପରିଶୋଧ କରିବାପାଇଁ ମହାଦେବ ପାତ୍ର ବୃଦ୍ଧା, ଲୋପାମୁଦ୍ରାଙ୍କୁ ତଣ୍ଟି ଚିପି ହତ୍ୟା କରିଥିବା ଏସପି ସୂଚନା ଦେଇଛନ୍ତି। ଅଭିଯୁକ୍ତ ମାନଙ୍କ ନିକଟରୁ ୮୩ ଗ୍ରାମ ସୁନା ଗହଣା ସହ ୪୨ ହଜାର ନଗଦ ଟଙ୍କା, ଏକ ବାଇକ ଏବଂ ୩ ଟି ଫୋନ ଜବତ କରାଯାଇଥିବା ବେଳେ ଗିରଫ ଅଭିଯୁକ୍ତ ଦ୍ୱୟଙ୍କୁ ଆଜି ଗିରଫ କରି କୋର୍ଟ ଚାଲାଣ କରାଯାଇଥିବା ସାମ୍ବାଦିକ ସମ୍ମିଳନୀରେ ଝାରସୁଗୁଡ଼ା ଏସ୍‌ପି ଗୁଣ୍ଡାଲା ରେଡ୍ଡୀ ରାଘବେନ୍ଦ୍ର ସୂଚନା ଦେଇଛନ୍ତି।

# ନିଖୋଜ ବୃଦ୍ଧାଙ୍କ ମୃତଦେହ ଉଦ୍ଧାର

**ଦେବଗଡ଼, ୧୫।୧୧(ସମିସ):** କୁଣ୍ଢେଇଗୋଳା ଥାନା ଖଇରପାଲି ଗାଁରୁ ଜଣେ ନିଖୋଜ ବୃଦ୍ଧାଙ୍କ ମୃତଦେହ ଶନିବାର ଏକ ଚାଷ ଜମିରୁ ଉଦ୍ଧାର କରାଯାଇଛି। ଖଇରପାଲି ଗାଁର କୁଞ୍ଜ ସାହୁଙ୍କ ସ୍ତ୍ରୀ ଦୁରା ସାହୁ (୬୦) ଗତ ୭ ତାରିଖ ସକାଳୁ ନିଜ ଘରୁ କେଉଁଆଡେ ଚାଲି ଯାଇଥିଲେ। ପରିବାର ଲୋକେ ବହୁ ଖୋଜା ଖୋଜି ପରେ ମଧ୍ୟ କୌଣସି ସନ୍ଧାନ ନ ପାଇ ନଥିଲେ। ଶେଷରେ ୧୨ ତାରିଖ କୁଣ୍ଢେଇଗୋଳା ଥାନାରେ ଦୁରାଙ୍କ ନିଖୋଜ ସମ୍ପର୍କିତ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ କୁଣ୍ଢେଇଗୋଳା ଥାନା ପୁଲିସ ଏକ ନିଖୋଜ ମାମଲା



ରୁଜୁ କରି ମହିଳାଙ୍କ ସନ୍ଧାନ ଆରମ୍ଭ କରିଥିଲା। ଆଜି ଜୁଆଁଳିଭଙ୍ଗା ନିକଟ ଏକ ବିଲ ମଧ୍ୟରେ ଦୁରାଙ୍କ ମୃତଦେହ ପଡ଼ିଥିବା ନେଇ ଗ୍ରାମବାସୀଙ୍କ ଠାରୁ ସୂଚନା ପାଇ ପରିବାର ଲୋକେ ସେଠାକୁ ଯାଇ ମୃତଦେହ ଚିହ୍ନଟ କରିଥିଲେ। ଏହାସହ କୁଣ୍ଢେଇଗୋଳା ଥାନା ପୁଲିସକୁ ସୂଚନା ଦେଇଥିଲେ। କୁଣ୍ଢେଇଗୋଳା ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ମୃତଦେହ ବ୍ୟବଚ୍ଛେଦ ପାଇଁ ଛେଣ୍ଡିପଦା ଡାକ୍ତରଖାନାକୁ ପଠାଇ ଘଟଣାର ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି।

# କଫ ସିରପ୍ ଜବତ, ୨ ଗିରଫ



**ଝାରସୁଗୁଡ଼ା, ୧୫।୧୧(ସମିସ):** ଝାରସୁଗୁଡ଼ା ଜିଲ୍ଲା ବ୍ରଜରାଜନଗର ପୁଲିସ ବ୍ୟାପକ କଫ ସିରପ୍ ଜବତ କରିବା ସହ ଏହି ମାମଲାରେ ସମ୍ପୃକ୍ତ ୨ ଜଣ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତମାନେ ରାଜପୁରର ପ୍ରକାଶ କନ୍ଦାରା (୨୧) ଏବଂ ଆକାଶ କନ୍ଦାରା (୨୩) ବୋଲି ପୁଲିସ ତରଫରୁ ସୂଚନା ଦିଆଯାଇଛି। ଗତ ୧୪ ତାରିଖରାତିରେ ଦୁଇ ଅଭିଯୁକ୍ତ ରାଜପୁର ପେଟ୍ରୋଲ ପମ୍ପ ନିକଟରେ ବ୍ୟାପକ କଫ ସିରପ୍ ଏବଂ ନିଶା ବଟିକା ବିକ୍ରି କରୁଥିବା ପୁଲିସକୁ ସୂଚନା ମିଳିଥିଲା। ଏହାପରେ ପୁଲିସର ଏକ ଟିମ ଚଢ଼ଉ କରି ଦୁଇ ଅଭିଯୁକ୍ତ ଦ୍ୱୟଙ୍କୁ ଗିରଫ କରିବା ସହ ୧୨୦ ବୋତଲ କୋଡିନ୍ ଫସଫେଟ୍ ଏବଂ ଟ୍ରାଇପ୍ରୋଲିଡିନ୍ ହାଇଡ୍ରୋକ୍ଲୋରାଇଡ୍ ସିରପ୍ (ୱିନସେରେକ୍ସ କଫ ସିରପ୍), ୪୦ଟି ନାଇଟ୍ରାଜେପାମ୍ ଟାବଲେଟ୍ ଆଇପି ୧୦ ମିଗ୍ରା ପ୍ରତ୍ୟେକ (ମୋଟ-୪୦୦ ୟୁନିଟ୍), ୨୦୭୦ ନଗଦ ଟଙ୍କା ଏବଂ ନମ୍ବର ପ୍ଲେଟ୍ ବିହୀନ ଏକ ନୀଳରଙ୍ଗର ବାଇକ୍ ଜବତ କରିଛି।

# ବରପାଲିରେ ବନ ସୁରକ୍ଷା ସମିତି ଗୃହ ଉଦ୍‌ଘାଟିତ

**ଝାରସୁଗୁଡ଼ା, ୧୫।୧୧(ସମିସ):** ଝାରସୁଗୁଡ଼ା ଜିଲ୍ଲା ସଦର ବ୍ଲକ ଚାନ୍ଦିନୀମାଲ ପଞ୍ଚାୟତ ଅଧୀନ ବରପାଲି ଗାଁରେ ବନ ସୁରକ୍ଷା ସମିତି ଗୃହ ଉଦ୍‌ଘାଟିତ ହୋଇଯାଇଛି। ୮ ଲକ୍ଷ ୫୦ ହଜାର ଟଙ୍କା ବ୍ୟୟ ଅଟକଳରେ ନିର୍ମିତ ଏହି ପ୍ରକଳ୍ପକୁ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ମୁଖ୍ୟ ଅତିଥି ଭାବେ ଯୋଗଦାନ କରି ଉଦ୍‌ଘାଟନ କରିଥିଲେ। ଝାରସୁଗୁଡ଼ା ଡିଏଫ୍‌ଓ ମନୁ ଅଶୋକ ଭଟ୍ଟ, ବିଜେପି ଜିଲ୍ଲା ସଭାପତି ରଘୁନନ୍ଦନ ପଣ୍ଡା, ଝାରସୁଗୁଡ଼ା ବ୍ଲକ ଅଧ୍ୟକ୍ଷା ଚିତ୍ରେଣୀ ପଟେଲ, ବିଡିଓ ଅନିଲ ଆଚାର୍ଯ୍ୟ, ବ୍ରଜରାଜନଗର ରେଞ୍ଜର କ୍ରୀଷ୍ଣା ଜାମୁଡୁଲିଆ, ବେଲପାହାଡ ରେଞ୍ଜର ପ୍ରଦୀପ ନାଏକ, ବ୍ରଜରାଜନଗର ନଗରପାଳ ଗୋପାଳ ସିତାନି, ଫରେଷ୍ଟର ଗୌରାଙ୍ଗ ସାହୁ, ଫରେଷ୍ଟର ଉପେନ୍ଦ୍ର ବେସନ, ଫରେଷ୍ଟ ଗାର୍ଡ କିଶୋର ଷଣ୍ଢ ପ୍ରମୁଖ ଉପସ୍ଥିତ ଥିଲେ। ସଭାରେ ହେମନ୍ତ ବଗାର ଅଧ୍ୟକ୍ଷତା କରିଥିଲେ। ସ୍ୱାଗତ ଭାଷଣ ଠାକୁର ପ୍ରଧାନ ଏବଂ ହେମନ୍ତ ଧୁରୁଆ ତଥା ମଞ୍ଚ ପରିଚାଳନା ମଧ୍ୟ ହେମନ୍ତ ଧୁରୁଆ କରିଥିଲେ। ଶେଷରେ ଠାକୁର ପ୍ରଧାନ ଧନ୍ୟବାଦ୍ ଅର୍ପଣ କରିଥିଲେ।

# ସୁକନ୍ୟା ସମୃଦ୍ଧି ଯୋଜନା ସ୍ୱତନ୍ତ୍ର ସଭା

**ଝାରସୁଗୁଡା, ୧୫।୧୧(ସମିସ):** ସଞ୍ଚୟ ପକ୍ଷ ଓ ଶିଶୁ ଦିବସ ଅବସରରେ ଜିଲ୍ଲା ପ୍ରଶାସନର ସଞ୍ଚୟ ଓ ଆର୍ଥିକ ସେବା ବିଭାଗ ଆନୁକୂଲ୍ୟରେ ଶିଶୁ ବିକାଶ ବିଦ୍ୟାମନ୍ଦିର, ପଞ୍ଚପଡ଼ା ଠାରେ ସୁକନ୍ୟା ସମୃଦ୍ଧି ଯୋଜନା ଉପରେ ଏକ ସ୍ୱତନ୍ତ୍ର ସଭା ଅନୁଷ୍ଠିତ ହୋଇଯାଇଛି। ବରିଷ୍ଠ ଆଚାର୍ଯ୍ୟା ମନ୍ଦାକିନୀ ମାକର କାର୍ଯ୍ୟକ୍ରମ ଉପରେ ସଂକ୍ଷିପ୍ତ ସୂଚନା ଦେଇଥିଲେ। ସମ୍ପାଦକ ଦିଗମ୍ବର ମାଝୀ ଅତିଥି ପରିଚୟ ପ୍ରଦାନ କରିଥିଲେ। ଜିଲ୍ଲା ଆର୍ଥିକ ସେବା ଓ ସଞ୍ଚୟ ଅଧିକାରୀ ସୁମନା ପଣ୍ଡା ସୁକନ୍ୟା ସମୃଦ୍ଧି ଯୋଜନା ସମ୍ପର୍କରେ ଅବଗତ କରାଇଥିଲେ। ବିଭିନ୍ନ ପ୍ରତିଯୋଗିତାରେ କୃତକାର୍ଯ୍ୟ ହୋଇଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ସମ୍ମାନିତ ଅତିଥି ଭାବେ ସମାଜସେବୀ ମିନର୍ଭା ଦାସ ଯୋଗଦେଇ ବେଟି ବଚାଓ ବେଟି ପଢ଼ାଓ ଉପରେ କହିଥିଲେ। ପ୍ରଧାନ ଆଚାର୍ଯ୍ୟା ମମତା ସିଂହ ଧନ୍ୟବାଦ ଦେଇଥିଲେ। କୋଷାଧ୍ୟକ୍ଷା ପ୍ରିୟଙ୍କା ସାହୁ, ସଞ୍ଚୟ ଓ ଆର୍ଥିକ ସେବା ବିଭାଗର କର୍ମଚାରୀ ହେମକାନ୍ତ ବାଗ ଓ ଜଗନ୍ନାଥ ରାଉତ ସହଯୋଗ କରିଥିଲେ।

# ବନ୍ଧବାହାଲ ଶିଶୁ ମନ୍ଦିରର ବାର୍ଷିକ ଉତ୍ସବ

**ଇବଥର୍ମାଲ/ଝାରସୁଗୁଡ଼ା, ୧୫।୧୧(ସମିସ):** ଝାରସୁଗୁଡ଼ା ଜିଲ୍ଲା ବନ୍ଧବାହାଲ ସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ୨୪ତମ ବାର୍ଷିକ ଉତ୍ସବ ସମାରୋହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ସିଜି ଏମ୍‌ଏମ୍‌ସିଏଲ୍ ଲଖନପୁର ଏରିଆ ଅୱଧ କିଶୋର ପାଣ୍ଡେ ଏହାର ଶୁଭ ଉଦ୍‌ଘାଟନ ହୋଇଥିଲା। ସଞ୍ଜୟ ପ୍ରଧାନ ସଭାପତିତ୍ୱ କରିଥିଲେ। ମୁଖ୍ୟ ବକ୍ତା ଭାବେ ଅବସରପ୍ରାପ୍ତ ଅଧ୍ୟାପକ ତଥା ବିଭାଗୀୟ ମୁଖ୍ୟ, ଶିକ୍ଷା ବିଭାଗ, ମହାବିଦ୍ୟାଳୟ ପଦ୍ମପୁର, ଓ ଶିକ୍ଷା ବିକାଶ ସମିତି ଓଡ଼ିଶାର ଉପସଭାପତି ଡ.ପ୍ରଦୀପ ସାହୁ ମଞ୍ଚାସୀନ ଥିଲେ। ସମ୍ମାନିତ ଅତିଥି ଭାବେ ମହାନଦୀ କୋଲଫିଲ୍ଡସ୍ ଲିଃ ଲକ୍ଷ୍ମଣ ସିଂ ଡାଙ୍ଗୀ ପ୍ରମୁଖ ଉପସ୍ଥିତ ଥିଲେ। ଅନ୍ୟାନ୍ୟ ଅତିଥିଙ୍କ ମଧ୍ୟରେ ପଶ୍ଚିମ ସମ୍ଭାଗ ସମ୍ବଲପୁରର ଲୋକନାଥ ମିଶ୍ର, ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘର କର୍ମକର୍ତ୍ତା ଅଜୟ ବିଶ୍ୱାଳ, ସଙ୍କୁଳ ପ୍ରମୁଖ ଯୋଗେଶ ପ୍ରଧାନ ଉପସ୍ଥିତ ଥିଲେ। ସେହିପରି ବିଦ୍ୟାଳୟର କୋଷାଧ୍ୟକ୍ଷ ଯଶୋବନ୍ତ ପାଲ, ଯୁଗ୍ମ ସମ୍ପାଦକ ଆଦିତ୍ୟ ସିଂଦେଓ, ଉପ ସଭାପତି ମଧୁସୂଦନ ମେହେର, ସଦସ୍ୟା ପୁଷ୍ପାଞ୍ଜଳି ବାରିକ, ମଞ୍ଜୁଲତା ଭୂମିଜ୍, ଶରତ ପ୍ରଧାନ ପ୍ରମୁଖ ଯୋଗ ଦେଇଥିଲେ। ବିଦ୍ୟାଳୟ ସମ୍ପାଦକ ଅଭିନରାଉତ ସ୍ୱାଗତ ଭାଷଣ ସହ ଅତିଥି ପରିଚୟ ପ୍ରଦାନ କରିଥିଲେ। ପ୍ରଧାନଆଚାର୍ଯ୍ୟ ଅରୁଣ ସାହୁ ବାର୍ଷିକ ବିବରଣୀ ପାଠ କରିଥିଲେ। ଗୁରୁମାରୋଜାଲି ହୋତା ମଞ୍ଚ ପରିଚାଳନା କରିଥିଲେ। ଶିକ୍ଷା ବର୍ଷ ୨୦୨୪-୨୫ରେ ପ୍ରଥମରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଶ୍ରେଣୀ ଟପ୍ପର ଯଥାକ୍ରମେ ଶିଶୁ ଭାଇଭଉଣୀ ମାନେ ହେଲେ ସୁନିଆରାଣୀ ନାହକ, ସୈଲେନ୍ଦ୍ରୀ ସାହୁ, ଦିବ୍ୟାଂଶୀ ସାମନ୍ତରାୟ, ଅଭିଲିପ୍ସା ସାହୁ, ଜନ୍ମାଜୟ ଭୁଏ, ଅମିତ ରାଉତ, ସ୍ୱାଗତିକା ଶୁଭ ଦର୍ଶନୀ ଦାସ, ଆୟୁଷ୍ମାନ ସାହୁ, ସିକୁନ ସାହୁ, ଐଶ୍ୱର୍ଯ୍ୟ ପ୍ରଧାନ। ସରକାରୀ ବୃତ୍ତି, ଆଚାର୍ଯ୍ୟ ନିବନ୍ଧ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର ଓ ଶ୍ରେଷ୍ଠ କ୍ରୀଡାବିତ ଭାବେ ଡିଲେଶ୍ୱର ମାଝୀ ପ୍ରମୁଖଙ୍କୁ ଅତିଥି ଗଣଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ରାତ୍ର ୮ରେ ରଙ୍ଗମଞ୍ଚ କାର୍ଯ୍ୟକ୍ରମ ଶିବ କାଳୀ ତାଣ୍ଡବକୁ ନେଇ ସ୍ୱାଗତ ନୃତ୍ୟ ପ୍ରଦର୍ଶନ କରାଯାଇଥିଲା। ଶେଷ ନୃତ୍ୟରେ ଅପରେସନ ସିନ୍ଦୂରକୁ ଏକ ସୁନ୍ଦର ନୃତ୍ୟ ସହ ସାଂସ୍କୃତିକ କାର୍ଯ୍ୟକ୍ରମ ଶେଷ କରିଥିଲେ। ଶେଷରେ ସ୍ଥାନୀୟ କୋଷାଧ୍ୟକ୍ଷ ମହୋଦୟ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମ ପ୍ରମୁଖ ଝସକେତନ ସାହୁ ଗୁରୁଜୀଙ୍କ ସମେତ ରାକେଶ ପଣ୍ଡା, ପାଣ୍ଡବ ସା, ଜିତେନ୍ଦ୍ର ପଧାନ, କିର୍ତ୍ତୀ ପାତ୍ର, ମନ୍ଦାକିନୀ ମହାନ୍ତ, ସବିତାରାଣୀ ପାତ୍ର, ନମିତା ପଧାନ, ଶୁଭସ୍ମିତା ବଲିଆରସିଂ, ସୁମିତା ପାଢ଼ି, ସୁବାଷିନୀ ବାରିକ, ମନୋଜ ତ୍ରିପାଠୀ, ରୁକ୍ମିଣୀ ପ୍ରଧାନ, ପଙ୍କଜୀନି ସା, ଆଲୋକ ମୟି ଦାସ, ସିମାଞ୍ଚଳ ଜେନା, ସତ୍ୟଭାମା ପଧାନ, ନିକିତା ନାଏକ, ରୂପମା ଗୁପ୍ତା ସମସ୍ତ ଗୁରୁଜୀ ଗୁରୁମା ସେବକ ସେବିକାଙ୍କ ଅକ୍ଲାନ୍ତ ପରିଶ୍ରମରେ ଉତ୍ସବ ସଫଳ ହୋଇଥିଲା।

# ଧରତି ଆବା ବିର୍ସା ମୁଣ୍ଡାଙ୍କ ଜୟନ୍ତୀ

**କୋଲାବିରା, ୧୫।୧୧(ସମିସ):** ସମନ୍ୱିତ ଆଦିବାସୀ ସମାଜ କମିଟି ସୋଢ଼ାମାଲ ପକ୍ଷରୁ କୋଲାବିରା ଠାରେ ଧରତି ଆବା ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ ତମ ଜୟନ୍ତୀ ପାଳିତ ହୋଇଯାଇଛି। ପୂର୍ବାହ୍ନରେ କୋଲାବିରା ହସପିଟାଲ ଛକ ଠାରୁ ଶୋଭାଯାତ୍ରା ବାହାରି କରୁଣାକର ପାର୍କ ପର୍ଯ୍ୟନ୍ତ ଆସିଥିଲା। ସେଠାରେ ସଭାର ଆୟୋଜନ କରାଯାଇଥିଲା। ଏଥିରେ ସମନ୍ୱିତ ଆଦିବାସୀ ସମାଜ, ରମାଦେବୀ ଏସସି ମହିଳା କମିଟି ସମାସିଂହା, ଏସସି ଏସଟି ମିଳିତ କମିଟି କୋଲାବିରାର କର୍ମକର୍ତ୍ତା ସମେତ ଅଞ୍ଚଳର ବହୁ ସଂଖ୍ୟକ ଅଧିବାସୀ ଯୋଗ ଦେଇଥିଲେ। ଆଦିବାସୀ ସମାଜର ପ୍ରେମସାଗର ଧୁରୁଆ, ପଦ୍ମିନୀ ମୁଣ୍ଡାନିଳେନ୍ଦ୍ର କାଲୋ, ସୂର୍ଯ୍ୟକାନ୍ତି ଚାନ୍ଦ, ଦିପିକା ସିଂ, ତପନ କାଲୋ, ରୁଦ୍ରପ୍ରତାପ ସିଂହ, ଟିକେଶ୍ୱର ନାଏକ ପ୍ରମୁଖ ଯୋଗ ଦେଇଥିଲେ। ବିର୍ସାମୁଣ୍ଡା ଥିଲେ ଆଦିବାସୀମାନଙ୍କ ସ୍ୱାଭିମାନ ଓ ଆତ୍ମ ପରିଚୟର ସୁରକ୍ଷା ପାଇଁ ସଂଘର୍ଷର ମୂର୍ତ୍ତିବନ୍ତ ପ୍ରତିକ, ସେଥିପାଇଁ ସେ ଭଗବାନ ଓ ଧରତି ଆବା ଭାବେ ଆଦିବାସୀ ସମାଜରେ ଚିର ପୂଜ୍ୟ ଓ ନମସ୍ୟ ବୋଲି ମତ ପ୍ରକାଶ ପାଇଥିଲା। ଭଗବାନ ବିର୍ସା ମୁଣ୍ଡା ଇହଧାମରେ ମାତ୍ର ୨୫ ବର୍ଷ ଅତିବାହିତ କରିଥିବା ବେଳେ ଭାରତ ଇତିହାସର ସବୁଠାରୁ ଶକ୍ତିଶାଳୀ ଆଦିବାସୀ ମେଳି ଓ ଜନ ଆନ୍ଦୋଳନର ମହାନାୟକ ବିର୍ସା ମୁଣ୍ଡା ବୋଲି ଅଭିହିତ କରିବା ସହିତ ମହାନ ବିପ୍ଳବୀ ବିର୍ସା ମୁଣ୍ଡାରାଞ୍ଚି ଜେଲରେ ଏକ କୋଠରିରେ ୧୯୦୦ ମସିହା ଜୁନ ୯ ତାରିଖରେ ଶେଷ ନିଶ୍ୱାସ ତ୍ୟାଗ କରିଥିଲେ। କେବଳ ଜଙ୍ଗଲ ଓ ଜମି ଅଧିକାର ହାସଲରେ ସୀମିତ ଲକ୍ଷ୍ୟର ପୂଜାରୀ ନଥିଲେ ବିର୍ସା ମୁଣ୍ଡା। ତାଙ୍କର ନାରା ଥିଲା ବ୍ରିଟିଶ ରାଜ ଶେଷ କରି ନିଜ ଶାସନ ଲାଗୁ କରିବା। କେବଳ ଆଧୁନିକ ଝାଡଖଣ୍ଡ ଓଡ଼ିଶାର ଆଦିବାସୀ ସ୍ୱାର୍ଥ ନରହେଁ ବରଂ ସାରା ଦେଶର ସ୍ୱାଧିନତା ପାଇଁ ବିର୍ସାଙ୍କ ଯୋଗଦାନ ଚିର ସ୍ମରଣୀୟ ହୋଇ ରହିବ ବୋଲି




ଅତିଥି ଭାବେ ଯୋଗଦେଇ କୋଲାବିରା ଜମିଦାର ବୀର ଅମରେନ୍ଦ୍ର ପ୍ରତାପ ସିଂହ କହିଥିଲେ। ସଭା ପରେ ଶୋଭାଯାତ୍ରାରେ ବାହାରି କରିଣାକର ପାର୍କ ଠାରେ ଥିବା ସହିଦ କରୁଣାକର ସିଂହଙ୍କ ପୂର୍ଣ୍ଣାବୟବ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାହୋଇଥିଲା। ଏହାପରେ ପଞ୍ଚାୟତ କାର୍ଯ୍ୟାଳୟକୁ ପହଞ୍ଚି ରାଷ୍ଟ୍ରପତି ଏବଂ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ ଜରିଆରେ ପେସା ଆଇନ ଲାଗୁ କରିବା, କୋଲାବିରାକୁ ଆଦିବାସୀ ବ୍ଲକର ମାନ୍ୟତା, ଉଚ୍ଛେଦ କରାଯାଇଥିବା ଲଇକେରା ବିଧାନ ସଭା ମଣ୍ଡଳୀକୁ ମାନ୍ୟତା ସହ ଆଦିବାସୀଙ୍କ ବିଭିନ୍ନ ସମସ୍ୟାକୁ ନେଇ ଏକ ଦାବିପତ୍ର ପ୍ରଦାନ କରିଥିଲେ। ଶୋଭାଯାତ୍ରା ପାରମ୍ପରିକ ଆଦିବାସୀ ନୃତ୍ୟ ଗୀତ ସାଙ୍ଗକୁ ପାରମ୍ପରି ଅସ୍ତ୍ର ଧନୁତୀର, ବାର୍ଚ୍ଛା, ଭାଲା ନେଇ ଶୋଭାଯାତ୍ରାରେ ସାମିଲ ହୋଇଥିଲେ ଅଞ୍ଚଳର ଆଦିବାସୀ।

**ଦେବଗଡ଼:** ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ ତମ ଜୟନ୍ତୀ ଉପଲକ୍ଷେ ନଭେମ୍ବର ପହିଲାରୁ ୧୫ ପର୍ଯ୍ୟନ୍ତ ଜନଜାତୀୟ ପଖୱାଡା ପାଳିତ ହୋଇଛି। ୧୫ ତାରିଖ ଭଗବାନ ବିର୍ସା ମୁଣ୍ଡାଙ୍କ ଜନ୍ମ ଦିବସକୁ ଜନ ଜାତୀୟ ଗୌରବ ଦିବସ ଭାବେ ପାଳିତ ହୋଇଯାଇଛି। ଜିଲ୍ଲା ମଙ୍ଗଳ ବିଭାଗ







ଓ ତିଳେଇବଣି ସମ୍ବନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ଆନୁକୂଲ୍ୟରେ ବିଜୁ ପଟ୍ଟନାୟକ ଅଡିଟୋରିୟମ ଠାରେ ଏହି ଦିବସ ପାଳିତ ହୋଇଥିଲା। ଅତିରିକ୍ତ ଜିଲ୍ଲାପାଳ ରେବେକା ବିଲୁଙ୍ଗ ଏଥିରେ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ଦେବଗଡ଼ ବିଧାୟକ ରୋମାଞ୍ଚ ରଞ୍ଜନ ବିଶ୍ୱାଳ, ସମ୍ମାନିତ ଅତିଥି ଭାବେ ଆରକ୍ଷୀ ଅଧୀକ୍ଷକ ଅନିଲ ମିଶ୍ର, ସାଂସଦଙ୍କ ପ୍ରତିନିଧି ଯୋଗେଶ ପ୍ରଧାନ, ଦେବଗଡ଼ ପୌର ପରିଷଦ ଭାରପ୍ରାପ୍ତ ଅଧ୍ୟକ୍ଷ ପ୍ରଜିତ ଭୋଜ, ଜିଲ୍ଲାପରିଷଦ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ରାଜେନ୍ଦ୍ର ମିଞ୍ଜ, ତିଳେଇବଣି ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପ୍ରଶାଶିକା ସନ୍ଧ୍ୟା ମାଝୀ ଓ ଜିଲ୍ଲା ମଙ୍ଗଳ ଅଧିକାରୀ ଶିଶିର ପୁହାଣ ପ୍ରମୁଖ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଏକଲବ୍ୟ ଆଦର୍ଶ ବିଦ୍ୟାଳୟ ଛାତ୍ରୀଙ୍କ ଦ୍ୱାରା ବନ୍ଦେ ଉତ୍କଳ ଜନନୀ ସଙ୍ଗୀତ ଗାନ କରାଯାଇଥିଲା। ଏହି ଅବସରରେ ମଞ୍ଚାସୀନ ଅତିଥି ବୃନ୍ଦ ଦେଶ ସ୍ୱାଧୀନତା ସଂଗ୍ରାମରେ ଶହୀଦ ବିର୍ସା ମୁଣ୍ଡାଙ୍କ ବଳିଦାନ ଓ ବ୍ରିଟିଶ ସରକାରଙ୍କ ବିରୁଦ୍ଧରେ ଆଦିବାସୀ ଯୁବ ଗୋଷ୍ଠୀଙ୍କୁ ସଂଗଠିତ କରି ଆଦିବାସୀଙ୍କ ଜଳ, ଜମି ଓ ଜଙ୍ଗଲ ଅଧିକାର ପାଇଁ ଆରମ୍ଭ କରିଥିବା ସଂଗ୍ରାମର ଇତିହାସକୁ ସ୍ମୃତି ଚାରଣ କରିଥିଲେ। ପରେ ଜିଲ୍ଲା ପ୍ରଶାସନ ପକ୍ଷରୁ ପୂର୍ବରୁ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥିଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା।

**ଝାରସୁଗୁଡ଼ା:** କୋଇଲା ଇଣ୍ଡିଆ ଅନୁସୂଚିତ ଜାତି/ଅନୁସୂଚିତ ଜନଜାତି କର୍ମଚାରୀ ସଂଘ, ସମଲେଶ୍ୱରୀ ୟୁନିଟ, ଇବ ଭ୍ୟାଲି ଏରିୟା, ଏମ୍‌ସିଏଲ୍ ଦ୍ୱାରା ହିଲଟପ୍ କଲୋନୀ ସ୍ଥିତ ସୁରଭି କ୍ଲବ୍‌ରେ ସହିଦ ବିର୍ସା ମୁଣ୍ଡାଙ୍କ ୧୫୦ ତମ ଜୟନ୍ତୀ ସମାରୋହ ପାଳନ କରାଯାଇଛି। ମୁଖ୍ୟ ଅତିଥି ଭାବେ ସମଲେଶ୍ୱରୀ ଓ ସିପିର ପ୍ରକଳ୍ପ ଅଧିକାରୀ କହ୍ନେୟା ମିଶ୍ର, ମୁଖ୍ୟ ବକ୍ତା ଭାବେ ଫିର୍ନାଥ ଲାକ୍ରା, ସମ୍ମାନିତ ଅତିଥି ଭାବେ କେନ୍ଦ୍ରୀୟ ଚିକିତ୍ସାଳୟର ମୁଖ୍ୟ ଡାକ୍ତର ମଦନ ଦାସ, ଇବ ଭ୍ୟାଲି ଏରିୟାର କ୍ଷେତ୍ରୀୟ କାର୍ମିକ ପ୍ରବନ୍ଧକ ପ୍ରକାଶ ସୋନୀ, ସମଲେଶ୍ୱରୀ ୟୁନିଟ୍‌ର କାର୍ମିକ ପ୍ରବନ୍ଧକ ଭଗବତ ପ୍ରସାଦ ଜାଙ୍ଗଡ଼େ, ସିଷ୍ଟା ଇବ୍ କୋଲଫିଲଡ୍ସର ସଭାପତି ଅକାଲୁରାମ ଓ ସିଷ୍ଟା ଇବ ଭ୍ୟାଲି ଏରିୟାର ପୂର୍ବତନ କୋଷାଧ୍ୟକ୍ଷ ଚନ୍ଦ୍ର କିଶୋର ଗୋଣ୍ଡ ଯୋଗଦେଇ ଥିଲେ। ଆୟୋଜିତ ସଭାରେ ମଞ୍ଚ ପରିଚାଳନା ଅଶିମା ମାଝୀ ଓ କିର୍ତ୍ତି ଭଗତ କରିଥିବା ବେଳେ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ଈଶ୍ୱର ଆନନ୍ଦ ସତନାମି କରିଥିଲେ। ସିଷ୍ଟା ସମଲେଶ୍ୱରୀ ଓସିପିର ୟୁନିଟ ସେକ୍ରେଟାରୀ ଭିମସେନ୍ ନାଏକ୍ ବାର୍ଷିକ ରିପୋର୍ଟ ପ୍ରଦାନ କରିଥିଲେ। ଆୟୋଜିତ ସଭାରେ ଅତିଥିମାନେ ସହିଦ ବିର୍ସା ମୁଣ୍ଡାଙ୍କ ଜୀବନୀ ଉପରେ ଆଲୋକପାତ କରିଥିଲେ। ବିଭିନ୍ନ ସ୍କୁଲର ଛାତ୍ରଛାତ୍ରୀମାନେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ଶେଷରେ ରବ ରୋହିଦାସ ଧନ୍ୟବାଦ୍ ଦେଇଥିଲେ। କାର୍ଯ୍ୟକ୍ରମରେ ଅର୍ଜୁନ, ରାମ୍ ନୱଳ, ସଞ୍ଜୀତ୍ ରୋହିଦାସ, ମହେନ୍ଦ୍ର ସେଠ୍, ଭଗବାନ ଭୋଇ, ଧୀରେନ ଟପ୍ପୋ, ସାଗର ହରିଜନ, ଗୁର୍ଲା, ନନ୍ଦ କିଶୋର ରାମ୍, ଅରିନ୍ଦମ ମଲିକ, ସୋନୁ ସହିସ୍ ପ୍ରମୁଖ ସହଯୋଗ କରିଥିଲେ।

# ରାଜ୍ୟ ସ୍ତରୀୟ ସୁରଭିରେ ଦେବଗଡ଼ ଜିଲ୍ଲାର ସଫଳତା



**ଦେବଗଡ଼, ୧୫।୧୧(ସମିସ):** ରାଜ୍ୟସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଭୁବନେଶ୍ୱର ଠାରେ ଦେବଗଡ଼ ଜିଲ୍ଲାରୁ ପ୍ରତିନିଧିତ୍ୱ କରିଥିବା ଛାତ୍ରଛାତ୍ରୀଙ୍କ ମଧ୍ୟରୁ ତିନୋଟି ଛାତ୍ରୀକୁ ସଫଳତା ମିଳିଛି। କନିଷ୍ଠ ବିଭାଗ ଦେଶାତ୍ମବୋଧକ ସଙ୍ଗୀତ ପ୍ରତିଯୋଗିତାରେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ତିଳେଇବଣି ଛାତ୍ରୀ ଶ୍ରେୟଂଶୀ ଆଚାର୍ଯ୍ୟ ଦ୍ୱିତୀୟ, ବରିଷ୍ଠ ବିଭାଗ ଚିତ୍ରାଙ୍କନ ପ୍ରତିଯୋଗିତା ଦିବ୍ୟାଙ୍ଗ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଛାତ୍ରୀ ଖୁସି ଦାସ ଦ୍ୱିତୀୟ ଓ କନିଷ୍ଠ ବିଭାଗ କୁଇଜ ପ୍ରତିଯୋଗିତାରେ ପିଏମଶ୍ରୀ ସରକାରୀ ଅପୂର୍ବ ଉଚ୍ଚ ବିଦ୍ୟାଳୟ ଛାତ୍ରୀ ଦେବାସିନୀ ପାତ୍ର ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ଓଡ଼ିଶା ବିଦ୍ୟାଳୟ ଗଣଶିକ୍ଷା ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗୋଣ୍ଡ, ଭୁବନେଶ୍ୱର ମେୟର ସୁଲୋଚନା ଦାସ ଗଣ ଶିକ୍ଷା ବିଭାଗୀୟ ସଚିବ ଟି. ତିରୁମାଲା ନାୟକ, ଓସେପା ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶିକା ଅନନ୍ୟା ଦାସ ଠାରୁ ପୁରସ୍କାର ଗ୍ରହଣ କରି ଜିଲ୍ଲା ପାଇଁ ଗୌରବ ଆଣିଛନ୍ତି। ସୁଗୁଡା ସିଆରସିସି ପ୍ରାଣବନ୍ଧୁ ଘଡେଇ, ଗୁରସଙ୍ଗ ସିଆରସିସି କୁମୁଦବନ୍ଧୁ ପ୍ରଧାନ, ମଳେହିପଡ଼ା ସିଆରସିସି ସଞ୍ଜୟ ସିଣ୍ଟଙ୍କ ତତ୍ତ୍ୱାବଧାନରେ ଜିଲ୍ଲା ସ୍ତରରୁ ବିଭିନ୍ନ ବିଭାଗରେ ୪୧ ଜଣ ଛାତ୍ରଛାତ୍ରୀ ଓ ୧୧ ଜଣ ଗାଇଡ ଶିକ୍ଷକ ଶିକ୍ଷୟିତ୍ରୀ ରାଜ୍ୟ ସ୍ତରୀୟ ଶିଶୁ ମହୋତ୍ସବ ସୁରଭିରେ ଭାଗ ନେବା ନିମନ୍ତେ ସମଗ୍ର ଶିକ୍ଷା ଦେବଗଡ଼ ପକ୍ଷରୁ ଚୟନ କରାଯାଇଥିଲା। କୃତୀ ଛାତ୍ରୀ ମାନଙ୍କୁ ଜିଲ୍ଲା ଶିକ୍ଷା ଅଧିକାରୀ ଗେନ୍ଦେରା କୁଜୁର, ବାଳିକା ଶିକ୍ଷା ସଂଯୋଜିକା ସୀମାରାଣୀ ପାଣିଗ୍ରାହୀ ଶୁଭେଚ୍ଛା ଜ୍ଞାପନ କରିଅଛନ୍ତି।

## ବରପାଲି ଫୁଟବଲ୍ ପ୍ରତିଯୋଗିତା

# ବେଜିବନ୍ଧ ଦଳକୁ ହରାଇ ଆଦିବାସୀ କ୍ଲବ୍ ଚାମ୍ପିଅନ

ଝାରସୁଗୁଡ଼ା, ୧୫।୧୧(ସମିସ)

ଝାରସୁଗୁଡ଼ା ଜିଲ୍ଲା ଚାନ୍ଦନିମାଲ ପଞ୍ଚାୟତ ଅଧୀନ ବରପାଲି ଗାଁରେ ଗୋକୁଳାଷ୍ଟମୀ ଯାତ୍ରା ଉପଲକ୍ଷେ ଦ୍ୱିଦିବସିୟ ଫୁଟବଲ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଫାଇନାଲ ଖେଳ ଆଦିବାସୀ କ୍ଲବ୍ ଓ ବେଜିବନ୍ଧ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଆଦିବାସୀ କ୍ଲବ୍ ଦଳ ଟ୍ରାଇବ୍ରେକର ଜରିଆରେ ୪-୨ ଗୋଲରେ ବିଜୟୀ ହୋଇ ଚଳିତ ବର୍ଷର ଚାମ୍ପିଅନ ହୋଇଛି। ପୁରସ୍କାର ବିତରଣୀ ଉତ୍ସବ ତଥା ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ଜଗନ୍ନାଥ ଯୁବକ ସଂଘର ସଭାପତି ହେମନ୍ତ ବଗାର ସଭାପତିତ୍ୱ କରିଥିଲେ। ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଝାରସୁଗୁଡ଼ା ବନାଞ୍ଚଳ ଡିଏଫ୍‌ଓ ମନୁ ଅଶୋକ ଭଟ୍ଟ, ଝାରସୁଗୁଡ଼ା ବ୍ଲକ ବିଡିଓ ଅନିଲ ଆଚାର୍ଯ୍ୟ, ବିଜେପି ଜିଲ୍ଲା ସଭାପତି ରଘୁନନ୍ଦନ ପଣ୍ଡା, ବ୍ରଜରାଜନଗର ରେଞ୍ଜର କ୍ରୀଷ୍ଣା



ଜାମୁଡୁଲିଆ, ବେଲପାହାଡ ରେଞ୍ଜର ପ୍ରଦୀପ ନାଏକ, ବ୍ରଜରାଜନଗର ନଗରପାଳ ଗୋପାଳ ସିତାନି, ଚାନ୍ଦିନୀମାଲ ସରପଞ୍ଚ ଲକ୍ଷ୍ମୀଧର ମିଶ୍ର, ରାଜପୁର ସରପଞ୍ଚ ସରସ୍ୱତି ନାଏକ, ଚାନ୍ଦିନୀମାଲ ସମିତି ସଭ୍ୟ ଯତୀନ ଦେଓ, ଗୌରମାଲ ସରପଞ୍ଚ ରାଜ ସାଏ, ପୂର୍ବତନ ରାଜପୁର ସମିତି ସଭ୍ୟ ଗଣେଶ ବାଗ, ପୂର୍ବତନ ସାନଘୁମୁଡା ସରପଞ୍ଚ ବୁଦ୍ଧଦେବ ଭୋଇ, ରମେଶ ଗନେରିୱାଲ, ତପନ ବଡ଼ାଇ ପ୍ରମୁଖ ଅତିଥି ମାନେ ଉପସ୍ଥିତ ଥିଲେ। ବିଜେତା ଆଦିବାସୀ କ୍ଲବ୍ ଦଳକୁ ଟ୍ରଫି ସହିତ ୩୧ ହଜାର ଟଙ୍କା ଓ ଉପବିଜେତା ବେଜିବନ୍ଧ ଦଳକୁ ଟ୍ରଫି ସହିତ ୨୧ ହଜାର ଟଙ୍କା ପ୍ରଦାନ କରିଥିଲେ। ପ୍ରତିଯୋଗିତାରେ ଭଲ ପ୍ରଦର୍ଶନ ପାଇଁ ବେଜିବନ୍ଧ ଦଳର ସଞ୍ଜୟଙ୍କୁ ଶ୍ରେଷ୍ଠ ଖେଳାଳି, ସୁମନ ମ୍ୟାନ ଅଫ ଦି ମ୍ୟାଚ୍, ଶ୍ରେଷ୍ଠ ଗୋଲକିପର ବେଜିବନ୍ଧ ଦଳର ବିଶ୍ୱନାଥ, ଶ୍ରେଷ୍ଠ ଡିଫେନ୍ସ ଭାବେ ଶୁରେନ୍, ପ୍ରତିଯୋଗିତାର ଅନୁଶାସନ ଦଳ ଭାବେ ଆଦିବାସୀ କ୍ଲବ୍ ଦଳକୁ ପୁରସ୍କୃତ କରାଯାଇଥିଲା। ହେମନ୍ତ ଧୁରୁଆ ମଞ୍ଚ ପରିଚାଳନା କରିଥିଲେ। ଅରୁଣ ମିର୍ଦ୍ଧା, ପଦ୍ମ ଭଇଁଷା, ଖେମାଶିଲ କିଷାନ୍, ମିଥୁନ ବାଦ୍ରା, ଅରୁଣ ପ୍ରଧାନ, ମେଘନାଥ ଓରାମ ଓ ଯଦୁମଣି ନାଏକ ଖେଳ ପରିଚାଳନା କରିଥିଲେ। ରେଫରି, ଆୟୋଜକ ଓ ଭୋଲେଣ୍ଟିୟର ମାନଙ୍କୁ ମଧ୍ୟ ମେଡାଲ ଦେଇ ପୁରସ୍କୃତ କରାଯାଇଥିଲା। ଚାନ୍ଦିନୀମାଲ ପଞ୍ଚାୟତର ବୟୋଜ୍ୟେଷ୍ଠ ବ୍ୟକ୍ତିମାନଙ୍କୁ ମନ୍ତ୍ରୀଙ୍କ ଦ୍ୱାରା ସମ୍ମାନିତ କରାଯାଇଥିଲା। ଶେଷରେ ଠାକୁର ପ୍ରଧାନ ଧନ୍ୟବାଦ୍ ଅର୍ପଣ କରିଥିଲେ। ଜଗନ୍ନାଥ ଯୁବକ ସଂଘର ସଦସ୍ୟ ରମା ପ୍ରଧାନ, ଟିକନାଥ ବିଶି, ଇଶ୍ୱରୀ ମାଝୀ, ଆକାଶ ପୋଢ଼, ଆକାଶ ଦୋରା, ବିକାଶ ପୋଢ଼, ଆଶିଷ ଧୁରୁଆ, ପପୁ ପ୍ରଧାନ, ଅଶୋକ ଭୋଇ, ଅଭି ବଡ଼ାଇ, ବବଲୁ ପ୍ରଧାନ, ରୋସନ ପ୍ରଧାନ, ଅଭି ବଡ଼ାଇ ପ୍ରମୁଖ ସହଯୋଗ କରିଥିଲେ।

# ଶବ ବ୍ୟବଚ୍ଛେଦ ଗୃହ ଉଦ୍‌ଘାଟିତ



**ଧର୍ମଗଡ଼, ୧୫ ।୧୧(ସମିସ):** ଧର୍ମଗଡ଼ ଉପଖଣ୍ଡ ଚିକିତ୍ସାଳୟ ପରିସରରେ ନୂତନ ଭାବେ ନିର୍ମିତ ହୋଇ ଥିବା ଶବ ବ୍ୟବଚ୍ଛେଦ ଗୃହ ଉଦ୍‌ଘାଟିତ ହୋଇଛି। ଧର୍ମଗଡ଼ ବିଧାୟକ ସୁଧିର ରଞ୍ଜନ ପଟ୍ଟଯୋଶୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଏହାର ଉଦଘାଟନ କରିଥିଲେ।କାର୍ଯ୍ୟକ୍ରମରେ ଜଗନ୍ନାଥ ସେବା ସମିତି ସଭାପତି ତଥା ରୋଗୀ କଲ୍ୟାଣ ସମିତି ସଦସ୍ୟ ବିଷ୍ଣୁ ପ୍ରସାଦ ଅଗ୍ରୱାଲ, ହିମାଂଶୁ ଶେଖର ପଣ୍ଡା, ଉପଖଣ୍ଡ ଚିକିତ୍ସାଧିକାରୀ ଡାକ୍ତର ସଦାନନ୍ଦ ପାଣିଗ୍ରାହୀ, ହସ୍ପିଟାଲ ମେନେଜର ସୁମେଶ୍ୱର ନାଏକ, ଆକାଉଣ୍ଟାଣ୍ଟ ବିଜେନ୍ଦ୍ର ସିଂ, ସହକାରୀ ଯନ୍ତ୍ରୀ ସମରେନ୍ଦ୍ର ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ। ଦୀର୍ଘ ଦିନ ଧରି ଏକ କାମଚଳା ଘରେ ଶବ ବ୍ୟବଚ୍ଛେଦ ହେଉଥିଲା। ନବ ନିର୍ମିତ ପୋଷ୍ଟମର୍ଟମ ଗୃହରେ ପୋଷ୍ଟମର୍ଟମ ସୁବିଧା ସହିତ ମୃତଦେହ ସଂରକ୍ଷଣ (ଫ୍ରିଜ)କକ୍ଷ, ପ୍ରତୀକ୍ଷାଳୟ ସହ ଶୌଚାଳୟ ବ୍ୟବସ୍ଥା ଉପଲବ୍ଧ କରାଯାଇଛି।

# ସର୍ଟ ସର୍କିଟରୁ ଜଳିଗଲା ୨ ବଖରା



**ବିନିକା, ୧୫ ।୧୧(ସମିସ):** ବିନିକା ବ୍ଲକ ଅନ୍ତର୍ଗତ ପିତେଇପାଲି ଗ୍ରାମର ଈଶ୍ୱର ନାଗଙ୍କ ଘରେ ବିଦ୍ୟୁତ ସର୍ଟ ସର୍କିଟ ଯୋଗୁଁ ନିଆଁ ଲାଗି ୨ ବଖରା ଘର ସମ୍ପୂର୍ଣ୍ଣ ଜଳିଯାଇଛି। ନିଆଁ ଲାଗିବା ପରେ ପରିବାର ଲୋକେ ଜୀବନ ବିକଳରେ ଘର ବାହାରକୁ ଚାଲି ଆସିଥିଲେ। ପାଖ ପଡ଼ିଶା ଲୋକେ ନିଆଁକୁ ଆୟତ୍ତ କରିବାକୁ ଚେଷ୍ଟା ଜାରି ରଖିଥିବା ବେଳେ ଖବରପାଇ ଅଗ୍ନିଶମ ବିଭାଗ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ନିଆଁରେ ଘରେ ଥିବା ଆସବାବ ପତ୍ର, ରନ୍ଧା ସାମଗ୍ରୀ ପୋଡି ପାଉଁଶ ହୋଇଯାଇଛି। ପରିବାରକୁ ସରକାରୀ ସହାୟତା ଯୋଗାଇ ଦେବାକୁ ଦାବି ହୋଇଛି।

# ଶିଶୁ ବିଦ୍ୟା ମନ୍ଦିରରେ ରକ୍ତଦାନ ଶିବିର




**ତରଭା, ୧୫।୧୧(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ଅନ୍ତର୍ଗତ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ଖାରୀରେ ଶନିବାର ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ନାଇକେନପାଲି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଡା. ରାମଶଙ୍କର ତ୍ରିପାଠୀ ମୁଖ୍ୟଅତିଥି ଭାବେ ଯୋଗଦେଇ ଶିବିରକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ଅନୁଷ୍ଠାନର ସଭାପତି ରଘୁନାଥ ବେହେରା, ସମ୍ପାଦକ ସୁଦାମ ଶେଖର ଦାସ, ଯୁଗ୍ମ ସମ୍ପାଦକ ହୃଷିକେଶ ମେହେର, ବିରଞ୍ଚି ମେହର, ବିପିନ ବିହାରୀ ବାଘ, ଆନନ୍ଦ ଡାଙ୍ଗ, ଜିଲ୍ଲା ରକ୍ତଦାତା ସଂଘ ସଭାପତି ମନୋଜ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ। ଶିବିରରେ ସୁବର୍ଣ୍ଣପୁର ରକ୍ତ କେନ୍ଦ୍ରର ଟେକ୍ନିସିଆନ୍ ସତ୍ୟବ୍ରତ ତାଣ୍ଡି, ଜଗତ ଦରୱାନ, ଯୁଧିଷ୍ଠିର ନାଏକ, ଟଙ୍କଧର କଅଁର ରକ୍ତ ସଂଗ୍ରହ କରିଥିଲେ। ଡାକ୍ତର ଚିତ୍ତରଞ୍ଜନ ତ୍ରିପାଠୀ ରକ୍ତଦାତାଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିଥିଲେ। ଶିବିରରେ ୧୫ ଜଣ ମହିଳାଙ୍କ ସହିତ ସମୁଦାୟ ୫୨ ଜଣ ରକ୍ତଦାନ କରିଥିଲେ। ଏହି ଶିବିର ପ୍ରଧାନ ଆଚାର୍ଯ୍ୟ ହରିବୋଲ ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଓ ନିହାର ଗୁରୁଜୀଙ୍କ ସଂଯୋଜନାରେ ଅନୁଷ୍ଠିତ ହୋଇଥିଲା। ସମସ୍ତ ଗୁରୁଜୀ ଗୁରୁମା ଓ ପରିଚଳନା ସମିତି ଓ ଅଭିଭାବକ ସହଯୋଗ କହିଥିଲେ।

### ଜିଲ୍ଲାସ୍ତରୀୟ ଖରିଫ ଧାନ ସଂଗ୍ରହ କମିଟି ବୈଠକ

# ୨୯ରୁ ଖରିଫ ଧାନ କ୍ରୟ



**ଭବାନୀପାଟଣା, ୧୫ ।୧୧(ସମିସ)**

କଳାହାଣ୍ଡି ଜିଲ୍ଲାରେ ଖରିଫ ଧାନ ସଂଗ୍ରହ ପାଇଁ ଭବାନୀପାଟଣା ସ୍ଥିତ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଶନିବାର ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି ବୈଠକ ଜିଲ୍ଲାପାଳ ପାୱାର ସଚିନ ପ୍ରକାଶ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଚଳିତ ବର୍ଷ ଜିଲ୍ଲାରେ ଆସନ୍ତା ନଭେମ୍ବର ୨୯ରୁ ଧାନ କ୍ରୟ କରାଯିବା ନେଇ ବୈଠକରେ ନିଷ୍ପତ୍ତି ହୋଇଥିଲା। ବୈଠକରେ ଲୋକସଭା ସାଂସଦ ମାଳବିକା ଦେବୀ, ଜିଲ୍ଲା ପରିଷଦ ଅଧ୍ୟକ୍ଷ ପୁଷ୍ପେନ୍ଦ୍ର ସିଂଦେଓ, ଧର୍ମଗଡ଼ ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ, ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ସୁଜାତା ମିଶ୍ର, ଧର୍ମଗଡ଼ ଉପଜିଲ୍ଲାପାଳ ପ୍ରେକ୍ଷା ଅଗ୍ରୱାଲ, ଭବାନୀପାଟଣା ଉପଜିଲ୍ଲାପାଳ ପ୍ରଭାତ କୁମାର ପରିଡ଼ା, ଜିଲା ମୁଖ୍ୟ କୃଷି ଅଧିକାରୀ ଶୁଭେନ୍ଦୁ କର ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲାରେ ଚଳିତ ଖରିଫ ଧାନ ବିକ୍ରୟ କରିବା ପାଇଁ ୧ ଲକ୍ଷ ୨୧ ହଜାର ୧୮୧ ଜଣ ଚାଷୀ ପଞ୍ଜୀକୃତ କରିଛନ୍ତି। ସେହିପରି ୨୨୩ଟି ଧାନ କ୍ରୟ କେନ୍ଦ୍ର କରାଯାଇଥିବା ବେଳେ ୨୮ଟି ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଅବଶିଷ୍ଟ ପାକ୍ସ ଓ ଲ୍ୟାମ୍ପସ ଦ୍ୱାରା ଧାନ ସଂଗ୍ରହ କରାଯିବ। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ବିଭାଗୀୟ ଅଧିକାରୀ, ବିଧାୟକ ଓ ସାଂସଦ ପ୍ରତିନିଧି, ଚାଷୀ ପ୍ରତିନିଧି, ମିଲର୍ସ, ପାକ୍ସ, ଆର୍‌ଏମ୍‌ସି କର୍ମକର୍ତ୍ତା ପ୍ରମୁଖ ଉପସ୍ଥିତ ଥିଲେ।

# ରାଜ୍ୟସ୍ତରୀୟ ସୁରଭିରେ ଜିଏଚ୍‌ଏସ୍ ଛାତ୍ରୀ ପୁରସ୍କୃତ



**କର୍ଲାମୁଣ୍ଡା, ୧୫ ।୧୧(ସମିସ):** ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଭୁବନେଶ୍ୱରରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ସୁରଭି ମହୋତ୍ସବରେ କଳାହାଣ୍ଡି ଜିଲ୍ଲା କର୍ଲାମୁଣ୍ଡା ବ୍ଲକ ରିଷିଡା ସରକାରୀ ଉଚ୍ଚ ବିଦ୍ୟାଳୟ ଛାତ୍ରୀ ପୁରସ୍କୃତ ହୋଇଛନ୍ତି। ଏହି ବିଦ୍ୟାଳୟରେ ଦଶମ ଶ୍ରେଣୀରେ ଅଧ୍ୟୟନ କରୁଥିବା ଟ୍ୱିଙ୍କଲ ସୁନା ବକ୍ତୃତା ପ୍ରତିଯୋଗୀତାରେ ରାଜ୍ୟସ୍ତରରେ ତୃତୀୟ ସ୍ଥାନ ହାସଲ କରି ବିଦ୍ୟାଳୟ ଓ ଅଞ୍ଚଳ ପାଇଁ ଗର୍ବ ଆଣିଛନ୍ତି। ସେ ଜିଲ୍ଲାସ୍ତରରେ ପ୍ରଥମ ସ୍ଥାନ ହାସଲ କରିଥିଲେ। ତାଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛା ଜ୍ଞାପନ କରାଯାଇଛି। ପ୍ରକାଶଥାଉକି ଟ୍ୱିଙ୍କଲ ରିଷିଡା ଗାନ୍ଧୀନଗରପଡ଼ା ନିବାସୀ ଗଭୀର ସୁନାଙ୍କ କନ୍ୟା ଅଟନ୍ତି।

# ମାୟାବର୍ହା ହାଇସ୍କୁଲରେ ଶିଶୁ ଦିବସ

**ଡୁଙ୍ଗୁରିପାଲି, ୧୫।୧୧(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ବ୍ଲକ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଡ. ରବିଚନ୍ଦ୍ର ପଶାୟତଙ୍କ ଅଧ୍ୟକ୍ଷତାରେ ଶିଶୁ ଦିବସ ପାଳିତ ହୋଇଯାଇଛି।ମୁଖ୍ୟଅତିଥି ଭାବରେ ଗୁରୁ ତଥା ସଙ୍ଗୀତକାର ଭରତ ନାଗ ଯୋଗଦେଇଥିଲେ। ସଭାକୁ ଖେଳ ଶିକ୍ଷକ ଚିନ୍ମୟ କୁମାର ଦାସ ସଂଯୋଜନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷକ ନନ୍ଦିଘୋଷ ବାରିକ, ସମ୍ପଦ ଖମାରୀ, କିରଣ ପୁଟେଲ ପ୍ରମୁଖ ଉପସ୍ଥିତ ଥିଲେ। ଛାତ୍ରୀ ପୂଜାରାଣୀ ଦୀପ, ଆଭା ସାହୁ, ପ୍ରୀତି ପଧାନ, ଶ୍ରୀମୟୀ ସେଠ୍ ଓ ଛାତ୍ର ଆକାଶ ସାହୁ, ଶ୍ରୀତମ ବାଗ, ଶିଶୁ ଦିବସ ଉପରେ ବକ୍ତବ୍ୟ ପ୍ରଦାନ କରିଥିଲେ। ନବମ ଶ୍ରେଣୀର ଛାତ୍ରୀ ପାୟଲ ବିଶ୍ୱକର୍ମା ଓ ଆୟୁସୀ ନାଏକ ନୃତ୍ୟ ପରିବେଷଣ କରିଥିଲେ। ନବମ ଶ୍ରେଣୀର ଛାତ୍ରୀ ଶ୍ରୀମୟୀ ସେଠ୍ ଓ ଦିପ୍ତିଶିଖା ବାଗ ଦେଶାତ୍ମବୋଧ ସଙ୍ଗୀତ ପରିବେଷଣ କରିଥିଲେ। ସଂସ୍କୃତ ଶିକ୍ଷକ ରାଜୁ ମେହେର ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ବିଭିଷଣ ଖମାରୀ, ମୀନକେତନ ଦାସ, ସୁରଜ ଖମାରୀ, ସମୀର କଠାର, ସୂର୍ଯ୍ୟକାନ୍ତି କାଣ୍ଡ, ସୌଭାଗିନୀ ସାହୁ ସହଯୋଗ କରିଥିଲେ।

# ଆଦିବାସୀ କଲ୍ୟାଣ ସଂଘ ପକ୍ଷରୁ ବିର୍ସା ମୁଣ୍ଡା ଜୟନ୍ତୀ

**ଡୁଙ୍ଗୁରିପାଲି, ୧୫।୧୧(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘ ଡୁଙ୍ଗୁରିପାଲି ଶାଖା ପକ୍ଷରୁ ଡୁଙ୍ଗୁରିପାଲିଠାରେ ସ୍ୱାଧୀନତା ସଂଗ୍ରାମୀ ବିର୍ସାମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ପାଳିତ ହୋଇଛି। ଡୁଙ୍ଗୁରିପାଲି ଆର୍‌ଏମ୍‌ସିରୁ ବିରାଟ ଶୋଭାଯାତ୍ରା ବାହାରି ସହର ପରିକ୍ରମା କରିଥିଲା। ଏଥିରେ ହଜାର ହଜାର ସଂଖ୍ୟାରେ ମହିଳା ପୁରୁଷ ପାରମ୍ପରିକ ଅସ୍ତ୍ରଶସ୍ତ୍ର ଧରି ଶୋଭାଯାତ୍ରାରେ ସାମିଲ ହୋଇଥିଲେ। ଶୋଭାଯାତ୍ରା ଆରଏମ୍‌ସିଠାରେ ପହଞ୍ଚିବା ପରେ ସେଠାରେ ଏକ ସଭା ଅନୁଷ୍ଠିତ ହୋଇଥିଲା। ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘ ଡୁଙ୍ଗୁରିପାଲି ଶାଖାର ବ୍ଲକ ସଭାପତି ସୁରେଶ ଭୋଇଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ଡୁଙ୍ଗୁରିପାଲି ବିଡ଼ିଓ ଦିଲୀପ କୁମାର ବାରା ଯୋଗ ଦେଇଥିଲେ। ମୁଖ୍ୟବକ୍ତା ଭାବେ ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘ ସଭାପତି ଯୋଗେନ୍ଦ୍ର ଭୋଇ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ଉପସଭାପତି ଗୁପ୍ତେଶ୍ୱର ମଲ୍ଲିକ, ଜିଲ୍ଲା ସମ୍ପାଦକ ଲମ୍ବୋଦର ଧରୁଆ, ଜିଲ୍ଲା କୋଷାଧ୍ୟକ୍ଷ ରୋହିତ କୁଅଁର, ଜିଲ୍ଲା ଆଦିବାସୀ ମହିଳା କଲ୍ୟାଣ ସମିତି ସଭାନେତ୍ରୀ ସସ୍ମିତା ମଲ୍ଲିକ, ସହ ସଭାନେତ୍ରୀ ସରସ୍ୱତୀ ଧନୁଅର, ସମ୍ପାଦିକା ପଦ୍ମାଳୟା ଭୁଏ, ଡୁଙ୍ଗୁରିପାଲି ବ୍ଲକ ପୂର୍ବତନ ସଭାପତି ଶ୍ୟାମସୁନ୍ଦର ଭୋଇ, ଜିଲ୍ଲା ସଂଯୋଜକ ଅବଦୁଲ ଆଡବାଙ୍କ ପ୍ରମୁଖ ଯୋଗଦେଇଥିଲେ। ଅନ୍ୟତମ ଅତିଥି ଭାବେ ତରଭା ବ୍ଲକ ସଭାପତି ବଳଭଦ୍ର କୁଅର, ସୋନପୁର ବ୍ଲକ ସଭାପତି ସାହେବ ଭୋଇ, ଉଲୁଣ୍ଡା ବ୍ଲକ ସଭାପତି ନନ୍ଦନ ବାରିକ, ବିଏମ୍‌ପୁରୁ ସଭାପତି ଯୋଗେନ୍ଦ୍ର



ମିର୍ଦ୍ଧା, ବିନିକା ବ୍ଲକ କାର୍ଯ୍ୟକାରୀ ସଭାପତି ଭାଗୀରଥୀ ମାରପାଚି, ସୋନପୁର ଏନ୍‌ଏସି ସଭାପତି ଭାଗୀରଥୀ ମୁଣ୍ଡା, ବିନିକା ବ୍ଲକ ସଭାପତି ବିରଞ୍ଚି କୁଅର, ତରଭା ବ୍ଲକ ସମ୍ପାଦକ କପୁରଚନ ଭୋଇ, ସୋନପୁର ବ୍ଲକ ସମ୍ପାଦକ ଶୁକଦେବ ମଲ୍ଲିକ, ବିଏମପୁର ସମ୍ପାଦକ ପ୍ରମୋଦ ଭୋଇ, ରଟିଚର ତଥା ସମାଜସେବୀ ମୁକୁନ୍ଦ ଧରୁଆ, ଡୁଙ୍ଗୁରିପାଲି ବ୍ଲକ ସମ୍ପାଦକ ବିରଞ୍ଚି ବରିହା, ତରଭା ବ୍ଲକ କାର୍ଯ୍ୟକାରୀ ସଭାପତି ଗବିଜାର କୁଅର, ଡୁଙ୍ଗୁରିପାଲି ବ୍ଲକ କୋଷାଧ୍ୟକ୍ଷ ସୁରେନ୍ଦ୍ର କୁଅର, ସୋନପୁର କୋଷାଧ୍ୟକ୍ଷ ତଥା କୋଡିନେଟର୍ ତେଜରାଜ ଧରୁଆ, ତରଭା ବ୍ଲକ ମିଡିଆ ସେଲ ମାଧବ କୁଅର ପ୍ରମୁଖ ଯୋଗ ଦେଇଥିଲେ।

# କାଉଗୁଡ଼ା ସରକାରୀ ଉଚ୍ଚ ବିଦ୍ୟାଳୟରେ ଶିକ୍ଷକ ଅଭିଭାବକ ସମ୍ମିଳନୀ

**ଲାଞ୍ଜିଗଡ଼, ୧୫ ।୧୧(ସମିସ):** ଲାଞ୍ଜିଗଡ଼ ବ୍ଲକ ଲାଞ୍ଜିଗଡ଼ରୋଡ଼ ପଞ୍ଚାୟତସ୍ଥିତ କାଉଗୁଡ଼ା ସରକାରୀ ଉଚ୍ଚ ବିଦ୍ୟାଳୟରେ ଅଭିଭାବକ ଶିକ୍ଷକ ସହଭାଗିତା ବୈଠକ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ସୁପ୍ରଭା ଦୋରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ମୁଖ୍ୟଅତିଥି ଭାବେ ସିକେରକୁପା ଫାଣ୍ଡି ଅଧିକାରୀ ମୂରଲୀ ମୋହନ ପିଡିକା, ମୁଖ୍ୟବକ୍ତା ଭାବେ କିଡିଙ୍ଗ ପୋଷ୍ଟ ଅଫିସ ଏବିପିଏମ୍ ସତ୍ୟନାରାୟଣ ନାଗ, ସମ୍ମାନିତ ବିଦ୍ୟାଳୟ ପରିଚାଳନା କମିଟି ସଭାପତି କଳାକୃଷ୍ଣ ଶବର ପ୍ରମୁଖ ଯୋଗଦେଇ ଥିଲେ। ସହିଦ ବିର୍ସା ମୁଣ୍ଡାଙ୍କ ଜନ୍ମ ବାର୍ଷିକୀ ପୂର୍ତ୍ତି ଅବସରରେ ବୈଠକରେ ଆଦିବାସୀ ବୀର ପୁରୁଷଙ୍କ ଅବଦାନ ସମ୍ପର୍କରେ ଅତିଥିମାନେ ବଖାଣି ଥିଲେ। ବୈଠକରେ ଛାତ୍ରଛାତ୍ରୀଙ୍କ ପରୀକ୍ଷା ପ୍ରସ୍ତୁତି, ସ୍କଲାରସିପ୍, ଏଲ୍‌ଏସସି, ଏନସିସି ଓ ବିଭିନ୍ନ ଅନୁଦାନ ସମ୍ପର୍କରେ ଆଲୋଚନା ହୋଇଥିଲା। ଛାତ୍ରଛାତ୍ରୀଙ୍କ ମଧ୍ୟରେ ସଙ୍ଗୀତ, ରଙ୍ଗୋଲି, ରଚନା, ଡ୍ରଇଁ ପ୍ରତିଯୋଗିତା ହୋଇଥିବା ବେଳେ ଅଭିଭାବକ ଓ ଅଭିଭାବକଙ୍କ ମଧ୍ୟରେ ହୁଳହୁଳି ଓ ମ୍ୟୁଜିକ ଚେୟାର ପ୍ରତିଯୋଗିତା କରାଯାଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। କାର୍ଯ୍ୟକ୍ରମକୁ ଖେଳ ଶିକ୍ଷକ ଲମ୍ବୋଦର ସାହୁ ଓ ଏନ୍‌ସିସି ଶିକ୍ଷକ ସନ୍ଦୀପ ମିଶ୍ର ପରିଚାଳନା କରିଥିଲେ।ଶିକ୍ଷକ ସତ୍ୟବାଦୀ ନାଏକ, ଜଗନ୍ନାଥ ନାଏକ, ବିବେକାନନ୍ଦ ମହାପାତ୍ର, ଅରୁଣ ପଣ୍ଡା, ପ୍ରଶାନ୍ତ ପ୍ରଧାନ, ହିମାଞ୍ଚଳ ପୂଝାରୀ, ଶିକ୍ଷୟିତ୍ରୀ ଅଞ୍ଜଳି ସାହୁ, ରଶ୍ମିତା ସାହୁ, ପୁଷ୍ପାଞ୍ଜଳି ପଣ୍ଡା, ନମିତା ମାଝୀ ପ୍ରମୁଖଙ୍କ ସମେତ ବିଦ୍ୟାଳୟର ସମସ୍ତ କର୍ମଚାରୀ ସହଯୋଗ କରିଥିଲେ। ସେହିପରି ଲାଞ୍ଜିଗଡ଼ ସରକାରୀ ଏସ୍‌ଏସ୍‌ଡି ଉଚ୍ଚ ମାଧମିକ ବିଦ୍ୟାଳୟରେ ମଧ ଶିକ୍ଷକ ଅଭିଭାବକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି।

# ଜନଜାତୀୟ ଗୌରବ ଦିବସ




**ଭବାନୀପାଟଣା, ୧୫ ।୧୧(ସମିସ):** ଭବାନୀପାଟଣାସ୍ଥିତ ଟାଉନ ହଲରେ ଜିଲ୍ଲାସ୍ତରୀୟ ଜନଜାତୀୟ ଗୌରବ ଦିବସ ପାଳିତ ହୋଇଯାଇଛି। ଜିଲ୍ଲା ପ୍ରଶାସନ ପକ୍ଷରୁ ଅନୁଷ୍ଠିତ କାର୍ଯ୍ୟକ୍ରମ ଆୟୋଜିତ କରାଯାଇଥିଲା। ସ୍ୱାଧୀନତା ସଂଗ୍ରାମୀ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଉପଲକ୍ଷେ ଭାରତର ପ୍ରଧାନମନ୍ତ୍ରୀ ଗୁଜୁରାଟର ନର୍ମଦା ଜିଲ୍ଲା ଦେଦିଆପଡ଼ାରୁ ହୋଇଥିବା କାର୍ଯ୍ୟକ୍ରମକୁ ଭିଡିଓ କନଫରେନ୍ସ ଜରିଆରେ ସିଧାସଳଖ ପ୍ରସାରଣ କରାଯାଇଥିଲା। ମୁଖ୍ୟ ଅତିଥି ଭାବେ ଲୋକସଭା ସାଂସଦ ମାଳବିକା ଦେବୀ ଯୋଗଦେଇ ବୀର ସହିଦ୍‌ମାନଙ୍କର ତୈଳଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ଭାରତୀୟ ଜନଜାତୀୟ ବୀର ସଂଗ୍ରାମୀ ବିର୍ସା ମୁଣ୍ଡା, ସହୀଦ୍ ଲକ୍ଷ୍ମଣ ନାୟକ, ସହୀଦ୍ ବୀର ସୁରେନ୍ଦ୍ର ସାଏ, ବୀର ସହିଦ୍ ରେଣ୍ଡୋମାଝୀଙ୍କର ଅବଦାନ ବିଷୟରେ ଉଦ୍‌ବୋଧନ ଦେଇଥିଲେ। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ



ଆଇଟିଡିଏ ପ୍ରକଳ୍ପ ପ୍ରଶାସକ, ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରଦ୍ୟୁମ୍ନ କୁମାର ଦାଶ, ଜିଲ୍ଲା ମଙ୍ଗଳ ଅଧିକାରୀ ଅନ୍ତର୍ଯ୍ୟାମୀ କହଁର, ଜିଲ୍ଲା ସଂସ୍କୃତି ଅଧିକାରୀ ବିବେକାନନ୍ଦ ମହାନନ୍ଦ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ହଳଧର ନିଆଲ, ଜିଲ୍ଲା କ୍ରୀଡ଼ା ଅଧିକାରୀ ରମେଶ ଚନ୍ଦ୍ର ପାଢ଼ୀ, ମା'ମାଣିକେଶ୍ୱରୀ ଉଚ୍ଚ ମାଧମିକ ବିଦ୍ୟାଳୟର ଅଧକ୍ଷ ସତ୍ୟନାରାୟଣ ମୁଣ୍ଡଛିନ୍ନା, ସାଂସଦ ପ୍ରତିନିଧି ଜୟଶଙ୍କର ନାୟକ ପ୍ରମୁଖ ଯୋଗଦେଇଥିଲେ। କାର୍ଯ୍ୟକ୍ରମରେ ସଞ୍ଜୀବ ପଣ୍ଡା ମଞ୍ଚ ପରିଚାଳନା କରିଥିଲେ। ଜନଜାତୀୟ ଗୌରବ ଦିବସ ଅବସରରେ ଲାଞ୍ଜିଗଡ଼ର ପିଏମ୍. 'ଜନମନ' ଅନ୍ତର୍ଗତ ୬ଟି ବହୁମୁଖୀ କେନ୍ଦ୍ରର ଲୋକାର୍ପଣ ଓ ଗ୍ରାମ୍ୟ ଉନ୍ନୟନ ବିଭାଗର ୧୦ଟି ରାସ୍ତା ଓ ୨ଟି ସେତୁର ଭିତ୍ତିପ୍ରସ୍ତର ସ୍ଥାପନ ଆଭାସି ମାଧ୍ୟମରେ ହୋଇଥିଲା। ଅତିଥିଙ୍କ ଦ୍ୱାରା ବିଭିନ୍ନ କୃତୀ ପ୍ରତିଯୋଗୀ ଓ ଜନଜାତି ପ୍ରତିଭାମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

## କିସ୍ ବିଦ୍ୟାଳୟ

କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ବ୍ଲକ ବାଦଲିସ୍ଥିତ କିସ୍ ଆବାସିକ ବିଦ୍ୟାଳୟରେ ଜନଜାତୀୟ ଗୌରବ ଦିବସ ପାଳିତ ହୋଇଯାଇଛି।ଉତ୍ସବରେ ମୁଖ୍ୟଅତିଥି ଡ. ଶିବରାମ ନାୟକ କଳାହାଣ୍ଡି ଘରୋଇ ବିଦ୍ୟାଳୟ ସଂଘର ସଭାପତି, ସମ୍ମାନିତ ଅତିଥି ରବୀନ୍ଦ୍ର ସାହୁ ବିଶିଷ୍ଟ ଚେସ୍ ପ୍ରଶିକ୍ଷକ, ମୁକୁନ୍ଦ ରେ‡ୀ ବିଶିଷ୍ଟ ଚିତ୍ର ଶିଳ୍ପୀ ଭବାନୀପାଟଣା, କିସ୍ ବିଦ୍ୟାଳୟର ଉପକାର୍ଯ୍ୟନିର୍ବାହୀ ଅଧିକାରୀ ଦୁଷ୍ମନ୍ତ କୁମାର ପଧାନ, ପ୍ରଧାନ ଶିକ୍ଷୟିତ୍ରୀ ସୁନୀତା ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମର ପ୍ରାରମ୍ଭରେ ଜଗନ୍ନାଥଙ୍କ ପ୍ରତିଛବିରେ ପୂଜାର୍ଚ୍ଚନା ସହ ବିର୍ସା ମୁଣ୍ଡାଙ୍କ ଛବିରେ ପୁଷ୍ପମାଲ୍ୟ ଅର୍ପଣ ପରେ ସଭା ଆରମ୍ଭ କରାଯାଇଥିଲା। କିସ୍‌ର ପ୍ରଥମ ଶ୍ରେଣୀର ଛାତ୍ରୀ ପ୍ରିୟଙ୍କା ଦିଶାରି ବିର୍ସା ମୁଣ୍ଡାଙ୍କ ଜୀବନୀ ବିଷୟରେ ବକ୍ତବ୍ୟ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ଡ.ନାୟକ ବିର୍ସା ମୁଣ୍ଡାର ସଙ୍ଘର୍ଷ ଉପରେ ଛାତ୍ରୀମାନଙ୍କୁ କହିବା ସହ ଭଲ ପାଠ ପଢ଼ି କିସ୍ କଳାହାଣ୍ଡିର ନାମ ରଖିବ ବୋଲି କହିଥିଲେ। ସମ୍ମାନିତ ଅତିଥି ରବୀନ୍ଦ୍ର ସାହୁ କିସ୍‌ର ଉନ୍ନତି କାମନା କରିଥିଲେ।ଶେଷରେ କିସ୍‌ର ଉପକାର୍ଯ୍ୟନିର୍ବାହୀ ଅଧିକାରୀ ଶ୍ରୀ ପଧାନ ଉପସ୍ଥିତ ଅତିଥିମାନଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।




## ଏବିଭିପି ଧର୍ମଗଡ଼ ନଗର

**ଧର୍ମଗଡ଼, ୧୫ ।୧୧(ସମିସ):** ଏଭିବିପି ଧର୍ମଗଡ଼ ନଗର ତରଫରୁ ନଗର ବ୍ୟାପି ଜନଜାତି ଗୌରବ ଦିବସ ଓ ଭଗବାନ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳନ କରାଯାଇଛି। ନଗରର ୫ଟି କଲେଜ୍ କ୍ୟାମ୍ପସ ପଞ୍ଚାୟତ ମହାବିଦ୍ୟାଳୟ, ମହିଳା ଉଚ୍ଚମାଧମିକ ବିଦ୍ୟାଳୟ, ମହିଳା ଡିଗ୍ରୀ ମହାବିଦ୍ୟାଳୟ, ବୋର୍ଡର ଉଚ୍ଚମାଧମିକ ବିଦ୍ୟାଳୟ ଓ ବୋର୍ଡର ଡିଗ୍ରୀ ମହାବିଦ୍ୟାଳୟ ଠାରେ ଭବ୍ୟ ସଂଖ୍ୟାରେ ଜୟନ୍ତୀ ଜନଜାତି ଗୌରବ ଦିବସ ଓ ସହିଦ୍ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳନ ହୋଇଥିଲା। ଜିଲ୍ଲା ସଂଯୋଜାକ ସାଇ ଦର୍ଶନ ଠାକୁର, ଜିଲ୍ଲା ଖେଲୋ ଭାରତ ପ୍ରମୂଖ ଲିଙ୍ଗେଶ୍ୱର ଜାଲ, ନଗର ସମ୍ପାଦକ ଜୀବନ ଜ୍ୟୋତି ରାଉତ୍, ସହ ସମ୍ପାଦିକା ଦୀପାଲି ନିଆଲ ପ୍ରମୁଖ ବିଭିନ୍ନ କ୍ୟାମ୍ପସରେ ଉପସ୍ଥିତି ରହି ବକ୍ତବ୍ୟ ପ୍ରଦାନ କରିଥିଲେ। ନଗରର କାର୍ଯ୍ୟକର୍ତ୍ତା ରୋହନ ପଣ୍ଡା, ପୁଷ୍ପାଞ୍ଜଳି ସୁନାନି, ତାନିଶା ବିହାରୀ, ଜାଗ୍ରତ ପୁରୋହିତ, ଆକାଶ ସତ୍ନାମୀ, ଚଞ୍ଚଳା ସୁନାନି, ଭାର୍ଗବୀ ଗହିର, ନମ୍ରତା ମଝି, ତପସ୍ୱିନି ପାଣିଗ୍ରାହୀ ପ୍ରମୁଖ କାର୍ଯ୍ୟକ୍ରମକୁ ସଫଳ କରିଥିଲେ।

### ବିନିକା ଗୋକୁଳାଷ୍ଟମୀ ମହୋତ୍ସବ

# ସପ୍ତମ ଦିବସରେ ଅର୍ଘାସୁର ବଧ

**ବିନିକା, ୧୫ ।୧୧(ସମିସ)**

ବିନିକା ଗୋକୁଳାଷ୍ଟମୀ ମହୋତ୍ସବର ଶନିବାର ଥିଲା ସପ୍ତମ ଦିବସ। ସପ୍ତମ ଦିବସରେ ଅର୍ଘାସୁର ବଧ ପ୍ରଦର୍ଶିତ ହୋଇଥିଲା। ଦେବକୀଙ୍କ ଅଷ୍ଟମ ସନ୍ତାନ ହାତରେ କଂସର ମୃତ୍ୟୁ ଲେଖାଥିବା ଦେବବାଣୀ ଶୁଣିବା ପରଠୁ ମଥୁରା ଅଧିପତି ମହାରାଜ କଂସ ଗୋପରେ ବଢୁଥିବା ଭଣଜା କୃଷ୍ଣଙ୍କୁ ମାରିବା ପାଇଁ ଗୋଟିଏ ପରେ ଗୋଟିଏ ଅସୁର ପ୍ରେରଣ କରିଥିଲେ। ହେଲେ କେହି ବି କୃଷ୍ଣଙ୍କ ହାତରୁ ବର୍ତ୍ତି ପାରି ନାହାଁନ୍ତି। ସମସ୍ତଙ୍କର ମୃତ୍ୟୁ ଘଟିଛି। ପଠାଇ ଥିବା ଧେନୁକାସୁର ନିଧନ ଖବର ଡଗର ଠାରୁ ଶୁଣିବା ପରେ କଂସ ମର୍ମାହତ ହୋଇ ପଡ଼ିଥିଲେ। ମହାରାଜାଙ୍କ ମୁହଁରେ



ହସ ଫୁଟାଇବାକୁ ଯାଇ ମନ୍ତ୍ରୀର ଆଦେଶ କ୍ରମେ ଦରବାରରେ କଳାକାରମାନଙ୍କ ଦ୍ୱାରା ପରିବେଷିତ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ରଙ୍ଗ ସଭା ଉପସ୍ଥିତ ଦର୍ଶକଙ୍କୁ ବାନ୍ଧି ରଖିଥିଲା। ସେହିପରି କୃଷ୍ଣଙ୍କ ଦୁଃସାହାସିକ ପ୍ରଦର୍ଶନରେ ଗୋପପୁରବାସୀ ଆନନ୍ଦରେ ବିଭୋର ହୋଇ କୃଷ୍ଣ ବଳରାମଙ୍କୁ ପାଲିଙ୍କିରେ ବସାଇ ବଟୁଲୀଳା ଆୟୋଜନ କରିଥିଲେ। ସ୍ଥାନୀୟ ଦଧିବାମନ ମନ୍ଦିର ସମ୍ମୁଖ ଗୋପପୁର ଓ ଯୋଗେଶ୍ୱର ମନ୍ଦିର ବନ ଦୁର୍ଗା ପ୍ରାଙ୍ଗଣ ମଥୁରା ନଗରୀରେ ଅନୁଷ୍ଠିତ ଯାତ୍ରାର ବିଭିନ୍ନ ଦୃଶ୍ୟକୁ ଆଜି ସପ୍ତମ ଦିବସରେ ହଜାର ହଜାର ଲୋକ ଉପଭୋଗ କରିଥିଲେ। କଂସର ନିମନ୍ତ୍ରଣ କ୍ରମେ ଆଜି ଦରବାରକୁ ବୀରମହାରାଜପୁର ବିଧାୟକ ଇଂ. ରଘୁନାଥ ଜଗଦଲା, ଅତିରିକ୍ତ ଜିଲ୍ଲାପାଳ ରାଜିନ୍ଦ୍ର ମାଝୀ, ଅଞ୍ଜଲିନା ପ୍ରଧାନ, ଲେଖକ ଘାସିରାମ ପଣ୍ଡା, ସାହାରା ଟ୍ରଷ୍ଟ ଅଧ୍ୟକ୍ଷ ପ୍ରମୁଖ ରାଜକୀୟ ଅତିଥି ଭାବେ ରାଜନୈତିକ ବ୍ୟକ୍ତି ବିଶେଷ ଯୋଗଦେଇ ସାଂସ୍କୃତିକ ବାର୍ତ୍ତା ପ୍ରଦାନ କରିଥିଲେ। ଏହି ଅବସରରେ କମିଟି ସଭାପତି ମନୋଜ ଦାସ ସଭାପତିତ୍ୱ କରିଥିବା ବେଳେ ସମ୍ପାଦକ ଅତିଥି ପରିଚୟ ପ୍ରଦାନ ଏବଂ ହିମାଂଶୁ ଭୂଷଣ ପଣ୍ଡା, ଅନ୍ତରାମ ଦାସ, ସୌମ୍ୟ ରଞ୍ଜନ ପୂଜାରୀ, ବିରଞ୍ଚି ନାରାୟଣ ମେହେର ପ୍ରମୁଖ ମଞ୍ଚ ପରିଚାଳନା କରିଥିଲେ।

# ସମ୍ମାନ, ସମାନତା ଓ ଅଧିକାରର ସୁରକ୍ଷା ଉପରେ ଶପଥପାଠ



**ବିନିକା, ୧୫।୧୧(ସମିସ):** ବିନିକା ସ୍ଥିତ ସିଦ୍ଧାର୍ଥ ଉଚ୍ଚ ମାଧମିକ ବିଦ୍ୟାଳୟରେ ଭଗବାନ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଅବସରରେ ଜନଜାତୀୟ ଗୌରବ ଦିବସ ପାଳିତ ହୋଇଯାଇଛି। ଏଥିରେ ଅଧ୍ୟକ୍ଷା ରେଖା ପ୍ରଧାନ ସଭାପତିତ୍ୱ କରି ବିର୍ସା ମୁଣ୍ଡାଙ୍କ ସଂଗ୍ରାମୀ ଜୀବନର ବାର୍ତ୍ତା ଉପରେ ସୂଚନା ଦେଇଥିଲେ। ମୁଖ୍ୟବକ୍ତା ଅଧ୍ୟାପକ ବିଶ୍ୱମୟ ଗୁରୁ ଜୟନ୍ତୀ ପାଳନର ମହତ୍ତ୍ୱ ଉପରେ ଆଲୋକପାତ କରିଥିଲେ। ସମ୍ମାନିତ ଅତିଥି ଖେଳ ଶିକ୍ଷକ ନାରାୟଣ ଚୌଧୁରୀ ବିର୍ସା ମୁଣ୍ଡାଙ୍କ ଜୀବନୀ ଉପରେ କହିଥିଲେ। ଏହି ପରିପ୍ରେକ୍ଷୀରେ ପ୍ରତ୍ୟେକ ଜନଜାତୀୟ ଭାଇ, ଭଉଣୀଙ୍କ ସମ୍ମାନ, ସମାନତା ଓ ଅଧିକାରକୁ ସୁରକ୍ଷିତ ରଖିବା ନେଇ ଉପସ୍ଥିତ ଛାତ୍ରଛାତ୍ରୀ ଓ ବିଦ୍ୟାଳୟ କର୍ମଚାରୀ ଶପଥପାଠ କରିଥିଲେ। ଯତୀନ୍ଦ୍ର ଦଣ୍ଡସେନା ସଭାରେ ସଂଯୋଜନା କରିଥିବା ବେଳେ ନୀଳ ମାଧବ ଛତ୍ର ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ଅଧ୍ୟାପକ ଝଲକ ମିଶ୍ର, ମନୋଜ ମେହେର, ଆଶୁତୋଷ ପୁରୋହିତ, ମନିଷ ଆଚାର୍ଯ୍ୟ, ଆଶୀର୍ବାଦ ପ୍ରଧାନ, ପ୍ରଦୀପ ନାୟକ, ସୁବଳ ପ୍ରଧାନ, ଆଲୋକ ସେଠୀ, ଆକାଶ ପ୍ରଧାନୀ, ଅଧ୍ୟାପିକା ତୁଳସୀ ରାଏ, ଦୀପ୍ତି ଭୋଲ ପ୍ରମୁଖଙ୍କ ସମେତ ବିଦ୍ୟାଳୟ କର୍ମଚାରୀ ସାମିଲ ହୋଇଥିଲେ।

## ମୁରିବାହାଲ ବ୍ଲକସ୍ତରୀୟ ମତ୍ସ୍ୟ, ପ୍ରାଣୀ ସମ୍ପଦ ମେଳା



ମୁରିବାହାଲ, ୧୫ ।୧୧(ସମିସ): ମୁରିବାହାଲ ପଞ୍ଚାୟତି ହାଇସ୍କୁଲରେ ଶନିବାର ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଶନିବାର ଅନୁଷ୍ଠିତ ହୋଇଯାଇଛି । ଗୋ-ପୂଜା ପୂର୍ବକ କାର୍ଯ୍ୟକ୍ରମର ଉଦ୍‌ଘାଟନ କରାଯାଇଥିଲା । ପ୍ରାଣୀ ସମ୍ପଦ ବିଭାଗର ଜିଲ୍ଲା ଅଧିକାରୀ ଡା ଅନିରୁଦ୍ଧ ବିଶ୍ୱାଳ, ମତ୍ସ୍ୟ ବିଭାଗର ଜିଲ୍ଲା ଅଧିକାରୀ ପ୍ରକାର ଚନ୍ଦ୍ର ନାୟକ, ବଲାଙ୍ଗୀର ସାଂସଦଙ୍କ ପ୍ରତିନିଧି ଶ୍ରୀବତ୍ସ ବେହେରା, ମୁରିବାହାଲ ପଞ୍ଚାୟତ ସମିତିର ଅଧ୍ୟକ୍ଷ ହରିବନ୍ଧୁ ମେହେର, ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ମିଥିଳା ମାଝୀ, କଣ୍ଟାବାଞ୍ଜି ବିଧାୟକଙ୍କ ପ୍ରତିନିଧି ଗଙ୍ଗାଧର ହେର୍ଣ୍ଣା, ମୁରିବାହାଲ ସରପଞ୍ଚ ବିଶ୍ୱବିହାରୀ ଯୋଶୀ ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ଏହି ଅବସରରେ ତୁଳସୀ ଓ ମା' ସରସ୍ୱତୀ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ସହ ଗୋପାଳ କ୍ଷେତ୍ରରେ ସତ୍ୟବାନ ନାଗ, ଅଣ୍ଡା ଦିଆ କୁକୁଡ଼ା ପାଳନ କ୍ଷେତ୍ରରେ ଧନଦେଇ ଭୋଇ, ଛେଳି ପାଳନ କ୍ଷେତ୍ରରେ ଦହିତ ରାମ କର୍ମୀ, ମତ୍ସ୍ୟ ପୋଖରୀ ଯୋଜନା କ୍ଷେତ୍ରରେ ଅମୃତ ମହାକୁର, ଯାଆଁଳ ମାଛ ଚାଷ କ୍ଷେତ୍ରରେ କୁନ୍ତୀ ପଧାନ, ଜୈବପୁଞ୍ଜି ପ୍ରଣାଳିରେ ମାଛ ଚାଷ ପାଇଁ ରାଜୀବ ମହାନ୍ତିଙ୍କୁ ମାନପତ୍ର ଓ ଉତ୍ତରୀୟ ସହ ପୁରସ୍କାର ରାଶି ପ୍ରଦାନ କାରଯାଇଥିଲା । ପ୍ରାଣୀ ସମ୍ପଦ ବିଭାଗର କର୍ମଚାରୀ ବର୍ଷାମୌସୁମୀ ବନାନୀ ମାଝୀ ପରିଚାଳନା କରିଥିଲେ । ମୁରିବାହାଲ ପ୍ରାଣୀ ସମ୍ପଦ ଅଧିକାରୀ ଡା ଅଞ୍ଜନ ମଲ୍ଲିକଙ୍କ ନେତୃତ୍ୱରେ ସମସ୍ତ ବିଭାଗର କର୍ମଚାରୀ ସହଯୋଗ କରିଥିଲେ । ବଙ୍ଗୋମୁଣ୍ଡା ବ୍ଲକର ମତ୍ସ୍ୟ ଅଧିକାରୀ ଆଲୋକ ଜେନା ଧନ୍ୟବାଦ ଅର୍ପଣ କରିଥିଲେ ।

## କେରମେଲିରେ ବିଜ୍ଞାନମେଳା



ସଇଁତଳା,୧୫ ।୧୧(ସମିସ): କେରମେଲୀ ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟରେ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି । ଏଥିରେ ୧୮ ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା । ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଚଣ୍ଡାଳ ମିଶ୍ର ଏହାର ଉଦ୍‌ଘାଟନ କରିଥଲେ । ବିଜ୍ଞାନ ଶିକ୍ଷକ ସୁରେଶ ମିଶ୍ର ବିଚାରକ ଭାବେ ଯୋଗ ଦେଇଥିଲେ । ସୋବିତା ଏକ୍କା, ସୌମ୍ୟ ରଞ୍ଜନ ମହାନ୍ତି, ମୋନାଲିସା ମହାପାତ୍ର, ରଶ୍ମିତା ନାୟକ, ପ୍ରଶାନନ୍ଦ ବାଗ, ମିନତୀ ଦାସ, ଗୀତାଞ୍ଜଳି ମାହାକୁର, ଚନ୍ଦ୍ରଶେଖର ସାହୁ, ମଧୁମିତା ପ୍ରଧାନ ଓ ଅନୁପମ ମହାନ୍ତି ପ୍ରମୁଖ ସହଯୋଗ କରିଥିଲେ ।

## ରୋଟାରି ଏଲିଟର ଉଡାନ ତରଫରୁ ଶିଶୁଦିବସ



ବଲାଙ୍ଗିର,୧୫ ।୧୧(ସମିସ): ସ୍ଥାନୀୟ ଟାଉନ ବାଳିକା ବିଦ୍ୟାଳୟରେ ରୋଟାରି ଏଲିଟର ଉଡାନ ତରଫରୁ ଶିଶୁଦିବସ ପାଳିତ ହୋଇଛି । ବଲାଙ୍ଗୀର ସରକାରୀ ମହିଳା ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ଡ. ସୁଷମା ମଞ୍ଜରୀ, ବରିଷ୍ଠ ଶିକ୍ଷକ ନବୀନ ନାୟକ ଅତିଥି ଭାବେ ଯୋଗ ଦେଇଥିଲେ । ଏହି ଉପଲକ୍ଷେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତାରେ କୃତକାର୍ଯ୍ୟ ହୋଇଥିବା ସ୍ୱସ୍ତିକା କୁମ୍ଭାର, ଝଲସି କୁମ୍ଭାର, ମାନସୀରାଣୀ ଦାଶ, ଶ୍ରୁତି ତାଣ୍ଡି, ସମ୍ପର୍ଣ୍ଣା ନାୟକ, ସ୍ମୃତିପ୍ରିୟା ସାହୁ, ଦମୟନ୍ତୀ ଖୁଆସ, ଶ୍ରୀମୟୀ ସୁନା, ପ୍ରାଚୀ ଖେତୀ, ସନ୍ଧ୍ୟା ନାଗ ପ୍ରମୁଖ ପୁରସ୍କୃତ ହୋଇଥିଲେ । ଧର୍ମେନ୍ଦ୍ର ନନ୍ଦ ସଂଯୋଜନା କରିଥିଲେ । ସଭାପତି ଦର୍ଶନ ଭମର ଧନ୍ୟବାଦ ଅର୍ପଣ କରିଥିଲେ ।

## ଶିକ୍ଷକ-ଅଭିଭାବକ ବୈଠକ



ବେଲପଡା,୧୫ ।୧୧(ସମିସ): ବେଲପଡା ପଞ୍ଚାୟତ ସମିତି ମହାବିଦ୍ୟାଳୟରେ ଶିକ୍ଷକ-ଅଭିଭାବକ ସଭା ଅନୁଷ୍ଠିତ ହୋଇଯାଇଛି । ଏହି ସଭାରେ ପ୍ରାଧ୍ୟାପକ ତନ୍ମୟ ପାଣିଗ୍ରାହୀ, ମନୋଜ ମହାକୁଡ଼, ସୂର୍ଯ୍ୟମଣୀ ମେହେର ମଞ୍ଚାସୀନ ଥିଲେ । ଅଧ୍ୟକ୍ଷ ସୁରେଶଚନ୍ଦ୍ର ମେହେର ସଭାପତିତ୍ୱ କରିଥିଲେ । ଅଧ୍ୟାପକ ସୁଦାମ ଚନ୍ଦ୍ର ମହାପାତ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ।

# ପୁଣି ଜାଳେଣି ଭରସା

ବଲାଙ୍ଗିର,୧୫ ।୧୧(ସମିସ)

ଗ୍ୟାସ ରୋଷେଇରୁ ମୁହଁ ମୋଡିଲେଣି ମହିଳା । ଦେଶରେ ବିଜେପି ଗୋଟିଏ ଦଶନ୍ଧି ଧରି ଉଜ୍ଜଳା ଯୋଜନାକୁ ଏକ ସଫଳ ଯୋଜନା କହି ବାହାବା ନେଇଆସୁଛି । ଏଥିପାଇଁ ଏହି ଯୋଜନା ଆରମ୍ଭ କରିଥିବା ତତ୍‌କାଳୀନ ପେଟ୍ରୋଲିୟମ ଓ ପ୍ରାକୃତିକ ଗ୍ୟାସ୍ ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ମଧ୍ୟ ସମସ୍ତେ ଧନ୍ୟବାଦ ଦେଇଆସୁଛନ୍ତି । ଜାଳେଣି କାଠ ବଦଳରେ ମହିଳାମାନଙ୍କ ଜରିଆରେ ସମସ୍ତ ପରିବାର ହାଣ୍ଡିଶାଳକୁ ଗ୍ୟାସ୍ ସଂଯୋଗ କରିବା ଏହି ଯୋଜନାର ଏକମାତ୍ର ଲକ୍ଷ୍ୟ ବୋଲି କୁହାଯାଉଥିଲା; କିନ୍ତୁ ଆଜି ଏହି ଯୋଜନାର ବାସ୍ତବତା କ'ଣ, କେତେ ପ୍ରତିଶତ ଘରେ ଗ୍ୟାସ ସଂଯୋଗ ହୋଇପାରିଛି, ଗ୍ୟାସ ସିଲିଣ୍ଡର ବଢିବା ପରେ ଲୋକେ ଗ୍ୟାସ ବ୍ୟବହାର କରୁଛନ୍ତି ନା ପୁଣି ଜାଳେଣି କାଠ ମୁହାଁ ହେଲେଣି ତାକୁ ନେଇ ମଧ୍ୟ ପ୍ରଶ୍ନ ଉଠିଛି । ତେବେ ଏହି ଯୋଜନା ବଲାଙ୍ଗିର ଜିଲ୍ଲାରେ ବିଫଳ ହୋଇଥିବା ଅଭିଯୋଗ ହୋଇଛି । ଆଜି ବି ଏହି ଯୋଜନାର ସୁବିଧା ପାଇଥିବା ପରିବାର ସଂଖ୍ୟା ୫୦ ପ୍ରତିଶତ ରହିଛି ।

ଜେଳେଣି କାଠ ବଦଳରେ ମହିଳା ଗ୍ୟାସରେ ରୋଷେଇ କରିବେ । ଏହାଫଳରେ ସେମାନେ ଜାଳେଣି କାଠ ଧୂଆଁରୁ ହେଉଥିବା ଅନାବଶ୍ୟକ ରୋଗରୁ ମୁକ୍ତି ପାଇପାରିବେ । ଏହି ଲକ୍ଷ୍ୟ ନେଇ ୨୦୧୬ରେ ବିଜେପି ଦେଶରେ ଯୋଜନାର ଶୁଭାରମ୍ଭ କରିଥିଲା । ଏହି ଯୋଜନାରେ ଗରିବ ପରିବାରକୁ ମାଗଣାରେ ଗ୍ୟାସ୍ ସଂଯୋଗ ଯୋଗାଇ ଦିଆଯିବ । ପ୍ରଥମେ ଗରିବ ପରିବାର ଏହି ଯୋଜନାର ଅନେକ ଲାଭ ଉଠାଇଥିଲେ । ଦେଶରେ ଏହି ଯୋଜନା ସଫଳ ହୋଇଥିବା ନେଇ ମନ୍ତ୍ରୀଙ୍କଠାରୁ ଆରମ୍ଭ କରି ବିଜେପି କର୍ମୀଙ୍କ ପର୍ଯ୍ୟନ୍ତ ବାହାବା ନେଇଥିଲେ; କିନ୍ତୁ ଏହି ଯୋଜନାର ସଫଳତା ହାର କେତେ ତାହା କେବେ କେହି ଧ୍ୟାନ ଦେଇ ନ ଥିଲେ । ତେବେ ଏହି ଯୋଜନା ବଲାଙ୍ଗିର ଜିଲ୍ଲାରେ ସଫଳ ହୋଇଛି ନା ବିଫଳ ହୋଇଛି ତାହା ବର୍ତ୍ତମାନ ସମୟରେ ଏକ ବଡ ପ୍ରଶ୍ନ । ଏହି




**୫୦ ପ୍ରତିଶତ ହିତାଧିକାରୀଙ୍କୁ ମିଳିଲାନି ଉଜ୍ଜଳା ଯାହାକୁ ମିଳିଛି ତାହା ବି ବନ୍ଦ ପଡିଛି**

**ଉଜ୍ଜଳା ବିଫଳତା ପଛରେ ଆକାଶ ଛୁଆଁ ଦର ଜଙ୍ଗଲରୁ ଜାଳେଣି ସଂଗ୍ରହ କରି ରୋଷେଇ କରୁଛନ୍ତି ଗାଁ ମହିଳା**


ଯୋଜନା ଆରମ୍ଭ ହେବାର ପ୍ରାୟ ୯ ବର୍ଷ ପରେ ଜିଲ୍ଲାରେ ଆଜି ବି ଏହି ଯୋଜନାରୁ ୫୦ ପ୍ରତିଶତ ସଂଯୋଗ ହୋଇନାହିଁ । ଅର୍ଥାତ ୫୦ ପ୍ରତିଶତ ଗରିବ ପରିବାର ଏହି ଯୋଜନାର ଲାଭ ପାଇନାହାନ୍ତି । ଯୋଗାଣ ବିଭାଗ ପକ୍ଷରୁ ବିଭିନ୍ନ ସମୀକ୍ଷା ବୈଠକରେ ଦିଆଯାଇଥିବା ରିପୋର୍ଟ ହିଁ ଏହାକୁ ସ୍ପଷ୍ଟ କରିଛି । ଏହି ରିପୋର୍ଟ ଅନୁସାରେ ଜିଲ୍ଲାର ୧୪ଟି ବ୍ଲକ, ୨ଟି ପୌର ପରିଷଦ ଓ ୩ଟି ବିଜ୍ଞାପିତ ଅଞ୍ଚଳ ପରିଷଦରେ ୫ ଲକ୍ଷ ୬୧ ହଜାର ୮୫୧ ଆବେଦନ ପତ୍ର ଗ୍ରହଣ କରାଯାଇଥିଲା । ଆଇଓସିଏଲ, ବିପିସିଏଲ, ଏଚପିସିଏଲ ଜରିଆରେ ଏହି ସବୁ ଆବେଦନ ଗ୍ରହଣ କରାଯାଇଥିଲା । ଆଗଲପୁର ବ୍ଲକରେ ୧୩ ହଜାର ୧୪୬, ପୁଇଁନ୍ତଲା ବ୍ଲକରେ ୪୭ହଜାର ୨୧୮, ଲୋଇସିଂହା ବ୍ଲକରେ ୭ ହଜାର ୩୩୫, ବଲାଙ୍ଗିର ପୌରପରିଷଦରେ ୧୭ ହଜାର ୭୦୧, ବଲାଙ୍ଗିର ସଦର ବ୍ଲକରେ ୧୨ ହଜାର ୨୬୯, ଦେଓଗାଁ ବ୍ଲକରେ ୨୦ ହଜାର ୭୩୪, ଗୁଡଭେଲା ବ୍ଲକରେ ୧୭ ହଜାର ୭୩୩, ତୁଷୁରା ଏନଏସିରେ ୨୭ ହଜାର ୩୫୮, ପାଟଣାଗଡ ଏନଏସିରେ ୬ହଜାର ୯୩୦, ପାଟଣାଗଡ ବ୍ଲକରେ ୩୨ ହଜାର ୬୬୬, ଖପ୍ରାଖୋଲ ବ୍ଲକରେ ୩୨ ହଜାର ୪୫୩, ବେଲପଡା ବ୍ଲକରେ ୨୨ ହଜାର ୪୭୨, ଟିଟିଲାଗଡ ବ୍ଲକରେ ୨ ଲକ୍ଷ ୨୫ ହଜାର ୮୮୮, ଟିଟିଲାଗଡ ପୌରପରିଷଦରେ ୫ ହଜାର ୯୫୫, ବଙ୍ଗୋମୁଣ୍ଡା ବ୍ଲକରେ ୯ହଜାର ୯୮୫, ମୁରିବାହାଲ ବ୍ଲକରେ ୧୩ ହଜାର ୪୭୮, ସଇଁନ୍ତଲା ବ୍ଲକରେ ୪ ହଜାର ୭୨୮, ତୁରେକେଲା ବ୍ଲକରେ ୨୬ ହଜାର ୬୪୬, କଣ୍ଟାବାଞ୍ଜି ଏନଏସିରେ ୧୭ ହଜାର ୧୫୬ ମହିଳା ଉଜ୍ଜଳା ଯୋଜନାରେ ଆବେଦନ କରିଥିଲେ । ଏମାନଙ୍କ ଭିତରେ ଆଗଲପୁର ବ୍ଲକରେ ୧୨ ହଜାର ୨୪୦, ପୁଇଁନ୍ତଲା ବ୍ଲକରେ ୩୭ ହଜାର ୩୧୬, ଲୋଇସିଂହା ବ୍ଲକରେ ୬ହଜାର ୬୦୫, ବଲାଙ୍ଗିର ପୌର ପରିଷଦରେ ୯ହଜାର ୪୬୮, ସଦର ବ୍ଲକରେ ୧୦ ହଜାର ୯, ଦେଓଗାଁ ବ୍ଲକରେ ୧୫ ହଜାର ୮୫୯, ଗୁଡଭେଲା ବ୍ଲକରେ୧୧ହଜାର୮୪୮, ତୁଷୁରା ଏନଏସିରେ ୨୪ ହଜାର ୪୭୮, ପାଟଣାଗଡ ଏନଏସିରେ ୫ ହଜାର୮୧୬, ପାଟଣାଗଡ ବ୍ଲକରେ ୨୩ହଜାର ୩୮୪, ଖପ୍ରାଖୋଲ ବ୍ଲକରେ ୨୫ ହଜାର ୯୨୩, ବେଲପଡା ବ୍ଲକରେ ୧୫ ହଜାର ୧୪୩, ଟିଟିଲାଗଡ ବ୍ଲକରେ ୧୮ ହଜାର ୮୫୯, ଟିଟଟିଲାଗଡ ପୌରପରିଷଦରେ ୫ହଜାର ୬୧୭, ବଙ୍ଗୋମୁଣ୍ଡା ବ୍ଲକରେ ୯ହଜାର ୧୨୭, ମୁରିବାହାଲ ବ୍ଲକରେ ୧୧ ହଜାର ୬୩୩, ସଇଁନ୍ତଲା ବ୍ଲକରେ ୩ହଜାର ୭୩୩, ତୁରେକେଲା ବ୍ଲକରେ ୨୦ ହଜାର ୧୦୮, କଣ୍ଟାବାଞ୍ଜି ବ୍ଲକରେ ୧୪ ହଜାର ୩୦୪ ସଂଯୋଗ ନଭେମ୍ବର ୭ ତାରିଖ ସୁଦ୍ଧା ଦିଆଯାଇଥିବା ଯୋଗାଣ ବିଭାଗ ସୂଚନା ଦେଇଛି । ଜିଲ୍ଲାରେ ସମୁଦାୟ ୫ ଲକ୍ଷ ୬୧ ହଜାର ୮୫୧ ଆବେଦନରୁ ମାତ୍ର ୨ ଲକ୍ଷ ୮୧ ହଜାର ୪୭୦ ସଂଯୋଗ ପ୍ରଦାନ କରାଯାଇଛି । ଅର୍ଥାତ ଆବେଦନରୁ ମାତ୍ର ୫୦ ପ୍ରତିଶତ ସଂଯୋଗ ଦିଆଯାଇଛି । ଏହା ହିଁ ସ୍ପଷ୍ଟ କରୁଛି ଉଜ୍ଜଳା ଯୋଜନା ବଲାଙ୍ଗିର ଜିଲ୍ଲାରେ କେତେ ସଫଳ ହୋଇଛି । ଅନ୍ୟପକ୍ଷରେ ଜିଲ୍ଲାରେ ଉଜ୍ଜଳା ଗ୍ୟାସ୍ ସଂଯୋଗ ନାମରେ ଜିଲ୍ଲାରେ ବଡ ଧରଣର ଅନିୟମିତତା ମଧ୍ୟ ହୋଇଥିବା ଅଭିଯୋଗ ହୋଇଛି । ଯାହା କିଛି ସଂଯୋଗ ରହିଛି ଗ୍ୟାସ୍ ଦର ଯୋଗୁଁ ସେମାନେ ମଧ୍ୟ ମୁହଁ ମୋଡିବା ଆରମ୍ଭ କରିଛନ୍ତି । ବିଶେଷ କରି ଆଭ୍ୟନ୍ତରୀଣ ଗାଁଗୁଡ଼ିକରେ ପୁଣି ସେହି ମହିଳାମାନେ ରୋଷେଇ କରିବା ପାଇଁ ଜଙ୍ଗଲରୁ କାଠ ସଂଗ୍ରହ କରିବା ଦୃଶ୍ୟ ମଧ୍ୟ ସାମ୍ନାକୁ ଆସିଲାଣି । ଅର୍ଥାତ ମହିଳାମାନେ ଆଉ ଗ୍ୟାସ୍ ନୁହଁ; ଜାଳେଣି କାଠ ଭରସାରେ ରୋଷେଇ ଆରମ୍ଭ କରୁଥିବା ଦେଖିବାକୁ ମିଳିଛି । ଏହା ହିଁ ଉଜ୍ଜଳା ଯୋଜନାର ବିଫଳ ଚିତ୍ରକୁ ସାମ୍ନାକୁ ଆଣିଛି ।





## ଏଟିଏମ୍‌ରେ ଟଙ୍କା ଭରୁଥିବା ସଂସ୍ଥାର ଖାମଖିଆଲି

### ଏଟିଏମ୍ ମେସିନ ଖୋଲା ଛାଡିଦେଲେ



କେସିଙ୍ଗା,୧୫ ।୧୧(ସମିସ) କଳାହାଣ୍ଡି ଜିଲ୍ଲା କେସିଙ୍ଗା ବ୍ଲକ୍ ପାଖରେ ଥିବା ଏସବିଆଇ ଏଟିଏମ୍ ପାଖକୁ ଯିବା ପାଇଁ ଉପଭୋକ୍ତାଙ୍କୁ ହଟହଟା ହେବାକୁ ପଡ଼ିଛି ।ବ୍ଲକ୍ ପାଖରେ ଥିବା ଏଟିମ୍ ଭିତରେ ଦୁଇଟି ମେସିନ ଲାଗିଛି । ଗତକାଲି ପର୍ଯ୍ୟନ୍ତ ଉପଭୋକ୍ତା ଆରାମରେ ପଇସା କାଢି ନିଜର ଆବଶ୍ୟକତା ପୂରଣ କରୁଥିଲେ ।ହେଲେ ଶନିବାର ଦିନ ଦୁଇ ଟିଏଟିଏମ୍ ମଧ୍ୟରୁ ଗୋଟିଏ ଏଟିଏମ୍ ରିପ୍ଲେସମେଣ୍ଟ ପାଇଁ ସକାଳୁ ଟଙ୍କା ନ ଭାରି ମେସିନ ଖୋଲା ଛାଡି ଦେଇଛନ୍ତି ।ହେଲେ କିଛି ଗ୍ରାହକ ଖୋଲା ଏଟିଏମ୍ ଦେଖି ପଳାଇଥିଲେ ମଧ୍ୟ ଶନିବାର ପ୍ରାୟ ସନ୍ଧ୍ୟା ୭ ଘଣ୍ଟା ସମୟରେ ଜଣେ ସଚେତନ ନାଗରିକ କିଛି ଗଣମାଧ୍ୟମ ପ୍ରତିନିଧିଙ୍କୁ ଉକ୍ତ ଏଟିଏମ୍ ବିଷୟରେ କହିଥିଲେ । ଗଣମାଧ୍ୟମ ପ୍ରତିନିଧିମାନେ ଏଟିଏମ୍‌କୁ ଯାଇ ଏଟିଏମ୍ ଫାଡିଲା ଭଳି ଦେଖାଯାଉଥିଲା । ପରେ ପୁଲିସକୁ ଖବର ଦେବା ପରେ ଏସ୍‌ଡିପି ଓ ଏବଂ ଥାନା ଅଧିକାରୀ ଜୀତେନ୍ଦ୍ର ବିଶ୍ୱାଳ ପହଞ୍ଚି ଏସବିଆଇ କର୍ମଚାରୀଙ୍କୁ ଡକାଇ ପଚାରି ବୁଝିବା ପରେ ଏସବିଆଇ କର୍ମଚାରୀ ଜଣକ ଏଟିଏମ୍‌ରେ ପଇସା ଭର୍ତ୍ତି କରୁଥିବା ସଂସ୍ଥାକୁ ଫୋନ୍ କରି ପଚାରିବାରୁ ଉକ୍ତ ମେସିନ ରିପ୍ଲେସମେଣ୍ଟ ହେବ ତେଣୁ ଖୋଲା ଛାଡ଼ାଯାଇଛି ।ଯଦି ମେସିନ ରିପ୍ଲେସମେଣ୍ଟ ହେବ ତାହାହେଲେ ଏସବିଆଇ ମେସିନ ଉପରେ ଆଉଟ୍ ଅଫ୍ ସର୍ଭିସ୍ କିମ୍ବା ରିପ୍ଲେସମେଣ୍ଟର କାଗଜ କାହିଁକି ଲଗାଇଲା ନାହିଁ ବୋଲି ସନ୍ଦେହ ସୃଷ୍ଟି ହୋଇଛି । ଟଙ୍କା ଭରୁଥିବା ସଂସ୍ଥାର ମନମାନୀରୁ ଉପଭୋକ୍ତା ଛାନିଆ ହୋଇ ପଡିଛନ୍ତି ।

## ଆର୍‌ଏସ୍‌ପିରେ ରେଳ-ରୋଡ୍ ସୁରକ୍ଷା ସଚେତନତା



ରାଉରକେଲା, ୧୫।୧୧(ସମିସ): ରାଉରକେଲା ଇସ୍ପାତ କାରଖାନାର ଟ୍ରାଫିକ୍ ଏବଂ କଞ୍ଚାମାଲ ବିଭାଗ (ଟିଆଣ୍ଡ ଆର୍ ଏମ୍) ଦ୍ୱାରା ସ୍ୱତନ୍ତ୍ର ରେଳ-ରୋଡ୍ ସୁରକ୍ଷା ଅଭିଯାନ ଆୟୋଜନ କରାଯାଇଥିଲା । ଏହି ସ୍ୱତନ୍ତ୍ର ଅଭିଯାନଟି କାରଖାନା ପରିସରରେ ସଡ଼କ-ରେଳ ସୁରକ୍ଷା ସଂସ୍କୃତିକୁ ଆହୁରି ସୁଦୃଢ଼ କରିବା ଲକ୍ଷ୍ୟରେ ସୁରକ୍ଷା ଇଞ୍ଜିନିୟରିଂ ବିଭାଗ ସହ ମିଳିତ ଭାବରେ ଆୟୋଜିତ ହୋଇଥିଲା । ଏହି ପଦକ୍ଷେପର ଏକ ଅଂଶସ୍ୱରୂପ ଟିଆଣ୍ଡଆରଏମ୍ ବିଭାଗର ଏକ ଶହରୁ ଉର୍ଦ୍ଧ୍ୱ କର୍ମଚାରୀ ଏବଂ ଠିକା ଶ୍ରମିକ ସଂସ୍କାର ଗେଟ୍‌ରୁ ମୁଖ୍ୟଗେଟ୍ ପର୍ଯ୍ୟନ୍ତ ଏକ ବିସ୍ତୃତ ମାନବଶୃଙ୍ଖଳ ଗଠନ କରିଥିଲେ । ଟ୍ରାଫିକ ବିଭାଗର ସିଜିଏମ୍ କୌଶିକ ସୁନ୍ୟାନି, ସୁରକ୍ଷା ଏବଂ ଅଗ୍ନିଶମ ସେବା ବିଭାଗର ସିଜିଏମ୍ ହୀରାଲାଲ ମହାପାତ୍ର, ଅବକାଶ ବେହେରା ସହଯୋଗ କରିଥିଲେ । ଅରବିନ୍ଦ ଉପାଧ୍ୟାୟ, ସିନିୟର ମ୍ୟାନେଜର ଶ୍ରୀନିବାସ ପୃଷ୍ଟି ପରିଚାଳନା କରିଥିଲେ ।

## ସାମ୍ବାଦିକ ଗୌର ଚନ୍ଦ୍ର ପରିଛାଙ୍କ ଶୋକସଭା



ତରଭା,୧୫।୧୧(ସମିସ): ଓଡ଼ିଶା ସାମ୍ବାଦିକ ସଂଘ ସୋନପୁର ଜିଲ୍ଲା ଶାଖା ପକ୍ଷରୁ ଜିଲ୍ଲାର ଉଲୁଣ୍ଡା ବ୍ଲକର ବରିଷ୍ଠ ସାମ୍ବାଦିକ ତଥା ସଂଘର ଉପଦେଷ୍ଟା ସ୍ୱର୍ଗତ ଗୌର ଚନ୍ଦ୍ର ପରିଛାଙ୍କ ସ୍ମୃତି ଉଦ୍ଦେଶ୍ୟରେ ସୋନପୁର ବ୍ଲକ୍ ସଭା ଗୃହରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଥିଲା । ମୁଖ୍ୟଅତିଥି ଭାବରେ ସୁବର୍ଣ୍ଣପୁର ଅତିରିକ୍ତ ଜିଲ୍ଲାପାଳ ଅଞ୍ଜଲୀନା ପଧାନ, ଜିଲ୍ଲା ସୂଚନା ଓ ଲୋକସଂପର୍କ ଅଧିକାରୀ ଅର୍ଜୁନ ମାଝୀ, ସମ୍ମାନିତ ଅତିଥି ଭାବେ ଡ. ଆର୍ତ୍ତତ୍ରାଣ ବାବୁ, ବରିଷ୍ଠ ସାମ୍ବାଦିକ ପର୍ଶୁରାମ ମିଶ୍ର, ସମାଜସେବୀ ଶ୍ରୀବତ୍ସ ମଲ୍ଲିକ, ଆଇନଜୀବୀ ପ୍ରଦୀପ ପୁରୋହିତ, ବରିଷ୍ଠ ନାଗରିକ ଜ୍ୟୋତି ରଞ୍ଜନ ପଟ୍ଟନାୟକ ଯୋଗଦେଇ ସ୍ୱର୍ଗତ ପରିଛାଙ୍କ ଫଟୋ ଚିତ୍ରରେ ଶ୍ରଦ୍ଧାଞ୍ଜଳୀ ଅର୍ପଣ କରିଥିଲେ । ପରେ ସ୍ୱର୍ଗୀୟ ଅମର ଆତ୍ମାର ସଦ୍‌ଗତି ପାଇଁ ଦୁଇ ମିନିଟ୍ ନିରବ ପ୍ରାର୍ଥନା କରାଯାଇଥିଲା । ସଂଘର ଜିଲ୍ଲା ଶାଖା ସଭାପତି ମନୋରଞ୍ଜନ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସଭାରେ ଓଡ଼ିଶା ସାମ୍ବାଦିକ ସଂଘର ରାଜ୍ୟ କାର୍ଯ୍ୟ କାରିଣୀ ସଦସ୍ୟ ଦିଲ୍ଲୀପ ପାତ୍ର ସଭା ସଂଯୋଜନା କରିଥିଲେ । ଶ୍ରୀ ପରିଛା ଏକାଧାରରେ ଜଣେ ସାମ୍ବାଦିକ, ସାହିତ୍ୟିକ, ଗାଳ୍ପିକ, ସମାଜସେବୀ, ଆୟୁର୍ବେଦ ଚିକିତ୍ସକ, ପ୍ରବଚକ ଓ ପରିବେଶ ପ୍ରେମୀ ଭାବେ ଖୁବ୍ ଜଣାଶୁଣା ଥିଲେ ବୋଲି ଅତିଥିମାନେ ମତ ରଖିଥିଲେ । ଏ ଅଞ୍ଚଳର କଳା, ସଂସ୍କୃତି, ଶିକ୍ଷା, ସ୍ୱାସ୍ଥ୍ୟ, ଗମନାଗମନ ବିକାଶର ଚିତ୍ର ଆଙ୍କିବାରେ ସେ ଏକ ଧୁରନ୍ଧର କାରିଗର ଥିଲେ ବୋଲି ସମସ୍ତ ଅତିଥି ଓ ସାମ୍ବାଦିକ ରତନ ପଟ୍ଟନାୟକ, ବେଣୁଧର ପଧାନ ମତ ରଖିଥିଲେ । ସଂଘର ରାଜ୍ୟ ସାଂଗଠନିକ ସମ୍ପାଦକ ରାଜ କିଶୋର ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ । ଶେଷରେ ଶାନ୍ତି ପାଠ ମନ୍ତ୍ର ପରେ ସଭା ଶେଷ ହୋଇଥିଲା ।

## ବିଜ୍ଞାନମେଳା ଓ ହସ୍ତକଳା ପ୍ରଦର୍ଶନୀ



ବଣାଇଁ,୧୫ ।୧୧(ସମିସ): ବଣାଇଗଡ଼ ସହରସ୍ଥିତ ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷା କେନ୍ଦ୍ରରେ ବିଜ୍ଞାନ ମେଳା ସହିତ ଚିତ୍ରକଳା ଓ ହସ୍ତକଳା ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି । ଏଥିରେ ମୁଖ୍ୟଅତିଥି ଭାବେ ବଣାଇଁଗଡ଼ ଗୋଷ୍ଠୀ ଶିକ୍ଷାଧିକାରୀ ସୁନିଲ ମୁଣ୍ଡୁ ଯୋଗ ଦେଇଥିବାବେଳେ ସମ୍ମାନିତ ଅତିଥି ଭାବେ ବରିଷ୍ଠ କଳାକାର ତଥା ବଣାଇଁଗଡ଼ ବ୍ଲକ୍ କଳାକାର ସଂଘ ଉପସଭାପତି ଖଗେଶ୍ୱର ବାରିକ, ବିଜେପି ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ରାହାସ ବିହାରୀ ପ୍ରଧାନ, ଅବସରପ୍ରାପ୍ତ ରେଞ୍ଜର ସତ୍ୟନାରାୟଣ ମିଶ୍ର, ବରିଷ୍ଠ ଆଇନଜୀବୀ ପ୍ରାଣକୃଷ୍ଣ ବିଶ୍ୱାଳ, ବିଜନ ସେନ ଉପସ୍ଥିତ ଥିଲେ । ପରେ ବିଦ୍ୟାଳୟର ଛାତ୍ରଛାତ୍ରୀ ବିଭିନ୍ନ ପ୍ରକାର ୧୧୨ଟି ପ୍ରୋଜେକ୍ଟ ମାଧ୍ୟମରେ ବିଜ୍ଞାନ ସହିତ ଚିତ୍ରକଳା ଓ ହସ୍ତକଳା ପ୍ରଦର୍ଶନ କରିଥିଲେ । ବିଚାରକ ଭାବେ ଶିହିଡିହା କଲେଜର ଅଧ୍ୟାପକ ପ୍ରଶାନ୍ତ କୁମାର ଚଇନି, ଝାରବେଡା ଲବଙ୍ଗ ଲତା ସ୍କୁଲର ବିଜ୍ଞାନ ଶିକ୍ଷକ ସୁମନ କୁମାର ସାହୁ, ଶିକ୍ଷକ ଦୁର୍ଗା ପ୍ରସାଦ ଶତପଥୀ, ତନୁଜ କୁମାର ପ୍ରଧାନ, ଅମିୟ କୁମାର ପଣ୍ଡା, ବରିଷ୍ଠ ଶିକ୍ଷକ ସରୋଜ କୁମାର ତ୍ରିପାଠୀ ଉପସ୍ଥିତ ଥିଲେ । ପ୍ରଶାନ୍ତ କୁମାର ନାୟକଙ୍କ ଅଧ୍ୟକ୍ଷତାରେ ହୋଇଥିବାବେଳେ ଏଥିରେ କମିଟି ସଭାପତି ନରେନ୍ଦ୍ର ସାହୁ, ସ୍କୁଲର ପ୍ରତିଷ୍ଠାତା ପ୍ରଦୀପ କୁମାର ମିଶ୍ର, ବଳଦେବ ମହାନ୍ତି, ସୁମନ କୁମାର ସାହୁ, ରୋହିତ କୁମାର ସାହୁ, ଅକ୍ଷୟ କୁମାର ଦାଶ, ନନ୍ଦିତା ସେନ, ରଞ୍ଜିତା ସରାପ ପ୍ରମୁଖ ଉପସ୍ଥିତ ଥିଲେ ।

## ଲାଞ୍ଜିଗଡ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

# ପ୍ରଚାରପ୍ରସାର ଅଭାବରୁ ଆସିଲେନି ଚାଷୀ

ଲାଞ୍ଜିଗଡ଼,୧୫ ।୧୧(ସମିସ)



ଲୋକଙ୍କୁ ସରକାରଙ୍କ ବିଭିନ୍ନ ଯୋଜନା ଉପରେ ସଚେତନତା କରିବା ଲକ୍ଷରେ ପ୍ରତି ବ୍ଲକ୍‌ରେ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଆୟୋଜନ କରାଯାଇ ଲୋକଙ୍କୁ ସଚେତନ କରାଯାଉଛି ।କିନ୍ତୁ କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ ବିଶ୍ୱନାଥପୁର ସ୍ଥିତ ଗୋପବନ୍ଧୁ ହାଇସ୍କୁଲ ଖେଳ ପଡ଼ିଆରେ ଆୟୋଜିତ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳାରେ ଓଲଟା ଦେଖିବାକୁ ମିଳିଛି ।

ଶନିବାର ଲାଞ୍ଜିଗଡ଼ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳାରେ ଚାଷୀ କମ୍ ଅଣ ଚାଷୀ କିଛିଙ୍କୁ ନେଇ ମେଳା ସାରିଦେଇଥିବା ଦେଖିବାକୁ ମିଳିଛି । ଫଳରେ ଚାଷୀ ମହଲରେ ଅସନ୍ତୋଷ ଦେଖାଦେଇଛି । ଚାଷ ଓ ଚାଷୀଙ୍କ ଉଦ୍ଦେଶ୍ୟରେ ବିଭିନ୍ନ ଯୋଜନା ଆସୁଥିବା ବେଳେ ପ୍ରଚାର ପ୍ରସାର ଅଭାବରୁ ଯୋଜନା ଗୁଡିକ ଲାଞ୍ଜିଗଡ଼ ବ୍ଲକ୍‌ରେ ବାଟମାରଣା ହେଉଥିବା ଚାଷୀମାନେ ଅଭିଯୋଗ ଆଣୁଛନ୍ତି ।ଲାଞ୍ଜିଗଡ଼ ବିଡିଓ ଶଶାଙ୍କ ପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଲାଞ୍ଜିଗଡ଼ ବିଧାୟକ ପ୍ରଦୀପ କୁମାର ଦିଶାରୀ ଯୋଗ ଦେଇଥିବାବେଳେ ବିଶିଷ୍ଟ ଅତିଥି ଭାବେ ଲାଞ୍ଜିଗଡ଼ ବ୍ଲକ୍ ଅଧ୍ୟକ୍ଷା କମଳା ପାତ୍ର, ଉପାଧ୍ୟକ୍ଷ ସଞ୍ଜୀବ କୁମାର ନାୟକ, ମୁଖ୍ୟବକ୍ତା ଭାବେ ଜିଲ୍ଲା ମୁଖ୍ୟ ପ୍ରାଣୀ ସମ୍ପଦ ଅଧିକାରୀ ଡ. ନୀରଦ ଚନ୍ଦ୍ର କହଁର, ସମ୍ମାନିତ ବକ୍ତା ଭାବେ କବି ସାକେତ ଶ୍ରୀଭୂଷଣ ସାହୁ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ମତ୍ସ୍ୟ ସମ୍ପଦ ଅଧିକାରୀ ଜ୍ଞାନରଞ୍ଜନ ସେଠ, ସାଂସଦ ପ୍ରତିନିଧି ନରେନ୍ଦ୍ର ବେହେରା, ବିଧାୟକ ପ୍ରତିନିଧି ପ୍ରଦୀପ କୁମାର ଘଡେଇ ପ୍ରମୁଖ ଯୋଗ ଦେଇଥିଲେ । କାର୍ଯ୍ୟକ୍ରମରେ ବ୍ଲକ୍ ପ୍ରାଣୀ ସମ୍ପଦ ଅଧିକାରୀ ସୁଜିତ ଶତପଥି ସ୍ୱାଗତ ଅଭିଭାଷଣ ଦେଇଥିବାବେଳେ ଅତିରିକ୍ତ ପ୍ରାଣୀ ସମ୍ପଦ ଅଧିକାରୀ ଡ. ତେଜସ୍ୱିନୀ ସାହୁ ସଭା ପରିଚାଳନା କରିଥିଲେ । ଏହି ଅବସରରେ କୃଷି ବିଭାଗ, ପ୍ରାଣୀ ସମ୍ପଦ ବିଭାଗ, ଉଦ୍ୟାନ ବିଭାଗ, ମତ୍ସ୍ୟ ସମ୍ପଦ ବିଭାଗ ଓ ସ୍ୱେଚ୍ଛାସେବୀ ସଂସ୍ଥାଗୁଡ଼ିକ ଦ୍ୱାରା ବିଭିନ୍ନ ସରକାରୀ ଯୋଜନା ସମ୍ପର୍କିତ ଷ୍ଟଲ ଖୋଲାଯାଇଥିଲା । ତେବେ ଆଗରୁ ଚାଷୀଙ୍କୁ କୌଣସି ସୂଚନା ଦିଆଯାଇ ନଥିବାରୁ ବ୍ଲକ୍‌ସ୍ତରୀୟ କାର୍ଯ୍ୟକ୍ରମରେ ଚାଷୀଙ୍କ ସଂଖ୍ୟା ଅତି ନଗଣ୍ୟ ଥିଲା । ସଭାରେ ଅଧାଅଧି ଚୌକି ଖାଲି ପଡିଥିବା ବେଳେ ମିଶନ ଶକ୍ତିର କିଛି ମହିଳାଙ୍କୁ ଦେଖାଇ ଯାହିତାହି କାର୍ଯ୍ୟକ୍ରମ ଚଳାଇ ନିଆଯାଇଥିଲା । ତେବେ ଚାଷୀଙ୍କ ପାଇଁ ଉଦ୍ଦିଷ୍ଟ ଏହି ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମରେ ଚାଷୀଙ୍କୁ ସଂପୂର୍ଣ୍ଣ ଅଣଦେଖା କରାଯିବାକୁ ନେଇ ବିଭିନ୍ନ ମହଲରେ ନିନ୍ଦା କରାଯାଇଛି ।

ଏପରିକି ପ୍ରାଣୀ ସମ୍ପଦ ବିଭାଗ, କୃଷି ବିଭାଗ, ମତ୍ସ୍ୟ ବିଭାଗ, ଉଦ୍ୟାନ ବିଭାଗର ବ୍ଲକ୍‌ସ୍ତରୀୟ ଅଧିକାରୀମାନଙ୍କ ମଧ୍ୟରେ ସମ୍ମନ୍ୱୟର ଅଭାବ ଓ ଅବହେଳା ଯୋଗୁଁ ଚାଷୀଙ୍କୁ ସାମିଲ କରି ହେଲାନି ବୋଲି ଅନେକ ଚାଷୀ ଅଭିଯୋଗ କରିଛନ୍ତି ।



# ପ୍ରଶଂସା ସାଉଁଟୁଛି ଅଭିଜି ଙ୍କ 'ସଜନା'

# ଅଭିନେତ୍ରୀ ସୂର୍ଯ୍ୟମୟୀଙ୍କ ପ୍ରଥମ ହିନ୍ଦୀ ଗୀତ



ରିଲିଜ୍ ହୋଇଛି ଓଡ଼ିଆ ସଂଗୀତ ନିର୍ଦ୍ଦେଶକ ତଥା କଣ୍ଠଶିଳ୍ପୀ ଅଭିଜିତ ମିଶ୍ରଙ୍କ ଆଉ ଏକ ହିନ୍ଦୀ ମ୍ୟୁଜିକ୍ ଭିଡିଓ 'ସଜନା' । ଯାହା ଦର୍ଶକଙ୍କ ହୃଦୟ ଜିଣୁଥିବା ବେଳେ ୟୁଟ୍ୟୁବରେ ଖୁବ୍ ପ୍ରଶଂସା ସାଉଁଟୁଛି । 'ସଜନା' ଏକ ହୃଦୟସ୍ପର୍ଶୀ ହିନ୍ଦୀ ପପ୍-କ୍ଲାସିକାଲ୍ ଫ୍ୟୁଜନ୍ । ସଂଗୀତରେ ସବୁବେଳେ ପରୀକ୍ଷା ନିରୀକ୍ଷାରେ ବିଶ୍ୱାସ କରୁଥିବା ଅଭିଜିତଙ୍କୁ ଏକ ସ୍ୱତନ୍ତ୍ର ପରିଚୟ ଦେଇଛି । 'ସଜନା' ଚିରନ୍ତନ ପ୍ରେମର ଚିର ସବୁଜ ପ୍ରତୀକ । ଯେଉଁଠି ଗୋଟେ ପ୍ରେମିକା ନିଜ ପ୍ରେମିକ ପାଇଁ ଅନ୍ତରର ଅଭିମାନକୁ ଭାଙ୍ଗି ଅତୀତର ସ୍ମୃତିକୁ ମନେପକାଇ ଆପଣାର ମନର ମଣିଷକୁ ଆମନ୍ତ୍ରଣ କରୁଛି । ଗୀତଟି ବିଚ୍ଛେଦର କୋମଳ ଯନ୍ତ୍ରଣାକୁ ପ୍ରତିଫଳିତ କରୁଥିବା ବେଳେ ନାୟିକାଙ୍କ ଆତ୍ମସଂଗୀତକୁ ଗାଇ ଶୁଣେଇଛନ୍ତି କଣ୍ଠଶିଳ୍ପୀ ଅଭିଜିତ ମିଶ୍ର । ଏହି ମ୍ୟୁଜିକ୍ ଭିଡିଓରେ ଓଲିଉଡ୍ ନାୟିକା ସୂର୍ଯ୍ୟମୟୀ ମହାପାତ୍ର ଅତି ନିଖୁଣ ଭାବେ ଅଭିନୟ କରିଛନ୍ତି । 'ସଜନା' ସୂର୍ଯ୍ୟମୟୀଙ୍କ ପ୍ରଥମ ହିନ୍ଦୀ ଗୀତ ହୋଇଥିବା ବେଳେ ଏହି ମ୍ୟୁଜିକ ଭିଡିଓ କରି ସେ ବେଶ୍ ଖୁସି ଥିବାବେଳେ ନୂଆ ଧାରା ସୃଷ୍ଟି କରିଛନ୍ତି । ତେବେ ସଜନାରେ ଅଭିଜିତ ମିଶ୍ର ଉଭୟ କଣ୍ଠଦାନ ସହ ସଙ୍ଗୀତ ନିର୍ଦ୍ଦେଶନାର ଭାର ସମ୍ଭାଳି ଥିବା ବେଳେ ରାଜକୁମାର ମାହାତୋ ଗୀତ ରଚନା କରିଛନ୍ତି । ୩୦୦ରୁ ଅଧିକ ଗୀତରେ ନିଜ ନିଆରା ଅନ୍ଦାଜ ପାଇଁ ଦର୍ଶକଙ୍କ ପ୍ରିୟ ପାଲଟିଥିବା ଅଭିଜିତ 'ସଜନା'କୁ ନେଇ ବେଶ୍ ଆଶାବାଦୀ ଅଛନ୍ତି ।

# 'ଚକ୍ରାନ୍ତ'ର ପୋଷ୍ଟ ପ୍ରଡକ୍ସନ୍ କାମ ଶେଷ

ଲକ୍ଷେଶ୍ୱର ପ୍ରଡକ୍ସନ୍ ବ୍ୟାନରରେ ପ୍ରସ୍ତୁତ ତଥା ସୌରଭ ପାଢ଼ୀଙ୍କ ପ୍ରଯୋଜିତ ନୂଆ ଓଡ଼ିଆ ଚଳଚ୍ଚିତ୍ର 'ଚକ୍ରାନ୍ତ'ର ପୋଷ୍ଟ ପ୍ରଡକ୍ସନ୍ ଶେଷ ହୋଇଛି । ଜାନୁଆରୀରେ ଶୁଭମୁକ୍ତି ପାଇଁ ପ୍ରସ୍ତୁତ ହୋଇସାରିଛି । ପ୍ରଥମଥର ପାଇଁ ଭୂମିକାଙ୍କ ସହିତ ନାୟକ ମଣ୍ଟୁ ନଜର ଆସୁଛନ୍ତି । ଏହି ସିନେମାର ଚିତ୍ରନାଟ୍ୟ ଓ ନିର୍ଦ୍ଦେଶନା ଭାର କାନ୍ଧେଇଛନ୍ତି ନିର୍ଦ୍ଦେଶକ ପିନୁ ନାୟକ । କାହାଣୀ ରଚନା କରିଛନ୍ତି ଦିଶା ପାଢ଼ୀ ଏବଂ ସଂଳାପ ରଚନା କରିଛନ୍ତି ଜିତେନ୍ଦ୍ର କୁମାର ବରାଳ । ଗୀତ ଡଃ ନିର୍ମଳ ନାୟକ ଏବଂ ଡଃ ରଘୁନାଥ ସାହୁ ରଚନା କରିଥିବା ବେଳେ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଅଭିଜିତ ମଜୁମଦାର । ଚିତ୍ରତ୍ତୋଳନ ଦାୟିତ୍ୱରେ ସୁଦର୍ଶନ ସେନାପତି ଅଛନ୍ତି । କବିର ପ୍ରସାଦ ନୃତ୍ୟ ନିର୍ଦ୍ଦେଶନା ଦାୟିତ୍ୱ ତୁଲାଇଛନ୍ତି । ନାୟକ ଶୁଭାଶିଷ ଶର୍ମା (ମଣ୍ଟୁ), ନାୟିକା ଭୂମିକା ଦାଶ, ହରିହର ମହାପାତ୍ର, ଚୌଧୁରୀ ଜୟପ୍ରକାଶ ଦାସ, ପ୍ରଦ୍ୟୁମ୍ନ ଲେଙ୍କା, ଧରିତ୍ରୀ ଖଣ୍ଡୁଆଳ, ସୁରଭି, ସୌମ୍ୟ ଶତପଥୀ, ଶୁଭମ ପାଢ଼ୀ, ସୁମନ ମହାନ୍ତି, କୁସୁମ ତ୍ରିପାଠୀ, ପ୍ରମୋଦ ରାଉତ, ତୁଷାର, ଉମାକାନ୍ତ, ନିରଞ୍ଜନ ନିରୁଆ, ପୁଣ୍ୟତୋୟା ମିଶ୍ର, କ୍ରିଷ୍ଣାରାଣୀ ଦାଶ ଏବଂ ଅତିଥି କଳାକାର ଭାବେ ଅଶ୍ରୁମୋଚନ ମହାନ୍ତି ପ୍ରମୁଖ କଳାକାର ଅଭିନୟ କରୁଛନ୍ତି । ରହସ୍ୟ ଓ ରୋମାନ୍ସରେ ଭରା ଏଇ ଫିଲ୍ମଟି ହେଉଛି ଗୋଟିଏ ସମ୍ପୂର୍ଣ୍ଣ ଏଣ୍ଟରଟେନମେଣ୍ଟ ପ୍ୟାକେଜ୍ । ଏଥିରେ ଭରପୂର କମେଡି ମଧ୍ୟ ଅଛି । ଫ୍ୟାମିଲି ଡ୍ରାମା ସହ ଲଭ୍ ରୋମାନ୍ସ ଥିବା ବେଳେ, ଆମ ଓଡ଼ିଶାର ଦୋଳ ପର୍ବ ଅତି ଜାକଜମକରେ ଦେଖିବାକୁ ମିଳିବ । ଏହି ଫିଲ୍ମ ରେ, ଗାଁ ପରିବେଶ ତଥା ଆମ ମାଟିର ବାସ୍ନା ଅନୁଭବ କରି ହେବ ।



# ଟେଲିଭିଜନ ପ୍ରିମିୟର 'ଗଙ୍ଗା, ଯମୁନା, ସରସ୍ୱତୀ'

ଆଜି ସନ୍ଧ୍ୟା ୬ଟା ୩୦ରେ ତରଙ୍ଗ ଟିଭିରେ ଟେଲିଭିଜନ ପ୍ରିମିୟର୍ ହେବ 'ଗଙ୍ଗା, ଯମୁନା, ସରସ୍ୱତୀ' । ସିନେମାର ମୁଖ୍ୟ ଚରିତ୍ରରେ ନଜର ଆସିବେ ଶ୍ରଦ୍ଧା । ଶ୍ରଦ୍ଧା ଏଥିରେ ଗଙ୍ଗା, ଯମୁନା ଏବଂ ସରସ୍ୱତୀ ତିନିଟି ଚରିତ୍ରରେ ଅଭିନୟ କରିଛନ୍ତି । ସିନେମାର ନିର୍ଦ୍ଦେଶନା, କାହାଣୀ ଓ ଚିତ୍ରନାଟ୍ୟରେ ଅଛନ୍ତି ସଞ୍ଜୟ ନାୟକ । ପ୍ରଯୋଜନାରେ ଅଛନ୍ତି କ୍ଷୀରୋଦ ପଟ୍ଟନାୟକ । ସଂଗୀତରେ ସନ୍ଦୀପ ପଣ୍ଡା ଥିବା ବେଳେ ଗୀତ ରଚନା କରିଛନ୍ତି ନିର୍ମଳ ନାୟକ ଓ ସନ୍ଦୀପ । ସେହିପରି ସିନେମାଟିର ବିଭିନ୍ନ ଗୀତରେ କଣ୍ଠଦାନ କରିଛନ୍ତି ଗୌରବ ଆନନ୍ଦ, ଏସ୍. ଜିତୁ, ପାୟଲ ମହାନ୍ତି । ଶ୍ରଦ୍ଧାଙ୍କ ବ୍ୟତୀତ ସିନେମାରେ ଅଙ୍କିତ କୁମାର, ବିକ୍ରମ କେଶରୀ ମହାନ୍ତି, ରଶ୍ମି, ଜ୍ୟୋତି ପ୍ରକାଶ ପଣ୍ଡା, ଅଭିନବ ସିଂହ ପ୍ରମୁଖ କଳାକାର ଅଭିନୟ କରିଛନ୍ତି । ତେବେ ସିନେମାଟିକୁ ଦର୍ଶକେ ପସନ୍ଦ କରିବେ ବୋଲି ଏହାର ଟିମ୍ ଆଶାବାଦୀ ଅଛି ।




# ମାଣବସା ଗୁରୁବାରରେ 'ଲକ୍ଷ୍ମୀପୁରାଣ'

ଲୋକପ୍ରିୟ ଚ୍ୟାନେଲ ଜୀ ସାର୍ଥକ ଚଳିତ ମାର୍ଗଶିର ମାସ ମାଣବସା ଗୁରୁବାରରେ ନେଇ ଆସିଛି ବଳରାମ ଦାସଙ୍କ ଅନନ୍ୟ କୃତି 'ଲକ୍ଷ୍ମୀ ପୁରାଣ' । ପ୍ରତିବର୍ଷ ପରି ଏ ବର୍ଷ ମଧ୍ୟ ଦର୍ଶକ ଏଥିରେ 'ଲକ୍ଷ୍ମୀ ପୁରାଣ' ପ୍ରତି ଗୁରୁବାର ଭୋର ୫ଟା, ସକାଳ ୭ଟା ଓ ଅପରାହ୍ନ ୪ଟା ସମୟରେ ଦେଖିବାର ସୁଯୋଗ ପାଇଛନ୍ତି । ଏଥିରେ ମୁଖ୍ୟ ଚରିତ୍ର ସହ ଲକ୍ଷ୍ମୀ ପୁରାଣକୁ ଆବୃତ୍ତି କରିଛନ୍ତି ଓଡ଼ିଆ ଦର୍ଶକଙ୍କର ଅତିପ୍ରିୟ ସ୍ମୃତିରେଖା, ଅନନ୍ୟା ଓ ଅଙ୍କିତା । ଆବୃତ୍ତି ସହିତ ଲକ୍ଷ୍ମୀ ପୁରାଣକୁ ଚିତ୍ର ଓ ଅଭିନୟ ମାଧ୍ୟମରେ ମଧ୍ୟ ଉପସ୍ଥାପନ କରାଯାଇଛି । ଏହି ବିଶେଷ କାର୍ଯ୍ୟକ୍ରମକୁ ଦେଖି ଆମ ସଂସ୍କୃତି ଓ ପରମ୍ପରା ସହିତ ଦର୍ଶକେ ଯୋଡ଼ି ହେବା ଆଶା କରାଯାଉଛି ।

## ପରଦା ପଛର କାହାଣୀ

# ରେକର୍ଡିଂ ପୂର୍ବରୁ ଗୀତର ସୁଟିଂ

ସାଧାରଣତଃ ଫିଲ୍ମ ଗୀତଗୁଡ଼ିକ ପ୍ରଥମେ ରେକର୍ଡିଂ କରାଯାଇଥାଏ । ତାପରେ ଗୀତ ଅନୁଯାୟୀ ଏହାର ଦୃଶ୍ୟ ସୁଟିଂ ହୋଇଥାଏ । କିନ୍ତୁ ଏଭଳି ଏକ ଗୀତ ରହିଛି , ଯାହାର ଗୀତ ରେକର୍ଡିଂ ପୂର୍ବରୁ ପ୍ରଥମେ ଦୃଶ୍ୟର ସୁଟିଂ ହୋଇଥିଲା । ଏହି ଗୀତଟି ଥିଲା 'ପଟାଖା ଗୁଡ୍ଡି' । ୧୧ ବର୍ଷ ତଳେ ଆସିଥିବା ଏହି ଗୀତ ରାତାରାତି ସୁପରହିଟ୍ ହୋଇଥିଲା । ୨୦୧୪ ମସିହାରେ ମୁକ୍ତିଲାଭ କରିଥିବା ଫିଲ୍ମ 'ହାଇୱେ'ର ଏହା ଏକ ଲୋକପ୍ରିୟ ଗୀତ । ଏହି ଗୀତକୁ ନୁରନ୍ ସିଷ୍ଟର୍ସ ଗାଇଥିଲେ । ଏହାର ମ୍ୟୁଜିକ୍ ଓ କମ୍ପୋଜିସନ୍ ଏଆର୍ ରେହମାନ୍ କରିଥିଲେ । ଗୀତକୁ ରଚନା କରିଥିଲେ ଇରଶାଦ୍ କାମିଲ । ଏହା ଫିଲ୍ମ ଇଣ୍ଡଷ୍ଟ୍ରୀର ପ୍ରଥମ ଗୀତ ଯାହା ରେକର୍ଡିଂ ପୂର୍ବରୁ ପ୍ରଥମେ ସୁଟିଂ ହୋଇଥିଲା । ଇମତିୟାଜ୍ ଅଲ୍ଲୀ ପ୍ରଥମେ ଏହି ଗୀତର ଭିଜୁଆଲ୍ ସୁଟ୍ କରିସାରିଥିଲେ । ସେ ଲୋକେସନ୍, ମୁଡ୍ ଓ ଚରିତ୍ର ଅନୁଯାୟୀ ସ୍ଥାନ ନିରୂପଣ କରିଥିଲେ । ପରେ ଏ.ଆର୍. ରେହମାନଙ୍କୁ ପ୍ରଶ୍ନ କରିଥିଲେ, ଗୀତ ପାଇଁ କେଉଁଭଳି ପରିବେଶ ଆବଶ୍ୟକ ।



ହିନ୍ଦୀ ସିନେମାରେ ଏପରି ଦୃଶ୍ୟ ଖୁବ୍ କମ୍ ଦେଖିବାକୁ ମିଳିଥାଏ । ଇମତିୟାଜ୍ ଅଲ୍ଲୀ ଗୀତରେ ବାସ୍ତବ ଯାତ୍ରା ଓ ନୂତନତ୍ୱର ଏକ ଝଲକ ଦେଖାଇବାକୁ ଚାହୁଁଥିଲେ । କେବଳ ସେତିକି ନୁହେଁ, ସୁଟିଂ ଯାଏଁ ଗୀତର ଧୁନ୍ ମଧ୍ୟ ଜଣା ନ ଥିଲା । କିନ୍ତୁ ସେ ଆଲିୟା ଓ ରଣଦୀପ ହୁଡ୍ଡାଙ୍କୁ ନେଇ ଏପରି ଦୃଶ୍ୟ ସୁଟ୍ କରିଥିଲେ, ଯେଉଁଥିରେ ସ୍ୱାଧୀନତା ଓ ବେଫିକର୍ ହୋଇ ବୁଲିବାର ଦିଶୁଥିଲେ । ପରବର୍ତ୍ତୀ ସମୟରେ ରେହମାନ୍ ଏହି ଦୃଶ୍ୟ ଦେଖିବା ପରେ ଫିଲ୍ମର ଗୀତ ରଚନା ଓ ସ୍ୱର ସଂଯୋଜନା କରିଥିଲେ । ଏଥିପାଇଁ ଏହି ଗୀତରେ ଏକ ବାସ୍ତବ, ଜୀବନ୍ତ ଦୃଶ୍ୟର ଅନୁଭୂତି ଦେଖିବାକୁ ମିଳିଥିଲା । ଏହାକୁ ପଞ୍ଜାବ ଓ ହରିୟାଣାର ସୁନ୍ଦର ରାସ୍ତାରେ ସୁଟିଂ କରାଯାଇଥିଲା । ଖୋଲାପ୍ରାନ୍ତର, ରାସ୍ତା ଓ ଟ୍ରକ୍‌ସବାରୀ ଗୀତରେ ଏକ ନିଆରା ଅନୁଭୂତି ଦେଇଥିଲା । ୨୫ କୋଟିରେ ନିର୍ମିତ ଏହି ଫିଲ୍ମ ବକ୍ସ ଅଫିସ୍‌ରେ ଦ୍ୱିଗୁଣ ଆୟ କରିଥିଲା ।

## ସାକ୍ଷାତ

# "ଭିନ୍ନ ଭିନ୍ନ ଚରିତ୍ରରେ ଅଭିନୟ କରିବାକୁ ଭଲ ଲାଗେ"

### ମାମାଲି ସାହୁ, ଅଭିନେତ୍ରୀ

ବାପା ତାଙ୍କର କଳା ଜଗତ ସହିତ ଜଡ଼ିତ ଥିଲେ । ତାଙ୍କୁ ଦେଖି ସେ ବି ଜଣେ ଅଭିନେତ୍ରୀ ହେବାକୁ ଚାହିଁଥିଲେ । ସ୍କୁଲରୁ କଲେଜ ସବୁଠି ଏକକ ଅଭିନୟ କରି ସେ ଦର୍ଶକଙ୍କ ମନ କିଣି ପାରୁଥିଲେ । ଅଭିନେତ୍ରୀ ହେବାର ଜିଦ୍ ତାଙ୍କୁ ପରବର୍ତ୍ତୀ ସମୟରେ ଦେଇଥିଲା ସଫଳତା । ଏଭଳି ଜଣେ ବହୁମୁଖୀ ପ୍ରତିଭାର ଅଧିକାରିଣୀ ହେଉଛନ୍ତି କେଉଁଝର ଜିଲ୍ଲା ଆନନ୍ଦପୁରର ମାମାଲି ସାହୁ । କମେଡିରୁ କାମ ଆରମ୍ଭ କରି 'ମୋ ଶାଶୂର ଶାଶୂମା'ରେ ଚମତ୍କାର ଅଭିନୟ କରିଛନ୍ତି । ସେ ଏକାଧିକ କ୍ଷୁଦ୍ର ଚଳଚ୍ଚିତ୍ରରେ କାମ କରିଛନ୍ତି । ନିକଟରେ ସେ 'ଚାରିଧାମ' ସିନେମାରେ ଅଭିନୟ କରି ଦର୍ଶକଙ୍କ ମନ କିଣିଛନ୍ତି । ଜଣେ ଅଭିନେତ୍ରୀ ହେବାକୁ ତାଙ୍କୁ କେତେ ସଂଘର୍ଷ କରିବାକୁ ପଡ଼ିଛି ଜାଣିବା ତାଙ୍କ ମୁହଁରୁ ।



**ଅଭିନେତ୍ରୀ ହେବାକୁ କାହିଁକି ମନ ବଳାଇଥିଲେ?**

- ପିଲାଟି ଦିନେ ଟିଭିରେ ଯାହା ଦେଖୁଥିଲି ତାକୁ ନକଲ କରୁଥିଲି । 'ଛଅ ମାଣ ଆଠ ଗୁଣ୍ଠ', 'ବଡ଼ ଘର ବଡ଼ ଗୁମର କଥା' ଆଦି ଧାରାବାହିକ ମୋର ପ୍ରିୟ ଥିଲା । ସେଥିରେ ଶ୍ୱେତା ଆଚାର୍ଯ୍ୟଙ୍କ ନେଗେଟିଭ୍ ଚରିତ୍ରକୁ ମୁଁ ଅନୁକରଣ କରୁଥିଲି । ତାଙ୍କର ମୁଁ ପ୍ରଶଂସକ ଥିଲି । ତାଙ୍କ ପରି ଅଭିନୟ କରିବାକୁ ସ୍ୱପ୍ନ ଦେଖୁଥିଲି । ଯେହେତୁ ମୋ ପିତା କଳା ଲାଇନ୍‌ରେ ଥିଲେ ସେ ବି ଚାହୁଁଥିଲେ ଝିଅ ଅଭିନେତ୍ରୀ ହେଉ । ତେଣୁ ମୋର ଏହି ଯାତ୍ରା ସହଜ ହୋଇଯାଇଥିଲା । ପ୍ରଥମେ ପ୍ରଜ୍ଞା ଭାଇଙ୍କ ସହିତ କିଛି କମେଡି କରିଲି । ପରେ ଧାରାବାହିକ 'ମୋ ଶାଶୂର ଶାଶୂମା'ରେ କମେଡି ଚରିତ୍ରରେ ନଜର ଆସିଥିଲି । ପରବର୍ତ୍ତୀ ସମୟରେ 'ଆଭା', 'ଦୁର୍ଗା' ସିନେମାରେ କାମ କରିବାକୁ ସୌଭାଗ୍ୟ ଲାଭ କରିଛି । ସେହିଭଳି 'ବେଶୀ ଜମା ଭଲ ନୁହେଁ' ଆଦି କ୍ଷୁଦ୍ର ଚଳଚ୍ଚିତ୍ରରେ ଅଭିନୟ କରିଛି । ଦର୍ଶକଙ୍କ ଭଲ ପାଇବା ପାଇଛି ।

**କମେଡି ସିନ୍‌ରୁ ସିନେମାରେ ନେଗେଟିଭ୍ ଚରିତ୍ର କରିବା କେତେ ଚ୍ୟାଲେଞ୍ଜପୂର୍ଣ୍ଣ ଥିଲା?**

- କମେଡି ଆଉ ଅଭିନୟ ଏ ଦୁଇଟି ମୋତେ କରିବାର ଥିଲା । ଜଣେ ଅଭିନେତ୍ରୀ ସବୁ ଚରିତ୍ର କରିପାରିବ । ଏହି କଥାକୁ ମନେ ରଖି ସିନେମାରେ ଅଭିନୟ କରିଛି । 'ଆଭା' ସିନେମାରେ ମୁଁ ଜଣେ ଶିକ୍ଷୟିତ୍ରୀ ଭାବେ ଅଭିନୟ କରିଥିଲି । 'ଦୁର୍ଗା' ଚଳଚ୍ଚତ୍ରରେ ମୁଁ ନେଗେଟିଭ୍ ଚରିତ୍ରରେ ଅଭିନୟ କରିଥିଲି । 'ଚାରିଧାମ'ରେ ମୁଁ ବୋହୂ ଭୂମିକାରେ ନଜର ଆସିଥିଲି । ଯିଏକି ନିଜର ଶାଶୂ ଏବଂ ଶ୍ୱଶୁରଙ୍କୁ ବୃଦ୍ଧାଶ୍ରମକୁ ପଠାଇ ଦେଉଛି । ଯଦିଓ କମ୍ ସମୟ ପାଇଁ ଏହି ଚରିତ୍ର ଥିଲା । ହେଲେ ଦର୍ଶକ ମୋ ଚରିତ୍ରକୁ ବହୁତ ଭଲପାଇବା ଦେଇଛନ୍ତି । କେବଳ 'ଚାରିଧାମ' ନୁହେଁ 'ଆଭା' ସିନେମାଟି ମୋତେ ଲୋକପ୍ରିୟ କରାଇଛି ।

**'ଚାରିଧାମ'ରେ କାମ କରିବାକୁ କେମିତି ସୁଯୋଗ ମିଳିଲା?**

- 'ଚାରିଧାମ' ସିନେମାରେ ଅଭିନୟ କରିବା ପୂର୍ବରୁ ମୁଁ କିଛି ସିନେମାରେ କାମ କରିସାରିଥିଲି । ଏହାକୁ ଦେଖି ତାପସ ସରଘରିଆ ଭାଇ 'ଚାରିଧାମ' ପରି ସିନେମାରେ କାମ କରିବାକୁ ସୁଯୋଗ ଦେଇଥିଲେ । ଆଉ ଚରିତ୍ର ଭଲ କେମିତି କରିବି ସେ ନେଇ ସେ ଗାଇଡ୍ କରିଥିଲେ । ତେଣୁ 'ଚାରିଧାମ' ପରି ସିନେମା କରିବା ସୌଭାଗ୍ୟର ବିଷୟ । ବହୁତ ଖୁସି ଲାଗିଥିଲା ଏହି ସିନେମାକୁ ନେଇ ।

**ଫିଟ୍ ରହିବାକୁ କଣ କରନ୍ତି?**

- ଆଗରୁ ଧାରାବାହିକରେ କାମ କରୁଥିଲି । ସେଥିପାଇଁ ରାତି ରାତି ଅନିଦ୍ରା ରହିବାକୁ ପଡୁଥିଲା । ଏହା ଦ୍ୱାରା ମୋର ସ୍ୱାସ୍ଥ୍ୟ ସମସ୍ୟା ଦେଖାଦେଇଥିଲା । ତେଣୁ ଧାରାବାହିକ କାମ ଛାଡ଼ି ନିଜକୁ ସମୟ ଦେଉଛି । ନିଜର ଖାଦ୍ୟପେୟକୁ ଗୁରୁତ୍ୱ ଦିଏ । ବ୍ୟାୟାମ ଓ ଯୋଗ କରେ ।

**ଡ୍ରିମ ରୋଲ?**

- ନେଗେଟିଭ୍ ଏବଂ ଲାଜକୁଳା ଚରିତ୍ରରେ କାମ କରିବାକୁ ଇଚ୍ଛା ରଖିଛି । ମୌଳିକଧର୍ମୀ କାହାଣୀର ସିନେମାରେ କାମ କରିବାକୁ ଯୋଜନା ରଖିଛି । ଯାହା ବି ମୋତେ ଚରିତ୍ର ମିଳିବ ସେଥିରେ କିପରି ଭଲ କାମ କରିବି ତାହାକୁ ଗୁରୁତ୍ୱ ଦେଉଛି ।

**ଭଲ ଅଭିନୟ କରିବାକୁ କେମିତି ନିଜକୁ ପ୍ରସ୍ତୁତ କରନ୍ତି?**

- ଚରିତ୍ରକୁ ନିଖୁଣ ଭାବେ ଫୁଟାଇବାକୁ ମୁଁ ଦର୍ପଣ ସାମ୍ନାରେ ଅଭ୍ୟାସ କରେ । ମୋ ମୁହଁର ଭାବ, ବେଶ ପରିପାଟୀ ଖାପ ଖାଉଛି କି ନାହିଁ, କେମିତି ମୋ ଅଙ୍ଗଭଙ୍ଗୀ ରହିବ ତାହାକୁ ସବୁ ଧ୍ୟାନ ଦିଏ । ଭିନ୍ନ ଭିନ୍ନ ଭାଷାଭାଷୀର ସିନେମା ଦେଖି ସମସ୍ତ ଚରିତ୍ରକୁ ଅନୁକରଣ କରେ ।

**କଳା କ୍ଷେତ୍ରକୁ ନୂଆ କରି ଆସୁଥିବା ପିଲାଙ୍କୁ କ'ଣ କହିବେ?**

- ନୂଆ ପିଢ଼ିଙ୍କୁ ଏତିକି କହିବି ଏ ଲାଇନ୍‌କୁ ଆସୁଥିଲେ, ନିଜକୁ ଭଲ ଭାବେ ପ୍ରସ୍ତୁତ କରି ଆସନ୍ତୁ । ଧୀରେ ଧୀରେ କାମ ଆରମ୍ଭ କରନ୍ତୁ । କାରଣ ଛୋଟ ଛୋଟ କଥା ମଣିଷଙ୍କୁ ବଡ଼ ସଫଳତା ଦେଇଥାଏ । ଯାହା ବି ଚରିତ୍ର ମିଳୁଛି, ତାକୁ କେମିତି ସଠିକ୍ ଭାବେ ତୁଲାଇବେ ସେ କଥାକୁ ଧ୍ୟାନ ଦିଅନ୍ତୁ । ପ୍ରତ୍ୟେକ କ୍ଷେତ୍ରରେ ଶିଖିବାର ଆବଶ୍ୟକତା ରହିଛି । ଶିଖିଲେ ହିଁ ମଣିଷ ଆଗକୁ ବଢ଼ିବ ।

## ଦ.ଆଫ୍ରିକା ଧରାଶାୟୀ; ଭାରତ ନିୟନ୍ତ୍ରଣରେ ମ୍ୟାଚ୍

# ଇଡେନ୍‌ରେ ବୋଲରଙ୍କ ରାଜୁତି ଜାରି

କୋଲକାତା, ୧୫ ।୧୧ (ଏଜେନ୍ସି): ଘରୋଇ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ସ୍ଥାନୀୟ ଇଡେନ ଗାର୍ଡେନ୍ସ ଷ୍ଟାଡିୟମରେ ଚାଲିଥିବା ପ୍ରଥମ ଟେଷ୍ଟରେ ବୋଲରଙ୍କ ରାଜୁତି ଜାରି ରହିଛି। ପ୍ରଥମ ଦିବସରେ ୧୧ ୱିକେଟ୍‌ର ପତନ ଘଟିଥିବାବେଳେ ଶନିବାର ଆଉ ୧୫ଟି ୱିକେଟ୍ ପଡ଼ିଛି। ଦୁଇଦିନରେ ମୋଟ୍ ୨୬ଟି ୱିକେଟର ପତନ ଘଟିସାରିଲାଣି।

୩୦ ରନ ପଛରେ ଥାଇ ଦ୍ୱିତୀୟ ଇନିଂସ ଆରମ୍ଭ କରିଥିବା ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ଭୟଙ୍କର ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ଶନିବାର ଦ୍ୱିତୀୟ ଦିବସ ଷ୍ଟମ୍ପ ସୁଦ୍ଧା ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୩୫ ଓଭରରେ ୭ ୱିକେଟ୍ ହରାଇ ୯୩ ରନ ସଂଗ୍ରହ କରିଛି। ଅଧିନାୟକ ତେମ୍ବା ବଭୁମା ୨୯ ଓ କୋର୍ବିନ ବୋଶ୍ ୧ ରନରେ ଅପରାଜିତ ରହିଛନ୍ତି। ମାର୍କୋ ଜାନସେନ ୧୩, ର୍ୟାନ ରିକ୍ଲେନଟନ ୧୧, ୱିଆନ ମଲ୍ଡର ୧୧, କାଏଲ ଭେରେନୀ ୯, ଆଇଡେନ ମାର୍କରମ ୪, ଟ୍ରିଷ୍ଟାନ ଷ୍ଟବ୍ସ ୫, ଟୋନି ଡି ଜୋରଜି ୨ ରନରେ ଆଉଟ୍ ହୋଇଥିଲେ। ଘରୋଇ ଦଳ ପକ୍ଷରୁ ରବୀନ୍ଦ୍ର ଜାଡେଜା ୪ଟି ୱିକେଟ୍ ନେଇ ସବୁଠୁ ସଫଳ ବୋଲର ରହିଥିଲେ। କୁଲଦୀପ୍ ଯାଦବ ୨ ଓ ଅକ୍ଷର ପଟେଲ ଗୋଟିଏ ୱିକେଟ୍ ନେଇଛନ୍ତି। ଦ୍ୱିତୀୟ ଇନିଂସରେ ୩ ୱିକେଟ୍ ବଳକା ଥାଇ ଦକ୍ଷିଣ ଆଫ୍ରିକା ମୋଟ୍ ୬୩ ରନରେ ଅଗ୍ରଣୀ ରହିଛି। ମ୍ୟାଚ୍ ଆହୁରି ୩ ଦିନ ବାକି ରହିଥିବାରୁ ଭାରତ ଏବେ ଦୃଢ଼ସ୍ଥିତିରେ ରହିଛି।

### ଦ୍ୱିତୀୟ ଦିନରେ ୧୫ ୱିକେଟ୍‌ର ପତନ

### ରାହୁଲଙ୍କ ୪ ହଜାର ରନ ପୂରଣ

ପୂର୍ବରୁ ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସରେ ୧୫୯ ରନରେ ସୀମିତ ରହିବା ପରେ ଭାରତ ପ୍ରଥମ ଦିବସ ସୁଦ୍ଧା ଗୋଟିଏ ୱିକେଟ୍‌ରେ ୩୭ ରନ କରିଥିଲା। ଶନିବାର ଏହି ଅସମାପ୍ତ ସ୍କୋରରୁ ବ୍ୟାଟିଂ ଆରମ୍ଭ କରିଥିବା ଭାରତ ମଧ୍ୟ ନିୟମିତ ଅନ୍ତରରେ ୱିକେଟ୍ ହରାଇ ୬୨.୨ ଓଭରରେ ୧୮୯ ରନରେ ସୀମିତ ରହିଥିଲା। ଓପନର୍ ଲୋକେଶ ରାହୁଲ ସର୍ବାଧିକ ୩୯ ରନ କରିଥିଲେ। ଏହିକ୍ରମରେ ସେ ୧୮ତମ ଭାରତୀୟ ଭାବେ ଟେଷ୍ଟରେ ୪ ହଜାର ରନ ପୂରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ୱାଶିଂଟନ ସୁନ୍ଦର ୨୯, ଋଷଭ ପନ୍ତ ୨୭, ଜାଡେଜା ୨୭, ଅକ୍ଷର ୧୬, ଧ୍ରୁବ ଜୁରେଲ ୧୪, ଯଶସ୍ୱୀ ଜୟସ୍ୱାଲ ୧୨ ରନ କରିଥିଲେ। ଅଧିନାୟକ ଶୁବମନ ଗିଲ୍ ୪ ରନ କରିଥିବାବେଳେ ବେକରେ ଆଘାତ ପାଇ ରିଟାୟର୍ଡ ହର୍ଟ୍ ହୋଇଥିଲେ। ଭ୍ରମଣକାରୀ ଦଳ ପକ୍ଷରୁ ସାଇମନ ହାର୍ମର ୪ ଓ ମାର୍କୋ ଜାନସେନ ୩ଟି ୱିକେଟ ହାସଲ କରିଥିଲେ।



**ସଂକ୍ଷିପ୍ତ ସ୍କୋର**

ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୧୫୯/୧୦

ଭାରତ ପ୍ରଥମ ଇନିଂସ: ୧୮୯/୯ (ଗିଲ୍- ରିଟାୟାର୍ଡ ହର୍ଟ୍- ୪, ରାହୁଲ- ୩୯, ୱାଶିଂଟନ- ୨୯, ଜାଡେଜା- ୨୭, ପନ୍ତ- ୨୭, ଜୁରେଲ- ୧୪, ଅକ୍ଷର- ୧୬, ହାର୍ମର- ୪/୩୦, ଜାନସେନ- ୩/୩୫)।

ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସ: ୯୩/୭, ୩୫ ଓଭର (ବଭୁମା- ୨୯, ଜନସେନ- ୧୩, ମଲ୍ଡର- ୧୧, ମାର୍କରମ- ୪, ଷ୍ଟବ୍ସ- ୫, ଜାଡେଜା- ୪/୨୯, କୁଲଦୀପ୍- ୨/୧୨)।


## ଆଇପିଏଲ୍-୧୯: ଖେଳାଳି ରିଟେନ୍‌ସନ୍ ତାଲିକା ଜାରି

# ଜାଡେଜାଙ୍କୁ ଛାଡ଼ି ସଞ୍ଜୁଙ୍କୁ ଆଣିଲା ସିଏସ୍‌କେ

ନୂଆଦିଲ୍ଲୀ, ୧୫ ।୧୧ (ଏଜେନ୍ସି): ଆଇପିଏଲ୍‌ର ଆଗାମୀ ୧୯ତମ ସିଜନ ଲାଗି ଶନିବାର ଥିବା ରିଟେନସନ୍ ତାଲିକାର ଜାରି କରିବାର ଶେଷଦିନ। ଏହି ଅବସରରେ ସମସ୍ତ ୧୦ଟି ଫ୍ରାଞ୍ଚାଇଜ କେଉଁ ଖେଳାଳିଙ୍କୁ ଦଳରେ ରଖିଲେ ଓ କାହାକୁ ଡିସେମ୍ବର ୧୬ ତାରିଖରେ ହେବାକୁ ଥିବା ମିନି ନିଲାମୀକୁ ଛାଡ଼ିଲେ ତାହାର ତାଲିକା ଜାରି କରିଛନ୍ତି। ସେହିଭଳି ଫ୍ରାଞ୍ଚାଇଜ-ଫ୍ରାଞ୍ଚାଇଜ ମଧ୍ୟରେ ଖେଳାଳି ଅଦଳବଦଳ ନେଇ ଟ୍ରେଡ୍ ଡିଲ୍ ମଧ୍ୟ ହୋଇଛି। ଏହିକ୍ରମରେ ସବୁଠୁ ବଡ଼ ଅଦଳବଦଳ ହୋଇଛି ଚେନ୍ନାଇ ସୁପର୍ କିଙ୍ଗସ (ସିଏସ୍‌କେ) ଓ ରାଜସ୍ଥାନ ରୟାଲ୍ସ ମଧ୍ୟରେ। ପାଞ୍ଚଥରର ଚାମ୍ପିଅନ ଚେନ୍ନାଇ ସୁପର୍ କିଙ୍ଗସ ଏହାର ଶ୍ରେଷ୍ଠ ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜାଙ୍କୁ ନେଇ ରାଜସ୍ଥାନ ସହ ଟ୍ରେଡ୍ ଡିଲ୍ କରିଛି। ଜାଡେଜା ରାଜସ୍ଥାନକୁ ଯାଇଥିବାବେଳେ ରାଜସ୍ଥାନର ନିର୍ଭରଯୋଗ୍ୟ ବ୍ୟାଟର୍ ସଞ୍ଜୁ ସାମସନ ଚେନ୍ନଇ ଦଳରେ ସାମିଲ ହୋଇଛନ୍ତି। ସିଏସ୍‌କେର ବାସନ୍ଦ ୨ ବର୍ଷ (୨୦୧୬ ଓ ୨୦୧୭)କୁ ଛାଡ଼ି ଜାଡେଜା ୨୦୧୨ରୁ ଏହି ଫ୍ରାଞ୍ଚାଇଜ ପାଇଁ ଖେଳୁଛନ୍ତି। ତାଙ୍କର ମୂଲ୍ୟ ୧୪ କୋଟି ଟଙ୍କା ରହିଥିଲା। ଏଥିପୂର୍ବରୁ ଜାଡେଜା ଆଇପିଏଲ୍ ଆରମ୍ଭ ସମୟରେ ରାଜସ୍ଥାନ ଦଳର ସଦସ୍ୟ ଥିଲେ। 'ଏବେ ଜାଡେଜାଙ୍କ ଘର ବାହୁଡ଼ା ହୋଇଛି' ବୋଲି ରାଜସ୍ଥାନର ମାଲିକ ମନୋଜ ବଦଲେ କହିଛନ୍ତି। ଅପରପକ୍ଷରେ ମହେନ୍ଦ୍ର ସିଂ ଧୋନିଙ୍କଠାରୁ ସବୁଜ ସଙ୍କେତ ପାଇବା ପରେ ସିଏସ୍‌କେ ଜାଡେଜାଙ୍କୁ ଛାଡ଼ିଥିବା କୁହାଯାଉଛି। ଅପରପକ୍ଷରେ ଅନ୍ୟ ବଡ଼ ଡିଲ୍ ମଧ୍ୟରେ ସନରାଇଜର୍ସ ହାଇଦରାବାଦ୍‌ର ମହମ୍ମଦ ସାମି ଟ୍ରେଡ୍ ଡିଲ୍‌ରେ ଲକ୍ଷ୍ନୌ ସୁପର୍ ଜାଏଣ୍ଟ୍ସକୁ ଯାଇଛନ୍ତି। ସେହିଭଳି ସାମ୍ କୁରନ ଚେନ୍ନାଇରୁ ରାଜସ୍ଥାନକୁ, ନୀତୀଶ ରାଣା ରାଜସ୍ଥାନରୁ ଦିଲ୍ଲୀ କ୍ୟାପିଟାଲ୍ସକୁ, ଅର୍ଜୁନ ତେନ୍ଦୁଲକର ମୁମ୍ବାଇ ଇଣ୍ଡିଆନ୍ସରୁ ଲକ୍ଷ୍ନୌକୁ, ଶାର୍ଦ୍ଦୁଳ ଠାକୁର ଲକ୍ଷ୍ନୌରୁ ମୁମ୍ବାଇକୁ ଟ୍ରେଡ୍ ଡିଲରେ ଯାଇଛନ୍ତି।

ସେହିପରି ବିଭିନ୍ନ ଫ୍ରାଞ୍ଚାଇଜ ବଡ଼ ବଡ଼ ଖେଳାଳିଙ୍କୁ ଦଳରୁ ରିଲିଜ କରି ନିଲାମୀକୁ ଛାଡ଼ିଛନ୍ତି। ସେମାନଙ୍କ ମଧ୍ୟରେ ଦିଲ୍ଲୀ ଫାଫ୍ ଡୁ ପ୍ଲେସିସଙ୍କୁ, ବେଙ୍ଗାଲୁରୁ ମୟଙ୍କ ଅଗରୱାଲ, ଟିମ୍ ସେଇଫର୍ଟ, ଲିଆମ ଲିଭିଂଷ୍ଟୋନଙ୍କୁ, ପଞ୍ଜାବ ଗ୍ଲେନ ମ୍ୟାକ୍ସୱେଲ, ଜୋଶ୍ ଇଂଲିଶଙ୍କୁ, ଚେନ୍ନାଇ ରାଚିନ ରବୀନ୍ଦ୍ର, ଦୀପକ ହୁଡା, ବିଜୟ ଶଙ୍କର, ମହୀଷ ପଥିରାଣାଙ୍କୁ, ଗୁଜରାଟ ଦସୁନ ଶନକା, ଗେରାଲ୍ଡ କୋର୍ଜିଙ୍କୁ, କୋଲକାତା ଆନ୍ଦ୍ରେ ରସେଲ, ଭେଙ୍କଟେଶ ଆୟର, କ୍ୱିଣ୍ଟନ ଡି କକ୍, ମୋଇନ ଅଲିଙ୍କୁ, ଲକ୍ଷ୍ନୌ ଡେଭିଡ୍ ମିଲର, ଆକାଶ ଦୀପ୍, ରବି ବିଷ୍ଣୋଇଙ୍କୁ, ମୁମ୍ବାଇ ରିସି ଟୋପଲୀ, କର୍ନ ଶର୍ମା, ମୁଜିବ ଉର୍ ରେହମାନ, ରାଜସ୍ଥାନ ୱାନିନ୍ଦୁ ହାସରଙ୍ଗା, ମହୀଷ ଥିକସାନା ଏବଂ ହାଇଦରାବାଦ୍ ଆଦାମ ଜାମ୍ପା, ରାହୁଲ ଚହର, ୱିଆନ ମଲ୍ଡର ପ୍ରମୁଖଙ୍କୁ ଦଳରୁ ରିଲିଜ ଅର୍ଥାତ୍ ବାହାର କରିଛି।

### ରିଲିଜ୍ ହେଲେ ମ୍ୟାକ୍ସୱେଲ ଓ ରସେଲ୍



# ଷ୍ଟେଟ୍-ଏ ଟ୍ରଫି: ଓଡ଼ିଶାର ୩ୟ ବିଜୟ

ଭୁବନେଶ୍ୱର, ୧୫ ।୧୧ (ସମିସ): ଭଦୋଦରାରେ ବିସିସିଆଇ ଆନୁକୂଲ୍ୟରେ ଚାଲିଥିବା ୨୩ ବର୍ଷରୁ କମ୍ ଷ୍ଟେଟ୍-ଏ ଟ୍ରଫି ଦିନିକିଆ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶା ୩ୟ ବିଜୟ ହାସଲ କରିଛି। ଶନିବାର ଖେଳାଯାଇଥିବା ମ୍ୟାଚରେ ଓଡ଼ିଶା ୩୭ ରନରେ ଗୁଜରାଟକୁ ପରାସ୍ତ କରିଛି। ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଓଡ଼ିଶା ଅଧିନାୟକ ଓମ୍ ଟି ମୁଣ୍ଡେ (୫୪) ଓ ଶ୍ରେୟାଂଶ ଭରଦ୍ୱାଜ (୫୩)ଙ୍କ ଅର୍ଦ୍ଧଶତକ ବଳରେ ୫୦ ଓଭରରେ ୯ ୱିକେଟ୍ ହରାଇ ୨୬୭ ରନ କରିଥିଲା। ଗୁଜରାଟର କୁଶନ ଶ୍ୟାମ ପଟେଲଙ୍କୁ ୩ଟି ୱିକେଟ୍ ମିଳିଥିଲା। ଜବାବରେ କୁଶନଙ୍କ ୬୦ ରନ ସତ୍ତ୍ୱେ ୪୭.୪ ଓଭରରେ ୨୩୦ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ବିଜୟୀ ଓଡ଼ିଶା ପକ୍ଷରୁ ଏମ୍‌ଡି ଡାନିସ ୩ ଓ ବିମଲ କୁମାର ୨ଟି ୱିକେଟ୍ ହାତେଇଥିଲେ। ଏଥିସହ ଓଡ଼ିଶା ୪ର୍ଥ ମ୍ୟାଚରୁ ୩ ବିଜୟ ସହ ୧୨ ପଏଣ୍ଟ ପାଇ ଏଲିଟ୍ ଗ୍ରୁପ୍-ବି'ରେ ମୁମ୍ବଇ (୧୬) ଓ ଆନ୍ଧ୍ର (୧୨) ପଛକୁ ରହିଛି।

## ଆଇକନିକ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍

### ୧୦ମ ରାଉଣ୍ଡ ଶେଷରେ ଶୀର୍ଷରେ ଗାର୍ଡିଆନ୍ସ

ଭୁବନେଶ୍ୱର, ୧୫ ।୧୧ (ସମିସ): ଏଠାରେ ଚାଲିଥିବା ଆଇକନିକ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍‌ରେ ଶନିବାର ଦ୍ୱିତୀୟ ଦିବସ ଶେଷ ସୁଦ୍ଧା ୧୦ ରାଉଣ୍ଡ ଖେଳ ଶେଷ ହୋଇଛି। ଏହି ସମୟରେ ଗୋଲକୁଣ୍ଡା ଗାର୍ଡିଆନ୍ସ ସର୍ବାଧିକ ୧୬ ପଏଣ୍ଟ ପାଇ ଟେବଲ୍ ଶୀର୍ଷରେ ରହିଛି। ସେହିଭଳି ବାରବାଟୀ ବ୍ୟାଟେଲର୍ସ ଓ ଭିକ୍ଟୋରିଆ ଭିକ୍ଟର୍ସ ୧୫ ପଏଣ୍ଟ ଲେଖାଏ ପାଇ ପରବର୍ତ୍ତୀ ଦୁଇଟି ସ୍ଥାନରେ ରହିଛନ୍ତି। ରାଜଧାନୀ ଚ୍ୟାଲେଞ୍ଜର୍ସ (୧୩) ଓ ଅମ୍ବର ଆଭେଞ୍ଜର୍ସ (୧୩) ଯଥାକ୍ରମେ ୪ର୍ଥ ଓ ୫ମ ସ୍ଥାନ ହାସଲ କରିଛନ୍ତି। ରବିବାର ଅନ୍ତିମ ତଥା ୧୧ତମ ରାଉଣ୍ଡ ଖେଳାଯିବ। ଏହାପରେ ନକ୍‌ଆଉଟ୍ ଅନୁଷ୍ଠିତ ହେବ ବୋଲି ଜଣାପଡ଼ିଛି।

## ଟେଷ୍ଟରେ ୪ ହଜାର ରନ ଓ ୩୦୦ ୱିକେଟ୍

# କପିଳଙ୍କ ପରେ ଜାଡେଜା ଦ୍ୱିତୀୟ ଭାରତୀୟ

କୋଲକାତା, ୧୫ ।୧୧ (ଏଜେନ୍ସି): ବିଶ୍ୱର ଏକ ନମ୍ବର ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜା ଚଳିତ କୋଲକାତା ଟେଷ୍ଟର ଦ୍ୱିତୀୟ ଦିବସରେ ଏକ ବିରଳ କ୍ଲବରେ ସାମିଲ ହୋଇଛନ୍ତି। ଟେଷ୍ଟ କ୍ରିକେଟ୍‌ରେ ୩୦୦ ୱିକେଟ୍ ଓ ୪ ହଜାର ରନ ସଂଗ୍ରହ ଭଳି ଏଲିଟ୍ କ୍ଲବରେ ଜାଡେଜା ସାମିଲ ହୋଇଛନ୍ତି। ପ୍ରଥମ ଇନିଂସରେ ୨୭ ରନର ଛୋଟିଆ ପାଳି ଖେଳିବା ସହ ଜାଡେଜା ଟେଷ୍ଟରେ ୪ ହଜାର ରନ ପୂରଣ କରିଛନ୍ତି। ଜାଡେଜା ବର୍ତ୍ତମାନ ସୁଦ୍ଧା ୮୮ଟି ଟେଷ୍ଟ ଖେଳି ୪୦୧୭ ରନ ସହ ୩୪୨ଟି ୱିକେଟ୍ ନିଜ ନାମରେ ଲିପିବଦ୍ଧ କରିଛନ୍ତି। ଏହି ସଫଳତା ପାଇବାରେ ସେ କପିଳ ଦେବଙ୍କ ପରେ ଦ୍ୱିତୀୟ ଭାରତୀୟ ଓ ଓଭରଅଲ୍ ବିଶ୍ୱର ୪ର୍ଥ କ୍ରିକେଟର୍।

**ଟେଷ୍ଟରେ ୪୦୦୦ ରନ ଓ ୩୦୦ ୱିକେଟ୍**

| ଖେଳାଳି | ମ୍ୟାଚ୍ | ରନ | ୱିକେଟ |
|---|---|---|---|
| କପିଳ ଦେବ | ୧୩୧ | ୫୨୪୮ | ୪୩୪ |
| ଇଆନ ବୋଥାମ | ୧୦୨ | ୫୨୦୦ | ୩୮୩ |
| ଡାନିଏଲ୍ ଭିଟ୍ଟୋରୀ | ୧୧୩ | ୪୫୩୧ | ୩୬୨ |
| ରବୀନ୍ଦ୍ର ଜାଡେଜା | ୮୮ | ୪୦୧୭ | ୩୪୨ |



# ଚିନ୍ତାରେ ଗିଲ୍‌ଙ୍କ ଆହତ ସମସ୍ୟା

କୋଲକାତା, ୧୫ ।୧୧ (ଏଜେନ୍ସି): ଭାରତୀୟ ଦଳର ଅଧିନାୟକ ଶୁବମନ ଗିଲ୍‌ଙ୍କ ଆହତ ସମସ୍ୟା ଏବେ ଟିମ୍ ମ୍ୟାନେଜମେଣ୍ଟ ପାଇଁ ଚିନ୍ତାର କାରଣ ପାଲଟିଛି। ଦକ୍ଷିଣ ଆଫ୍ରିକା ବିପକ୍ଷ ପ୍ରଥମ ଟେଷ୍ଟର ପ୍ରଥମ ଇନିଂସରେ ବ୍ୟାଟିଂ କରୁଥିବାବେଳେ ଗିଲ୍‌ଙ୍କ ବେକରେ ପ୍ରବଳ ଯନ୍ତ୍ରଣା ହୋଇଥିଲା। ଯେଉଁଥି ପାଇଁ ସେ ୪ ରନ କରି ରିଟାୟର୍ଡ ହର୍ଟ ନେଇଥିଲେ ଏବଂ ପରେ ଆଉ ଖେଳିବାକୁ ଆସି ନ ଥିଲେ। ତାଙ୍କୁ ପରବର୍ତ୍ତୀ ସମୟରେ ଆମ୍ବୁଲାନ୍ସରେ ହସ୍ପିଟାଲକୁ ନିଆଯାଇଥିବା ଜଣାପଡ଼ିଛି। ବିସିସିଆଇ ମେଡିକାଲ୍ ଟିମ୍ ଏବେ ତାଙ୍କ ଆହତ ସମସ୍ୟା ଉପରେ ତୀକ୍ଷ୍ଣ ନଜର ରଖିଛି। ସେ ଦ୍ୱିତୀୟ ଇନିଂସରେ ବ୍ୟାଟିଂ କରିବେ କି ନାହିଁ ତାହା ତାଙ୍କ ସୁସ୍ଥତା ଉପରେ ନିର୍ଭର କରେ ବୋଲି ବିସିସିଆଇ ପକ୍ଷରୁ କୁହାଯାଇଛି। ଅପରପକ୍ଷରେ ୩ଟି ଯାକ ଫର୍ମାଟ୍‌ରେ ଖେଳୁଥିବାରୁ ଗିଲ୍‌ଙ୍କ ଉପରେ କାର୍ଯ୍ୟଭାର ପଡ଼ି ଏଭଳି ଆହତ ସମସ୍ୟା ଉପୁଜିଥିବା ଅଭିଯୋଗକୁ ଭାରତୀୟ ଦଳର ବୋଲିଂ କୋଚ୍ ମର୍ନେ ମୋର୍କେଲ ଖଣ୍ଡନ କରିଛନ୍ତି।

## ରଣଜୀ ଟ୍ରଫି: ଆଜିଠୁ ନାଗାଲାଣ୍ଡ ବିପକ୍ଷ ଲଢ଼େଇ

# ୭ ବର୍ଷ ପରେ କିଟ୍‌ରେ ଖେଳିବ ଓଡ଼ିଶା

ଭୁବନେଶ୍ୱର, ୧୫ ।୧୧ (ସମିସ): ଚଳିତ ରଣଜୀ ଟ୍ରଫିର ୫ମ ରାଉଣ୍ଡ ମ୍ୟାଚ୍ ରବିବାରଠାରୁ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଆରମ୍ଭ ହେବାକୁ ଯାଉଛି। ଏହିକ୍ରମରେ ଏଲିଟ୍ ଗ୍ରୁପ୍-ଏ'ର ଏକ ମ୍ୟାଚରେ ଘରୋଇ ଓଡ଼ିଶା ଓ ନାଗାଲାଣ୍ଡ ସ୍ଥାନୀୟ କିଟ୍ କ୍ରିକେଟ୍ ଷ୍ଟାଡିୟମରେ ସାମ୍ନାସାମ୍ନି ହେବାକୁ ଯାଉଛନ୍ତି। ଚଳିତ ରଣଜୀ ସିଜନରେ ଏହି ଦୁଇ ଦଳ ଅତ୍ୟନ୍ତ ନୈରାଶ୍ୟଜନକ ପ୍ରଦର୍ଶନ କରିଛନ୍ତି। ବର୍ତ୍ତମାନ ସୁଦ୍ଧା ଉଭୟ ଦଳ ୪ଟି ଲେଖାଏ ମ୍ୟାଚ୍ ଖେଳି ସାରିଥିଲେ ମଧ୍ୟ ବିଜୟ ସ୍ୱାଦ ଚାଖିପାରି ନାହାନ୍ତି। ଓଡ଼ିଶା ଓ ନାଗାଲାଣ୍ଡ ୩ଟି ଲେଖାଏ ମ୍ୟାଚ୍ ହାରିଥିବାବେଳେ ଗୋଟିଏ ମୁକାବିଲା ଡ୍ର' ରଖି ୧ ପଏଣ୍ଟ ପାଇଛନ୍ତି। ତେଣୁ ଉଭୟ ଦଳ ନିକଟରେ ଏଠାରେ ବିଜୟ ଲାଗି ସୁବର୍ଣ୍ଣ ସୁଯୋଗ ରହିଛି। ସେହିଭଳି ଟେବଲ୍‌ର ସର୍ବନିମ୍ନ ସ୍ଥାନ ଲାଗି ଏଠାରେ ଓଡ଼ିଶା ଓ ନାଗାଲାଣ୍ଡ ମଧ୍ୟରେ ଲଢ଼େଇ ହେବ। ପରାଜିତ କିମ୍ବା ପ୍ରଥମ ପାଳିରେ ପଛୁଆ ରହିଥିବା ଦଳ ଗ୍ରୁପ୍-ଏ'ର ସର୍ବନିମ୍ନ ୮ମ ସ୍ଥାନରେ ରହିବ। ଓଡ଼ିଶା-ନାଗାଲାଣ୍ଡ ମ୍ୟାଚ୍ ସହ ଦୀର୍ଘ ୫ ବର୍ଷ ପରେ କିଟ୍‌କୁ ରଣଜୀ ଟ୍ରଫି ମ୍ୟାଚ୍ ଫେରିଛି। ଶେଷଥର ଲାଗି ୧୯ ଜାନୁଆରୀ ୨୦୨୦ରେ ମିଜୋରାମ ଓ ସିକ୍କିମ ମଧ୍ୟରେ ଏଠାରେ ଏକ ରଣଜୀ ମ୍ୟାଚ୍ ଖେଳାଯାଇଥିଲା। ତେବେ ଓଡ଼ିଶା ୭ ବର୍ଷର ବ୍ୟବଧାନ ପରେ ଏଠାରେ ଖେଳିବ। ଶେଷଥର ଲାଗି ୨୦୧୮-୧୯ ସିଜନ (୧୪ ଡିସେମ୍ବର ୨୦୧୮)ରେ ଓଡ଼ିଶା ଏହି ଗ୍ରାଉଣ୍ଡରେ ରାଜସ୍ଥାନ ବିପକ୍ଷରେ ରଣଜୀ ଟ୍ରଫି ମ୍ୟାଚ୍ ଖେଳିଥିଲା। କିଟ୍ ଗ୍ରାଉଣ୍ଡରେ ଏହା ୧୩ତମ ରଣଜୀ ଟ୍ରଫି ମ୍ୟାଚ୍ ହେବାକୁ ଯାଉଛି।



ଫଟୋ: ସାମନ୍ତରାୟ

### ଚର୍ଚ୍ଚାରେ ଦେବାଶିଷ

ଏହି ମ୍ୟାଚରେ ସବୁଠୁ ଅଧିକ ରହିଛନ୍ତି ଚର୍ଚ୍ଚାରେ ଦେବାଶିଷ ମହାନ୍ତି। ଓଡ଼ିଶାର ପ୍ରଥମ ଅନ୍ତର୍ଜାତୀୟ କ୍ରିକେଟର୍ ଦେବାଶିଷ ଚଳିତ ରଣଜୀ ସିଜନରେ ନାଗାଲାଣ୍ଡ ଦଳର ମୁଖ୍ୟ ପ୍ରଶିକ୍ଷକ ଭୂମିକା ନିଭାଉଛନ୍ତି। ତାଙ୍କ ତତ୍ତ୍ୱାବଧାନରେ ନାଗାଲାଣ୍ଡ ଶକ୍ତିଶାଳୀ ତାମିଲନାଡୁକୁ କଡା ଟକ୍କର ଦେଇ ମ୍ୟାଚ୍ ଡ୍ର ରଖିଥିଲା। ପୂର୍ବରୁ ରାଜ୍ୟ ଦଳର ପ୍ରଶିକ୍ଷକ ଦାୟିତ୍ୱ ତୁଲାଇଥିବାରୁ ଦେବାଶିଷ ଓଡ଼ିଶାର ଖେଳାଳିଙ୍କ ଦୋଷ ଦୁର୍ବଳତା ବିଷୟରେ ବେଶ୍ ଭଲ ଭାବରେ ପରିଚିତ। ତେଣୁ ସେ କିଭଳି ରଣନୀତି ଆପଣାଉଛନ୍ତି ତାହା ଉପରେ ସମସ୍ତଙ୍କ ନଜର ରହିଛି।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS